# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

PANIKOILI | ◆VOLUME- 43 ◆ISSUE-97 ◆TUESDAY ◆30 SEPTEMBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୯୭ ◆ମଙ୍ଗଳବାର ◆୩୦ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




ଯାଜପୁର ଜିଲ୍ଲା ବିଞ୍ଝାରପୁର ଅଞ୍ଚଳରେ ମା'ଙ୍କ ଆବାହନ

### ୨୦୨୮ ସୁଦ୍ଧା ସମ୍ପୂର୍ଣ୍ଣ ଲାଗୁ ହେବ ୮ମ ବେତନ ଆୟୋଗ

# ମୂଳ ଦରମା ୧୮ରୁ ୪୪ ହଜାର ହେବ

■ **ନୂଆଦିଲ୍ଲୀ, ୨୯।୯ (ଏଜେନ୍ସି):** ୨୦୨୬ ଜାନୁଆରୀରୁ ଲାଗୁ ହୋଇପାରେ ଅଷ୍ଟମ ବେତନ ଆୟୋଗର ସୁପାରିସ। ତେବେ ଏଥିପାଇଁ ୨୦୨୮ ପର୍ଯ୍ୟନ୍ତ ଅପେକ୍ଷା କରିବାକୁ ପଡ଼ିବ। ତେବେ ସରକାରୀ ଭାବେ ଏପର୍ଯ୍ୟନ୍ତ କିଛି କୁହାଯାଇ ନାହିଁ। କେନ୍ଦ୍ର କ୍ୟାବିନେଟ ଏହାକୁ ଚଳିତବର୍ଷ ଜାନୁଆରୀରେ ମଞ୍ଜୁରୀ ଦେଇଥିଲା। କିନ୍ତୁ ବର୍ତ୍ତମାନ ପର୍ଯ୍ୟନ୍ତ ଏ ସମ୍ପର୍କରେ ନା କୌଣସି ସରକାରୀ ବିଜ୍ଞପ୍ତି ଜାରି କରାଯାଇଛି, ନା ଏହାର ସନ୍ଦର୍ଭ ସର୍ତ୍ତାବଳୀ ଚୂଡ଼ାନ୍ତ ହୋଇଛି। ଏମିତିକି ୮ମ ବେତନ ଆୟୋଗରେ ନିଯୁକ୍ତ ହେବାକୁ ଥିବା ସଦସ୍ୟଙ୍କ ତାଲିକା ମଧ୍ୟ ଏ ପର୍ଯ୍ୟନ୍ତ ପ୍ରକାଶ ପାଇନାହିଁ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ତେନ କମିସନ ସୁପାରିସ କାର୍ଯ୍ୟକାରୀ ହେଲେ କର୍ମଚାରୀମାନେ ଦୁଇ ବର୍ଷର ବକେୟା ପାଇବେ। ନୂତନ ବେତନ କମିସନ ସୁପାରିସ କାର୍ଯ୍ୟକାରୀ ହେବା ଦ୍ୱାରା ୫୦ ଲକ୍ଷରୁ ଅଧିକ କେନ୍ଦ୍ର ସରକାରୀ କର୍ମଚାରୀ ଏବଂ ପ୍ରାୟ ୬.୫ଲକ୍ଷ ପେନସନଭୋଗୀ ଉପକୃତ ହେବେ। ଏହାସହିତ ଲେବଲ-୧ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ମୂଳ ଦରମା ୧୮,୦୦୦ ରୁ ୪୪,୦୦୦ ଟଙ୍କାକୁ ବୃଦ୍ଧି ପାଇପାରେ। ଏଥିରେ ଆୟୋଗ ୨.୪୬ ର ଫିଟମେଣ୍ଟ ଫ୍ୟାକ୍ଟର ଲାଗୁ କରିପାରନ୍ତି।



୮ମ ବେତନ ଆୟୋଗ ଅନୁଯାୟୀ ଧାର୍ଯ୍ୟ ମୂଳ ଦରମା ଫିଟ୍‌ମେଣ୍ଟ ଫ୍ୟାକ୍ଟର ଏବଂ ଡିଏ ମିଶ୍ରଣ ଉପରେ ନିର୍ଭର କରେ। ୭ମ ବେତନ ଆୟୋଗରେ ଫିଟମେଣ୍ଟ ଫ୍ୟାକ୍ଟର ୨.୫୭ ଥିଲା। ୮ମରେ ଏହା ୨.୪୬ ହୋଇପାରେ। ପ୍ରତ୍ୟେକ ବେତନ ଆୟୋଗରେ ଡିଏ ଶୂନ୍ୟରୁ ଆରମ୍ଭ ହୁଏ। କାରଣ ନୂଆ ମୂଳ ଦରମା ପୂର୍ବରୁ ହିଁ ମୁଦ୍ରାସ୍ଫୀତିକୁ ନଜରରେ ରଖି ପ୍ରସ୍ତୁତ କରାଯାଇଥାଏ। ଏହାପରେ ଡିଏ ଧୀରେ ଧୀରେ ପୁଣି ▶ପୃଷ୍ଠା-୭

## ଆଜି ସୃଷ୍ଟିହେବ ଘୂର୍ଣ୍ଣିବଳୟ

■ **ଭୁବନେଶ୍ୱର, ୨୯।୯ (ସମିସ):** ମଙ୍ଗଳବାର ଉତ୍ତର ଆଣ୍ଡାମାନସାଗର ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ। ଦକ୍ଷିଣ ଚାଇନା ସାଗରରୁ ଏହା ଆଣ୍ଡାମାନ ସାଗରକୁ ପ୍ରବେଶ କରିବ। ଏହା ପ୍ରଭାବରେ ଉତ୍ତର ପାର୍ଶ୍ୱବର୍ତ୍ତୀ କେନ୍ଦ୍ରୀୟ ବଙ୍ଗୋପସାଗର ଅଞ୍ଚଳରେ ୧ତାରିଖ ବେଳକୁ ଏକ ନୂତନ ଲଘୁଚାପ ସୃଷ୍ଟି ହେବ। ଏହାଦ୍ୱାରା ରାଜ୍ୟର ବିଭିନ୍ନ ସ୍ଥାନରେ ପୁଣି ବର୍ଷାର ପରିମାଣ ବଢ଼ିପାରେ। ମଙ୍ଗଳବାର ଅର୍ଥାତ୍ ଅଷ୍ଟମୀରେ ଉପକୂଳବର୍ତ୍ତୀ ଜିଲ୍ଲାର କିଛି ସ୍ଥାନରେ ବର୍ଷା ହେବାକୁ ଥିବା ବେଳେ ନବମୀ ଓ ଦଶମୀ ବର୍ଷା ଯୋଗୁଁ ଅନେକ ସ୍ଥାନରେ ପ୍ରଭାବିତ ହେବାର ଆଶଙ୍କା ରହିଛି।

**ଆସନ୍ତାକାଲି ୨୦ ଜିଲ୍ଲାକୁ ବର୍ଷା ସତର୍କତା ଜାରି**

**ଅକ୍ଟୋବର ୧ରେ ଆସୁଛି ଆଉ ଏକ ଲଘୁଚାପ**

**୩ ତାରିଖ ପର୍ଯ୍ୟନ୍ତ ମତ୍ସ୍ୟଜୀବୀଙ୍କୁ ସମୁଦ୍ର ମଧ୍ୟକୁ ଯିବା ମନା**

ପାଣିପାଗ କେନ୍ଦ୍ରର ସୂଚନାନୁଯାୟୀ, ମଙ୍ଗଳବାର ଗଜପତି, ଗଞ୍ଜାମ, ମାଲକାନଗିରି, କୋରାପୁଟ, ▶ପୃଷ୍ଠା-୭

### ରାଜ୍ୟ କ୍ୟାବିନେଟରେ ୪ ପ୍ରସ୍ତାବକୁ ମୋହର

# ଦିନକୁ ୧୦ ଘଣ୍ଟା କାମ କରିବେ ଘରୋଇ କର୍ମଚାରୀ

■ **ଭୁବନେଶ୍ୱର,୨୯।୯(ସମିସ):** ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ୪ଟି ପ୍ରସ୍ତାବ ଉପରେ ଲାଗିଛି ମୋହର। କ୍ୟାବିନେଟ୍ ବୈଠକ ପରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଏ ସମ୍ପର୍କରେ ସୂଚନା ଦେଇଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଶା ଦୋକାନ ଓ ବାଣିଜ୍ୟିକ ପ୍ରତିଷ୍ଠାନ ଆଇନ,୧୯୫୬ ଓ କାରଖାନା ଆଇନ ୧୯୪୮ରେ କେତେକ ସଂଶୋଧନ ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ କରିଛି। ସଂଶୋଧିତ ନିୟମ ଅନୁସାରେ ୨୦ କିମ୍ବା ତହିଁରୁ କର୍ମଚାରୀଙ୍କୁ ନିୟୋଜିତ କରିଥିବା ଦୋକାନ ଓ ବାଣିଜ୍ୟିକ ପ୍ରତିଷ୍ଠାନରେ କର୍ମଚାରୀଙ୍କ ଦୈନିକ କାର୍ଯ୍ୟନିର୍ଘଣ୍ଟ ୧୦ ଘଣ୍ଟାକୁ ବୃଦ୍ଧି କରାଯାଇଛି। କୌଣସି ପ୍ରତିଷ୍ଠାନରେ କର୍ମଚାରୀଙ୍କ କାର୍ଯ୍ୟପାଳି ଅତି କମରେ ଅଧଘଣ୍ଟାର ବ୍ୟବଧାନ ବିନା ନିରନ୍ତର ୬ ଘଣ୍ଟାରୁ ଅଧିକ ହେବନାହିଁ। ତିନିମାସରେ ଓଭର ଟାଇମ କାର୍ଯ୍ୟସୀମା ୧୪୪ ଘଣ୍ଟାକୁ ବୃଦ୍ଧି ପାଇଥିବା ବେଳେ କୌଣସି ପ୍ରତିଷ୍ଠାନରେ ଜଣେ କର୍ମଚାରୀ କୌଣସି ଦିନରେ ୧୦ ଘଣ୍ଟାରୁ ଅଧିକ କିମ୍ବା କୌଣସି ସପ୍ତାହରେ ୪୮ ଘଣ୍ଟାରୁ ଅଧିକ କାର୍ଯ୍ୟ କଲେ ସେ ଓଭରଟାଇମ କାର୍ଯ୍ୟ ବାବଦକୁ ସାଧାରଣ ମଜୁରି ହାରର ଦ୍ୱିଗୁଣିତ ମଜୁରି ପାଇବାକୁ ହକଦାର ହେବେ। ପ୍ରତିଷ୍ଠାନ ଗୁଡିକ ଦିନରାତି ୨୪ ଘଣ୍ଟା ଏବଂ ବର୍ଷକୁ ୩୬୫ ଦିନ ଖୋଲା ରହି ପାରିବ। ସେହିପରି ଭାବେ ରାତିରେ ମହିଳା କର୍ମଚାରୀଙ୍କ କାର୍ଯ୍ୟ ଉପରେ ପ୍ରତିବନ୍ଧକ ହଟିବ। ମହିଳା କର୍ମଚାରୀମାନଙ୍କୁ ସେମାନଙ୍କ ଲିଖିତ ସମ୍ମତିରେ ଏବଂ ରାଜ୍ୟ ସରକାରଙ୍କ ଦ୍ୱାରା ଅଧିସୂଚିତ ସର୍ତ୍ତାବଳୀ ଅନୁଯାୟୀ ରାତ୍ରିରେ ▶ପୃଷ୍ଠା-୭

**ଲିଖିତ ସମ୍ମତି ଦେଇ ରାତିରେ କାମ କରିପାରିବେ ମହିଳା କର୍ମଚାରୀ**

**ପ୍ରତି ପଞ୍ଚାୟତରେ ଗୋଟିଏ ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ**

**୨୨୦୦ ଆଦର୍ଶ ବିଦ୍ୟାଳୟ ଲାଗି ୧୨,୦୦୦ କୋଟିର ବ୍ୟୟବରାଦ**

# ଶିରୀଶ ମୁର୍ମୁ ଆର୍‌ବିଆଇର ଡେପୁଟୀ ଗଭର୍ଣ୍ଣର ନିଯୁକ୍ତ

■ **ଭୁବନେଶ୍ୱର / ବାରିପଦା, ୨୯।୯ (ସମିସ):** ମୟୂରଭଞ୍ଜ ବେତନଟୀ ମାଟିର ସୁଯୋଗ୍ୟ ସନ୍ତାନ ତଥା ଭାରତର ପୂର୍ବତନ ସିଏଜି ଏବଂ ଜମ୍ମୁ-କଶ୍ମୀରର ପ୍ରଥମ ଲେଫ୍ଟନାଣ୍ଟ ଗଭର୍ଣ୍ଣର ଗିରୀଶ ଚନ୍ଦ୍ର ମୁର୍ମୁଙ୍କ ସାନଭାଇ ଶିରୀଶ ଚନ୍ଦ୍ର ମୁର୍ମୁଙ୍କୁ କେନ୍ଦ୍ର ସରକାର ରିଜର୍ଭ ବ୍ୟାଙ୍କର ଡେପୁଟୀ ଗଭର୍ଣ୍ଣର ଭାରେ ନିଯୁକ୍ତି ଦେଇଛନ୍ତି। ବର୍ତ୍ତମାନ ରିଜର୍ଭ ବ୍ୟାଙ୍କର ଡେପୁଟୀ ଗଭର୍ଣ୍ଣର ଥିବା ନାଗେଶ୍ୱର ରାଓ ଆସନ୍ତା ୮ ତାରିଖରେ ଅବସର ନେଉଥିବା ବେଳେ ୯ ତାରିଖରୁ ଶିରୀଶ ଚନ୍ଦ୍ର ମୁର୍ମୁ ତାଙ୍କ ସ୍ଥାନରେ ଯୋଗଦେବେ। ସେ ଆର୍‌ବିଆଇର ଡେପୁଟୀ ଗଭର୍ଣ୍ଣର ଭାବେ ଆସନ୍ତା ୩ବର୍ଷ ପାଇଁ ଦାୟିତ୍ୱ ସମ୍ପାଦନ କରିବେ।



୧୯୮୩ ମସିହାରେ ସୁନ୍ଦରଗଡ଼ ଜିଲ୍ଲା ରାଉରକେଲା ଉପକଣ୍ଠ ଗଣ୍ଡମୁଣ୍ଡାରୁ ମାଟ୍ରିକ ପାସ କରିଥିବା ଶିରୀଶ ବାରିପଦା ଏମପିସି କଲେଜରୁ ଯୁକ୍ତ ଦୁଇ ପରୀକ୍ଷାରେ ଉତ୍ତୀର୍ଣ୍ଣ ହେବାପରେ ନୂଆଦିଲ୍ଲୀସ୍ଥିତ ଜେଏନୟୁରୁ ସ୍ନାତକ ଓ ସ୍ନାତକୋତ୍ତରରେ ▶ପୃଷ୍ଠା-୭







## ପୂର୍ବତନ ଚୀନ୍ କୃଷିମନ୍ତ୍ରୀଙ୍କୁ ମୃତ୍ୟୁଦଣ୍ଡ

ବେଜିଂ, ୨୯।୯(ଏଜେନ୍ସି): ଚୀନ୍‌ର ଜଣେ ପୂର୍ବତନ କୃଷିମନ୍ତ୍ରୀ ତାଙ୍ଗ ରେଜ ଜିଆନ୍‌ଙ୍କୁ ରବିବାର ଦୁର୍ନୀତି ଅଭିଯୋଗରେ ମୃତ୍ୟୁ ଦଣ୍ଡରେ ଦଣ୍ଡିତ କରାଯାଇଛି । ଚୀନର ସରକାରୀ ଏଜେନ୍ସି ଶିହୁଆ ଅନୁସାରେ, ତାଙ୍ଗ୍ ୨୦୦୭ରୁ ୨୦୨୪ ପର୍ଯ୍ୟନ୍ତ ଭିନ୍ନ ଭିନ୍ନ ପଦରେ ରହି ୩୧୭.୩ କୋଟି ଟଙ୍କାରୁ ଅଧିକ ଅର୍ଥ ଲାଞ୍ଚ୍ ନେଇଥିଲେ । ଚୀନ୍‌ର ପୂର୍ବରେ ଥିବା ଜିଲୀନ ପ୍ରଦେଶର ଚାଙ୍ଗଜୁନ୍‌ର ପିପୁଲ୍ସ କୋର୍ଟ ଏହି ଦଣ୍ଡାଦେଶ ଜାରି କରିଛି । ତେବେ ତାଙ୍କୁ ଦୁଇବର୍ଷ ଜେଲରେ ରଖାଯିବା ପରେ ତାଙ୍କୁ ଫାସୀ ଦିଆଯିବ ବୋଲି କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । ଏଥିସହ ତାଙ୍କୁ ସବୁ ପ୍ରକାର ରାଜନୈତିକ ଅଧିକାରରୁ ବଞ୍ଚିତ କରାଯାଇଛି । ଲାଞ୍ଚ ନେଇ ତାଙ୍ଗ୍ ଦେଶ ଓ ତା'ର ନାଗରିକଙ୍କ ସ୍ୱାର୍ଥକୁ ଗମ୍ଭୀର ଭାବେ କ୍ଷତିଗ୍ରସ୍ତ କରିଛନ୍ତି । ତେଣୁ ସେ ମୃତ୍ୟୁଦଣ୍ଡର ହକ୍‌ଦାର ବୋଲି କୋର୍ଟ ତରଫରୁ କୁହାଯାଇଛି । ତାଙ୍ଗ ମଧ୍ୟ ନିଜ ଦୋଷ ସ୍ୱୀକାର କରିବା ସହ ପଶ୍ଚାତାପ କରିଛନ୍ତି ବୋଲି କୋର୍ଟଙ୍କ ତରଫରୁ କୁହାଯାଇଛି ।

## ଦଳାଚକଟା ମୃତ୍ୟୁସଂଖ୍ୟା ୪୧କୁ ବୃଦ୍ଧି

କରୁର, ୨୯।୯(ଏଜେନ୍ସି): ତାମିଲ ଅଭିନେତା ବିଜୟଙ୍କ ପାର୍ଟି ରାଲିରେ ହୋଇଥିବା ଦଳଚକଟା ମାମଲାରେ ମୃତ୍ୟୁ ସଂଖ୍ୟା ୪୧ରେ ପହଞ୍ଚିଛି । ବିଜୟଙ୍କ ରାଜନୈତିକ ପାର୍ଟି ତାମିଲଗା ବେଟ୍ରି କାଝଗମ (ଟିଭିକେ)ର ରାଲି କରୁରରେ ଆୟୋଜିତ ହୋଇଥିଲା । ମୃତକଙ୍କ ମଧ୍ୟରେ ୧୭ ମହିଳା ଓ ୯ ପିଲା ସାମିଲ ଥିଲେ । ଟିଭିକେ ପାର୍ଟି ଏବେ ଘଟଣା ପାଇ ସିବିଆଇ ତଦନ୍ତ ଦାବି କରିଛି । ଇତିମଧ୍ୟରେ ବିଜୟଙ୍କୁ ବୋମା ମାଡ଼ କରି ଉଡାଇଦେବାକୁ ଧମକ ଦିଆଯାଇଛି । ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ମେଣ୍ଟର ଏକ ପ୍ରତିନିଧି ଦଳ ଘଟଣା ସ୍ଥଳକୁ ଯିବ ବୋଲି ଘୋଷଣା କରାଯାଇଛି । ଏହି ମାମଲରେ ଦାଏର ହୋଇଥିବା ଏଫ୍‌ଆଇଆରରେ ବିଜୟଙ୍କୁ ହିଁ ଦାୟୀ କରାଯାଇଛି । କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ କରୁର ଗସ୍ତ କରି ଦଳାଚକଟା ଘଟଣାକୁ ବିଚଳିତ କଲା ଭଳି କହିଛନ୍ତି । ସେ ପୀଡିତଙ୍କ ପରିବାରର ଲୋକଙ୍କୁ ମଧ୍ୟ ଭେଟିଥିଲେ ।

## ୟୁକ୍ରେନ ଉପରେ ୬୦୦ ଡ୍ରୋନ୍, ମିସାଇଲ ମାଡ଼

କିଭ୍, ୨୯।୯(ଏଜେନ୍ସି): ରୁଷ- ୟୁକ୍ରେନ ମଧ୍ୟରେ ଚାଲିଥିବା ଯୁଦ୍ଧ ୩ ବର୍ଷ ପୂରଣ କରବାକୁ ଯାଉଥିଲେ ମଧ୍ୟ ଏହା ଥମିବାର ନାମ ନେଉନାହିଁ । ରବିବାର ରୁଷ୍ ପୁଣିଥରେ ୟୁକ୍ରେନ ଉପରେ ବଡ଼ ଧରଣର ଆକ୍ରମଣ କରିଛି । ରାଜଧାନୀ କିଭ୍ ସମେତ ଏକାଧିକ ସହର ଏହି ଆକ୍ରମଣରେ କ୍ଷତିଗ୍ରସ୍ତ ହୋଇଛି । କିଭ୍‌ରେ ଅତିକମ୍‌ରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୧୨ରୁ ଊର୍ଦ୍ଧ୍ୱ ଲୋକ ଆହତ ହୋଇଛନ୍ତି । ଏହି ଆକ୍ରମଣ ବର୍ବରତାର ସୀମା ପାର କରିଛି ବୋଲି ୟୁକ୍ରେନ ରାଷ୍ଟ୍ରପତି ଭୋଲୋଡିମିର ଜେଲେଁସ୍କି କହିଛନ୍ତି । କ୍ରମାଗତ ୧୨ ଘଣ୍ଟା ଧରି ରୁଷ୍ ମିସାଇଲ୍ ଓ ଡ୍ରୋନ ମାଡ଼ ଜାରି ରଖିଥିଲା ।

## ବାଂଲାଦେଶରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ; ହିଂସାରେ ୩ ମୃତ

ଚିଟାଗଙ୍ଗ୍, ୨୯।୯(ଏଜେନ୍ସି): ବାଂଲାଦେଶରେ ଅଳ୍ପସଂଖ୍ୟାକ ହିନ୍ଦୁଙ୍କ ଉପରେ ଚାଲିଥିବା ଅତ୍ୟାଚାର ଥମିବାର ନା ନେଉନାହିଁ । ଚିଟାଗଙ୍ଗ୍ ହିଲ୍ସରେ ଦୁର୍ଗା ପୂଜା ଚାଲିଥିବା ପୁଣି ଏକ ହିଂସା ଆରମ୍ଭ ହୋଇଛି । ଖଗଡ଼ଚରୀ ଜିଲ୍ଲାରେ ଜଣେ ଆଦିବାସୀ ସ୍କୁଲ ଛାତ୍ରୀ ଗଣଦୁଷ୍କର୍ମ ଶିକାର ହେବା ପରେ ହିଂସା ସୃଷ୍ଟି ହୋଇଛି । ଗଣ ଦୁଷ୍କର୍ମ ବିରୋଧରେ 'ଜୁମା ଷ୍ଟୁଡେଣ୍ଟ ଜନତା' ବ୍ୟାନର ତଳେ ଏହି ବିରୋଧ ପ୍ରଦର୍ଶନ ଉଗ୍ରରୂପ ନେଇଥିଲା । ରବିବାର ଅପରାହ୍ଣ ୧ଟାରେ ଗୁଇମାରା କ୍ଷେତ୍ରରେ ରାମେସୁ ବଜାର ନିକଟରେ ପ୍ରଦର୍ଶନକାରୀ ଓ ସୁରକ୍ଷାବଳ ମଧ୍ୟରେ ସଂଘର୍ଷ ହୋଇଥିଲା । ସୁରକ୍ଷାବଳ ଗୁଳିରେ ୩ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୧୦ରୁ ଊର୍ଦ୍ଧ୍ୱ ଆହତ ହୋଇଛନ୍ତି । କେତେକ ବିକ୍ଷୋଭକାରୀ ବଜାରରେ ନିଆଁ ଲଗାଇ ଦେଇଥିଲେ । ଫଳରେ କେତୋଟି ଦୋକାନ ଜଳି ଯାଇଥିଲା ଓ ଆଖପାଖ ଘର କ୍ଷତିଗ୍ରସ୍ତ ହୋଇଥିଲା ।

## ୨୧ ମହଲାରୁ ଡେଇଁ ଶିକ୍ଷାନବୀଶ ଡାକ୍ତରଙ୍କ ଆତ୍ମହତ୍ୟା

ନୋଏଡ଼ା, ୨୯।୯(ଏଜେନ୍ସି): ଉତ୍ତରପ୍ରଦେଶର ନୋଏଡ଼ାରେ ଜଣେ ଟ୍ରେନୀ ଡାକ୍ତର ୨୧ ମହଲା ଉପରୁ ଡେଇଁ ଆତ୍ମହତ୍ୟା କରିଛନ୍ତି । ଏହି ଡାକ୍ତର ଛାତ୍ର ଜଣକ ହେଉଛନ୍ତି ମଥୁରାରେ ରହୁଥିବା ୨୯ ବର୍ଷୀୟ ଶିବ । ସେ ମାତାପିତାଙ୍କ ସହ ଗୌର ସିଟି-୨ ସ୍ଥିତ ନିଜ ଭଉଣୀଙ୍କ ଘରକୁ ଆସିଥିଲେ । ସୋମବାର ଅପରାହ୍ଣରେ ସେ ବାଲକୋନୀକୁ ଆସି ୨୧ ମହଲା ଉପରେ ଡେଇଁ ପଡ଼ିଥିଲେ । ସୂଚନା ପାଇ ପୁଲିସ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ଶିବଙ୍କୁ ହସ୍ପିଟାଲ ନେଇଥିଲା । କିନ୍ତୁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ଫ୍ଲାଟ୍‌ରେ କୌଣସି ସୁସାଇଡ ନୋଟ୍ ମିଳିନାହିଁ । ଶିବ ଦିଲ୍ଲୀର ଏକ ଘରୋଇ ମେଡିକାଲ କଲେଜର ୨୦୧୫ ବ୍ୟାଚ୍‌ର ମେଡିକାଲ ଛାତ୍ର । ସେ ୨୦୨୦ରେ କୋଭିଡ୍-୧୯ ମହାମାରୀର ପ୍ରକୋପ ଜାରି ରହିଥିବା ବେଳେ ତାଙ୍କର ମାନସିକ ସ୍ୱାସ୍ଥ୍ୟ ବିଗିଡ଼ି ଯାଇଥିଲା ଓ ସେ ମେଡିକାଲ ଟ୍ରେନିଂକୁ ସ୍ଥଗିତ ରଖିଥିଲେ । ଫଳରେ ସେ ଅବସାଦର ଶିକାର ହୋଇ ମାନସିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲେ ।

## ପତ୍ନୀକୁ ହତ୍ୟା କରି ଆତ୍ମହତ୍ୟା

ବେଙ୍ଗାଲୁରୁ, ୨୯।୯(ଏଜେନ୍ସି): ନିଜ ପତ୍ନୀଙ୍କୁ ହତ୍ୟା କରି ଦୁବାଇରୁ ଫେରିଥିବା ଜଣେ ସ୍ୱାମୀ ଆତ୍ମହତ୍ୟା କରିବାର ଘଟଣା ସାମ୍ନାକୁ ଆସିଛି । ୩୦ ବର୍ଷୀୟ ଧର୍ମଶିଲମ ଦୁବାଇରେ ରାଜମିସ୍ତ୍ରୀ ଭାବେ କାର୍ଯ୍ୟ କରୁଥିଲେ । ତାଙ୍କ ୨୭ ବର୍ଷୀୟା ପତ୍ନୀ ମଞ୍ଜୁ ବେଙ୍ଗାଲୁରୁରେ ଏକ ଘରୋଇ ହସ୍ପିଟାଲରେ ନର୍ସ ଭାବେ କାର୍ଯ୍ୟ କରୁଥିଲେ । ୨୦୨୨ରେ ଦୁହେଁ ବିବାହ କରିଥିଲେ ମଧ୍ୟ ସେମାନଙ୍କର କୌଣସି ସନ୍ତାନ ନଥିଲା । ପିତା ପେରିୟାସ୍ୱାମୀ ମଞ୍ଜୁ ଓ ଜ୍ୱାଇଁଙ୍କ ସହ ବେଙ୍ଗାଲୁରୁର ଭଡ଼ା ଘରେ ରହୁଥିଲେ । ରବିବାର ପେରିୟାସ୍ୱାମୀ ଘରକୁ ଫେରିବା ପରେ ରାତି ୯.୩୦ରେ ଝିଅ ଓ ଜ୍ୱାଇଁଙ୍କୁ ମୃତ ଅବସ୍ଥାରେ ଦେଖିଥିଲେ । ମଞ୍ଜୁଙ୍କ ଦେହରେ ଛୁରାମାଡ଼ର କ୍ଷତ ଚିହ୍ନ ସେ ଦେଖିବାକୁ ପାଇଥିଲେ । ସେହିପରି ଜ୍ୱାଇଁ ଧର୍ମଶିଲମ ସିଲିଂ ଫ୍ୟାନ୍‌ରୁ ଫାସୀରେ ଝୁଲୁଥିବାର ସେ ଦେଖିବାକୁ ପାଇଥିଲେ ।

# ପିଓକେରେ ସରକାରବିରୋଧୀ ବିକ୍ଷୋଭ: ୨ ମୃତ



ଇସଲାମାବାଦ୍, ୨୯।୯(ଏଜେନ୍ସି): ଶାହବାଜ ସରିଫ୍ ସରକାରଙ୍କ ବିରୋଧରେ ପାକିସ୍ତାନ ଅଧିକୃତ କଶ୍ମୀର (ପିଓକେ)ର ୩ଟି ବଡ଼ ସହରରେ ବିକ୍ଷୋଭ ଆରମ୍ଭ ହୋଇଛି । ପ୍ରଦର୍ଶନକାରୀ ଓ ସୁରକ୍ଷାବଳ ମଧ୍ୟରେ ହୋଇଥିବା ସଂଘର୍ଷରେ ୨ଜଣ ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଆହତ ହୋଇଛନ୍ତି । ପିଓକେର ଆୱାମୀ ଆକସନ କମିଟି (ଏଏସି) ଏହି ପ୍ରଦର୍ଶନ ପାଇଁ ଆହ୍ୱାନ ଦେଇଥିଲା । ଏଏସିର ଅପିଲରେ ସୋମବାର ପୁରା ଅଞ୍ଚଳରେ ଦୋକାନ, ବଜାର ଓ ସଡ଼କ ବନ୍ଦ ରହିଥିଲା । ଦରଦାମ ବୃଦ୍ଧି, ବେକାରୀ ଓ ପାକିସ୍ତାନ ସେନାର ଅତ୍ୟାଚାର ବିରୋଧରେ ଲୋକେ ସଡ଼କକୁ ଓହ୍ଲାଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ । ସୁରକ୍ଷାବଳର ଗାଡ଼ିଗୁଡିକ ଉପରେ ବିକ୍ଷୋଭକାରୀ ଟେକା ପଥର ମାଡ଼ କରିଛନ୍ତି । ପୂର୍ବରୁ କୋଟଲୀରେ ଶନିବାର ବିକ୍ଷୋଭକାରୀଙ୍କ ଉପରକୁ ସୁରକ୍ଷାବଳ ଗୁଳି ଚଳାଇଥିଲା । ଆଗକୁ ଏହି ପ୍ରଦର୍ଶନ ଆହୁରି ଉଗ୍ରରୂପ ଧାରଣ କରିବ ବୋଲି ଆଶା କରାଯାଉଛି । ସ୍ଥିତିକୁ ନିୟନ୍ତ୍ରଣ କରିବାକୁ ଇସଲାମାବାଦ୍‌ରୁ ଅତିରିକ୍ତ ୧, ୦୦୦ ଯବାନକୁ ପଠାଯାଇଛି । ଏହି ଅଞ୍ଚଳରେ ପାକିସ୍ତାନ ସରକାର ଇଣ୍ଟରନେଟ୍‌କୁ ବନ୍ଦ କରିଛି । ଫଳରେ ପ୍ରଦର୍ଶନକାରୀମାନେ ସେନା ବିରୋଧରେ 'ହମ୍ ତୁହ୍ମାରୀ ମତ ହେ'ର ସ୍ଲୋଗାନ ଦେଇଥିଲେ । ଏହି ପ୍ରଦର୍ଶନର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି । ହଜାର ହଜାର ଲୋକ କୋଟଲୀ, ରାୱଲକୋଟ, ମୁଜାଫରାବାଦ୍‌ରେ ଏକାଠି ହୋଇ ସ୍ୱାଧୀନତାର ଓ ପାକିସ୍ତାନ ସେନା ଫେରିଯାଅ ବୋଲି ସ୍ଲୋଗାନ ଦେଇଥିଲେ । ପ୍ରଦର୍ଶନକୁ ଦୃଷ୍ଟିରେ ରଖି ପିଓକେରେ ସରକାର ସୁରକ୍ଷା ବ୍ୟବସ୍ଥାକୁ ଆହୁରି କଡ଼ାକଡ଼ି କରିଛନ୍ତି । ଏଏସି ସରକାରଙ୍କ ଆଗରେ ୩୮ଟି ଦାବି ଉପସ୍ଥାପନ କରିଛନ୍ତି । ଉଲ୍ଲେଖଥାଉ କି, ଗତ ସପ୍ତାହରେ ପାକିସ୍ତାନ ବାୟୁସେନାର ବୋମା ମାଡ଼ରେ ପିଓକେର ଏକ ଗାଁରେ ୩୦ଜଣ ସାଧାରଣ ଲୋକ ମୃତ୍ୟୁବରଣ କରିଥିଲେ । ଚୀନ୍‌ର ଜେ-୧୭ ଫାଇଟର ଜେଟ୍‌ରୁ ପାକ୍ ବାୟୁସେନା ବୋମା ମାଡ଼ କରିଥିଲା । ଏହାପରେ ପିଓକେରେ ହିଂସା ଓ ବିକ୍ଷୋଭ ଉଗ୍ରରୂପ ଧାରଣ କରିଛି । ପିଓକେରେ ସାମ୍ବାଦିକ ଓ ପର୍ଯ୍ୟଟକ ପ୍ରବେଶକୁ ବାରଣ କରାଯାଇଛି । ପିଓକେରେ ପୂର୍ବରୁ ମଧ୍ୟ ଏହିଭଳି ଏକାଧିକ ପ୍ରଦର୍ଶନ ଦେଖିବାକୁ ମିଳିଛି ।

# ଆମେରିକା ଚର୍ଚ୍ଚରେ ଗୁଳିକାଣ୍ଡ; ଆକ୍ରମଣକାରୀ ସମେତ ୪ ମୃତ



ମିଚିଗାନ୍, ୨୯।୯(ଏଜେନ୍ସି): ଆମେରିକାର ମିଚିଗାନ ରାଜ୍ୟର ଗ୍ରାଣ୍ଡ ବ୍ଲାଙ୍କ ସହରରେ ଏକ ବଡ଼ଧରଣର ଗୁଳିକାଣ୍ଡ ଘଟିଛି । ସହରର ଚର୍ଚ୍ଚରେ ହୋଇଥିବା ଏହି ଗୁଳିକାଣ୍ଡରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୮ ଜଣ ଆହତ ହୋଇଛନ୍ତି । ସନ୍ଦିଗ୍ଧ ଆକ୍ରମଣକାରୀକୁ ମଧ୍ୟ ନିପାତ କରାଯାଇଛି ବୋଲି ପୁଲିସ କହିଛି । ତେଣୁ ଭୟ କରିବାର କୌଣସି କାରଣ ନାହିଁ ବୋଲି କୁହାଯାଇଛି । ଏହା ଖ୍ରୀଷ୍ଟିଆନ ଧର୍ମ ଉପରେ ଆକ୍ରମଣ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି । ଆକ୍ରମଣକାରୀ ହେଉଛନ୍ତି ୪୦ ବର୍ଷୀୟ ଥମାସ ଜ୍ୟାକବ ସେନଫୋର୍ଡ । ସେନଫୋର୍ଡ ୨୦୦୪ରୁ ୨୦୦୮ ପର୍ଯ୍ୟନ୍ତ ମେରାଇନ୍ କମାଣ୍ଡୋରେ କାର୍ଯ୍ୟ କରିଥିଲେ ଓ ସେ ୫ଟି ମେଡାଲ ମଧ୍ୟ ଜିତିଥିଲେ । ତାଙ୍କ ପୁଅ ଏକ ଭିନ୍ନ ପ୍ରକାର ରୋଗରେ ପୀଡିତ ଥିଲେ ଓ ସେ ଏଥିପାଇଁ ଚାକିରି ଛାଡିଥିଲେ । ସେ ତାଙ୍କ ରାଇଫଲ୍ ଗୁଳି ଚଳାଇ ଏହି କାଣ୍ଡ ଘଟାଇବା ପରେ ଚର୍ଚ୍ଚରେ ନିଆଁ ଲଗାଇ ଦେଇଥିଲେ । ଫଳରେ ସମ୍ପୂର୍ଣ୍ଣ ଚର୍ଚ୍ଚ କ୍ଷତିଗ୍ରସ୍ତ ହୋଇଛି । ଏହି ଚର୍ଚ୍ଚର ନାମ ହେଉଛି 'ଦି ଚର୍ଚ୍ଚ ଅଫ୍ ଜେସସ ଖ୍ରୀଷ୍ଟ ଅଫ୍ ଲାଟର ଡେ ସେଣ୍ଟସ' । ଘଟଣାସ୍ଥଳରୁ ଦୂରେଇ ରହିବାକୁ ଲୋକଙ୍କୁ ପୁଲିସ ନିର୍ଦ୍ଦେଶ ଦେଇଛି । ଉଦ୍ଧାର କାର୍ଯ୍ୟ ଓ ଜରୁରୀକାଳୀନ ସେବା ପ୍ରଭାବିତ ନ ହେବା ପାଇଁ ଏହି ନିର୍ଦ୍ଦେଶ ଜାରି କରାଯାଇଛି । ଆହତ ହୋଇଥିବା କେତେଜଣ ଲୋକଙ୍କ ସ୍ଥିତି ଗମ୍ଭୀର ଅଛି ବୋଲି ପୁଲିସ ତରଫରୁ କୁହାଯାଇଛି । ଘଟଣା ଉପରେ ତୀକ୍ଷ୍ଣ ନଜର ରଖାଯାଇଛି ବୋଲି କୁହାଯାଇଛି । ପୂର୍ବରୁ ଆମେରିକାର ନର୍ଥ କାରିଲୋନାର ସାଉଥପୋର୍ଟରେ ଏକ ରେଷ୍ଟୁରାଣ୍ଟରେ ଶନିବାର ରାତିରେ ହୋଇଥିବା ଗୁଳିକାଣ୍ଡରେ ୩ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୫ ଜଣ ଆହତ ହୋଇଥିଲେ ।

# ଆଲୋଚନାରୁ ଓହରିଲା ଏଲ୍‌ଏବି

## ୱାଙ୍ଗଚୁକ୍‌ଙ୍କୁ ତୁରନ୍ତ ମୁକ୍ତି ଓ ହତ୍ୟା ଘଟଣାର ନ୍ୟାୟିକ ତଦନ୍ତ ଦାବି

ଲେହ, ୨୯।୯ (ଏଜେନ୍ସି): ଲଦାଖ ହିଂସାକୁ ନେଇ କେନ୍ଦ୍ର ସରକାରଙ୍କ ଆଭିମୁଖ୍ୟକୁ ଲେହ ଆପେକ୍ସ ବଡି (ଏଲଏବି) ବିରୋଧ କରିଛି । ଆସନ୍ତା ୬ ତାରିଖରେ ନୂଆଦିଲ୍ଲୀରେ କେନ୍ଦ୍ର ସରକାରଙ୍କ ସହ ହେବାକୁ ଥିବା ଆଲୋଚନାରୁ ଏହି ସଂଗଠନ ଓହରି ଯାଇଛି । ଗିରଫ ସାମାଜିକ କର୍ମୀ ସୋନମ ୱାଙ୍ଗଚୁକଙ୍କୁ ତୁରନ୍ତ ମୁକ୍ତି ପାଇଁ ଦାବି କରିଛି । ଜାତୀୟ ସୁରକ୍ଷା ଆଇନ (ଏନଏସଏ) ଅଧିନରେ ୱାଙ୍ଗଚୁକ୍‌ଙ୍କ ଗିରଫ, ରାଜ୍ୟ ମାନ୍ୟତା ଦାବିରେ କରାଯାଇଥିବା ବିକ୍ଷୋଭ ପ୍ରଦର୍ଶନକୁ ଦେଶ ବିରୋଧୀ ଆଖ୍ୟା ଦେବା, ପୁଲିସ ଗୁଳିରେ ଯୁବକଙ୍କ ମୃତ୍ୟୁକୁ ବିରୋଧ କରି ଏହି ପଦକ୍ଷେପ ନିଆଯାଇଛି । ୪ ବିକ୍ଷୋଭକାରୀଙ୍କ ମୃତ୍ୟୁ ମାମଲାର ନ୍ୟାୟିକ ତଦନ୍ତ, ସିଆର୍‌ପିଏଫ ବିରୋଧରେ ମାମଲା ଏବଂ ବିକ୍ଷୋଭକାରୀଙ୍କ ବିରୋଧରୁ କେସ୍ ପ୍ରତ୍ୟାହାର ନହେବା ପର୍ଯ୍ୟନ୍ତ ଆଲୋଚନା ହେବନି ବୋଲି ଏଲଏବି ପକ୍ଷରୁ କୁହାଯାଇଛି ।

ଅନ୍ୟପକ୍ଷରେ ହିଂସା ପାଇଁ ଲଦାଖରେ କ୍ରମାଗତ ପଞ୍ଚମ ଦିନ ପାଇଁ ରବିବାର କର୍ଫ୍ୟୁ ବଳବତ୍ତର ରହିଛି । ଚାରିଆଡେ ଶୂନଶାନ । କର୍ଫ୍ୟୁ ଢ଼ିଲା ହେଲେ ଲୋକ ଘରୁ ବାହାରି ଖୋଲାଖୋଲି ଭାବେ ନିଜକଥା ରଖିବେ ବୋଲି ଆଶା କରାଯାଉଥିଲା । ଏଭଳି ହୋଇନାହିଁ । ୱାଙ୍ଗଚୁକଙ୍କ ଗିରଫ ସତ୍ତ୍ୱେ ସାରା ଲଦାଖ ଶାନ୍ତ ରହିଛି । ସେପ୍ଟେମ୍ବର ୨୪ରେ ହୋଇଥିବା ଆନ୍ଦୋଳନ ହିଂସାର ରୂପ ନେଇଥିଲା । ଏଥିରେ ୪ ଯୁବକଙ୍କ ସମେତ ୪୬ ବର୍ଷୀୟ ପୂର୍ବ ସୈନିକ ସେବାଙ୍ଗ ଥାର୍ଚିଙ୍ଗ୍ ମୃତ୍ୟୁବରଣ କରିଥିଲେ । ଥାର୍ଚିଙ୍ଗ୍ କାରଗିଲ ଯୁଦ୍ଧ ଲଢ଼ିଥିଲେ । ସେ ୧୯୯୬ରୁ ୨୦୧୭ ପର୍ଯ୍ୟନ୍ତ ଭାରତୀୟ ସେନାରେ ଜଣେ ହାବିଲଦାର ଭାବେ ନିୟୋଜିତ ଥିଲେ । ରବିବାର ଏହି ୪ ମୃତକଙ୍କ ମଧ୍ୟରୁ ଦୁଇଜଣଙ୍କ ଅନ୍ତିମ ସଂସ୍କାର କରାଯାଇଛି । ଏମାନେ ହେଲେ ଜିଗ୍‌ମେଟ୍ ଦୋର୍ଜେ ଓ ଷ୍ଟାନଜିନ୍ ନାମଗ୍ୟାଲ । କଡ଼ା ସୁରକ୍ଷା ମଧ୍ୟରେ ଏହି ଦୁଇଜଣଙ୍କ ଅନ୍ତେଷ୍ଟି କ୍ରିୟା କରାଯାଇଛି । କେତେକ ସ୍ଥାନୀୟ ଓ ଜାତୀୟ ଗଣମାଧ୍ୟମ ପ୍ରତିନିଧି ଅନ୍ତିମ ସଂସ୍କାରକୁ କଭର କରିବାକୁ ଇଚ୍ଛା ପ୍ରକାଶ କରିଥିଲେ ମଧ୍ୟ ପୁଲିସ ସେମାନଙ୍କୁ ୨୦୦ ମିଟର ପୂର୍ବରୁ ରୋକିଥିଲା । ଇତିମଧ୍ୟରେ ୱାଙ୍ଗଚୁକ୍‌ଙ୍କ ପତ୍ନୀ ଗୀତାଞ୍ଜଳି ସଫେଇ ଦେଇଛନ୍ତି । ସ୍ୱାମୀଙ୍କ ଉପରେ ଆସିଥିବା ସବୁ ଅଭିଯୋଗକୁ ସେ ଭିତ୍ତିହୀନ ଓ ଅମୂଳକ କହିଛନ୍ତି । ୪ ବର୍ଷ ତଳେ ଯେତେବେଳେ ଲଦାଖକୁ କେନ୍ଦ୍ରଶାସିତ ପ୍ରଦେଶରୁ ରାଜ୍ୟର ମାନ୍ୟତା ଓ ସମ୍ବିଧାନର ଷଷ୍ଠ ଅନୁଚ୍ଛେଦରେ ସାମିଲ କରିବା ନେଇ ଦାବି ହୋଇଥିଲେ ସେତେବେଳଠାରୁ ୱାଙ୍ଗଚୁକ୍ ଟାର୍ଗେଟ୍‌ରେ ଥିଲେ ।



## କାନାଡ଼ାରେ ଲରେନ୍ସର ଖେଳ ଖତମ୍

ଓଟାୱା, ୨୯।୯ (ଏଜେନ୍ସି): ଲରେନ୍ସ ବିଷ୍ଣୋଇ ଗ୍ୟାଙ୍ଗଙ୍କୁ କାନାଡ଼ା ସରକାର ଆତଙ୍କବାଦୀ ସଂଗଠନ ଘୋଷଣା କରିଛନ୍ତି । କାନାଡ଼ାର ଜନ ସୁରକ୍ଷା ମନ୍ତ୍ରୀ ଗ୍ୟାରି ଅନନ୍ଦସଙ୍ଗରୀ ଏହି ସୂଚନା ଦେଇଛନ୍ତି । ଏହି ଗ୍ୟାଙ୍ଗ କେବଳ

ଭାରତ ନୁହେଁ, କାନାଡ଼ା ବ୍ୟତୀତ ଅନ୍ୟ ରାଷ୍ଟ୍ରରେ ମଧ୍ୟ ହତ୍ୟା, ବଟି ଆଦାୟ, ଅସ୍ତ୍ରଶସ୍ତ୍ର କାରବାର ଏବଂ ନିଶାଦ୍ରବ୍ୟ ଚାଲାଣରେ ସମ୍ପୃକ୍ତ ରହିଛି । ଗ୍ୟାରି କହିଛନ୍ତି ଯେ କାନାଡ଼ାରେ ହିଂସା ଏବଂ ଆତଙ୍କର କୌଣସି ସ୍ଥାନ ନାହିଁ । କୌଣସି ବିଶେଷ ସମୁଦାୟ ମଧ୍ୟରେ ଭୟର ପରିବେଶ ସୃଷ୍ଟି କରିବାକୁ ଚାହିଁଲେ ବରଦାସ୍ତ କରାଯିବ ନାହିଁ । ଏଥିପାଇଁ ଦେଶର କ୍ରିମିନାଲ କୋଡ ଅନୁଯାୟୀ ଲରେନ୍ସ ଗ୍ୟାଙ୍ଗକୁ ଆତଙ୍କବାଦୀ ସଂଗଠନ ଘୋଷଣା କରାଯାଇଛି । ବିଷ୍ଣୋଇ ଗ୍ୟାଙ୍ଗ ଏକ ଅନ୍ତର୍ଜାତୀୟ ଆପରାଧିକ ସଂଗଠନ । ଏହା ମୁଖ୍ୟତଃ ଭାରତରେ ସକ୍ରିୟ ରହିଛି । ପ୍ରବାସୀ ରହୁଥିବା ଅଞ୍ଚଳରେ ସୁରକ୍ଷା ବିପଦ ସୃଷ୍ଟି କରୁଛି । ସମାଜରେ ଗୁରୁତ୍ୱପୂର୍ଣ୍ଣ ପଦପଦବୀରେ ଥିବା ବ୍ୟକ୍ତି, ବ୍ୟବସାୟୀ ଆଦିଙ୍କୁ ନିଶାଣ କରୁଛି । ଏହି ନିଷ୍ପତ୍ତି ଦ୍ୱାରା କାନାଡ଼ାରେ ଥିବା ଲରେନ୍ସ ଗ୍ୟାଙ୍ଗର ସମ୍ପତ୍ତି, ଗାଡ଼ି, ଧନ, ବ୍ୟାଙ୍କ ଖାତା ଆଦିକୁ ଜବତ କରାଯିବ । ଏହି ଗ୍ୟାଙ୍ଗକୁ ଆର୍ଥିକ ସହାୟତା, ସହଯୋଗ ଏବଂ ନିଯୁକ୍ତିରେ ସହାୟକ କରୁଥିବା ବ୍ୟକ୍ତି ତଥା ସଂଗଠନ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯାଇପାରିବ । ଏହାକୁ ଅପରାଧ ଧରାଯିବ । ଏହି ଗ୍ୟାଙ୍ଗ ସହ ସମ୍ପର୍କ ରଖିଥିବା ବ୍ୟକ୍ତିଙ୍କୁ କାନାଡ଼ାରେ ପ୍ରବେଶ ଅନୁମତି ଦିଆଯିବ ନାହିଁ ।

# ରାହୁଲ ଗାନ୍ଧୀଙ୍କୁ ବିଜେପି ନେତାଙ୍କ ହତ୍ୟା ଧମକ

## ମାମଲା ରୁଜୁ କଲା ପୁଲିସ

ନୂଆଦିଲ୍ଲୀ, ୨୯।୯ (ଏଜେନ୍ସି): କେରଳର ଏକ ନ୍ୟୁଜ ଚ୍ୟାନେଲରେ ବିତର୍କ ଚାଲିଥିବାବେଳେ ବିଜେପି ପ୍ରବକ୍ତା ତଥା ପୂର୍ବତନ ଏବିଭିପି ନେତା ପ୍ରିଣ୍ଟୁ ମହାଦେବ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀଙ୍କୁ ହତ୍ୟା ଧମକ ଦେଇଛନ୍ତି । ଏହାକୁ ନେଇ ତାଙ୍କ ବିରୋଧରେ ପୁଲିସ ମାମଲା ରୁଜୁ କରିଛି । ଏବେ କଂଗ୍ରେସ ଏ ସମ୍ବନ୍ଧରେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହାଙ୍କୁ ଚିଠି ଲେଖିଛି । ଏହି ଚିଠିରେ କଂଗ୍ରେସ ସାଧାରଣ ସମ୍ପାଦକ କେସି ବେଣୁଗୋପାଳ କହିଛନ୍ତି ଯେ ଧମକ ଦେଇଥିବା ବିଜେପି ପ୍ରବକ୍ତାଙ୍କ ବିରୋଦରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନିଆଯାଉ । ଯଦି କୌଣସି ପଦକ୍ଷେପ ନିଆ ନ ଯିବ ତେବେ ମିଳିମିଶି ରାହୁଲଙ୍କ ବିରୋଧରେ ହିଂସା କରାଯାଉଛି ବୋଲି ଧରାଯିବ । ଏହି ଧମକ କୌଣସି ଛୋଟମୋଟ ପଦାଧିକାରୀଙ୍କ ଅବହେଳାପୂର୍ଣ୍ଣ ପ୍ରତିକ୍ରିୟା ନୁହେଁ । ଜାଣିଶୁଣି ଏଭଳି ହିଂସାପୂର୍ଣ୍ଣ ପରିବେଶ ସୃଷ୍ଟି କରାଯାଉଛି । ଏହା ବିରୋଧୀ ନେତାଙ୍କ ପାଇଁ ଅସୁରକ୍ଷିତ ପରିବେଶ ସୃଷ୍ଟି କରୁଛି । ଏବେ ଏହା ବିରୋଧରେ ଦାୟିତ୍ୱ ନେବା ସରକାରଙ୍କ କାମ । ସରକାର କେଉଁ ବିଚାରଧାରାକୁ ସମର୍ଥନ କରୁଛନ୍ତି ତାହା ଜଣାନ୍ତୁ ବୋଲି ଚିଠିରେ ଉଲ୍ଲେଖ କରାଯାଇଛି । ଚିଠିରେ ଶାହାଙ୍କୁ ପ୍ରଶ୍ନ କରାଯାଇଛି ଯେ ସାର୍ବଜନୀନ ଜୀବନରେ ବିଷ ସୃଷ୍ଟି କରୁଥିବା ଖୋଲମଖୋଲା ଆପରାଧିକ ଧମକ, ହିଂସାର ରାଜନୀତିକୁ ଆପଣ ସମର୍ଥନ ଦେଉଛନ୍ତି କି? ପରିବାରର ଦୁଇ ସଦସ୍ୟଙ୍କୁ ହତ୍ୟାରେ ହରାଇଥିବା ଜଣେ ନେତାଙ୍କ ସୁରକ୍ଷା ସମ୍ବନ୍ଧିତ



ସମ୍ବେଦନଶୀଳ ପ୍ରସଙ୍ଗକୁ ରାଜନୀତିକରଣ କରି ସରକାର ନିଆଁ ସହ ଖେଳୁଛନ୍ତି । ଯଦି କୌଣସି କାର୍ଯ୍ୟାନୁଷ୍ଠାନ ନ ନିଆଯାଏ ତେବେ ଏହା ବିରୋଧୀ ନେତାଙ୍କ ବିରୋଧରେ ହିଂସାକୁ ବୈଧାନିକ କରିବାର ଲାଇସେନ୍ସ ପ୍ରଦାନ କରିବ । ଏହା ସ୍ୱରାଷ୍ଟ୍ରମନ୍ତ୍ରୀ ଭାବେ ଆପଣ ନେଇଥିବା ଶପଥର ଗମ୍ଭୀର ଉଲ୍ଲଙ୍ଘନ ହେବ ।

ସୂଚନା ଅନୁଯାୟୀ କେରଳର ଏକ ନ୍ୟୁଜ ଚ୍ୟାନେଲରେ ଲଦାକ ହିଂସାକୁ ନେଇ ବିତର୍କ ଚାଲିଥିଲା । ଏଥିରେ ରାହୁଲଙ୍କ ଛାତିକୁ ଗୁଳି ମାରିଦିଆଯିବ ବୋଲି ପ୍ରିଣ୍ଟୁ କହିଥିଲେ । ଏହାକୁ ନେଇ କେରଳ ବିରୋଧୀ ଦଳ ନେତା ଭିଡି ସତୀଶନ କହିଛନ୍ତି ଯେ ସେମାନେ ରାହୁଲଙ୍କୁ ମାରିବାକୁ ଚାହୁଁଛନ୍ତି । ଭାରତର ଜନସାଧାରଣ ଏଭଳି ହେବାକୁ ଦେବେ ନାହିଁ ।

## ମହାରାଷ୍ଟ୍ରରେ ବନ୍ୟା

# ୫ ଜିଲ୍ଲାରେ ୧୦ ମୃତ

ମୁମ୍ବାଇ, ୨୯।୯(ଏଜେନ୍ସି): ସାରା ଦେଶରେ ମୌସୁମୀର ଲେଉଟାଣି ଆରମ୍ଭ ହୋଇଥିବା ବେଳେ ମହାରାଷ୍ଟ୍ରରେ କିନ୍ତୁ କେତୋଟି ଜିଲ୍ଲାରେ କ୍ରମାଗତ ବର୍ଷା ଲାଗି ରହିଛି । ଗତ ୨୪ ଘଣ୍ଟାରେ ବର୍ଷା ଜିନିତ ଘଟଣାରେ ୫ଟି ଜିଲ୍ଲାରେ ୧୦ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । ଏଥିରେ ନାସିକ ଜିଲ୍ଲାର ୪, ଧାରାଶିବ ଓ ଅହଲ୍ୟାନଗରରେ ଦୁଇଜଣ ଲେଖାଏ, ଜାଲନା ଓ ଯଭତମାଲରେ ଜଣେ ଲେଖାଲ ଲୋକ ମୃତ୍ୟୁବରଣ କରିଛନ୍ତି । ପାଖାପାଖି ୧୨, ୦୦୦ ଲୋକଙ୍କୁ ରାଜ୍ୟର ବିଭିନ୍ନ ଅଞ୍ଚଳରୁ ଉଦ୍ଧାର କରାଯାଇ ସ୍ଥାନାନ୍ତର କରାଯାଇଛି । ମରାଠାୱାଡା ଅଞ୍ଚଳର ଛତ୍ରପତି ଶମ୍ଭାଜୀନଗର, ଜାଲନା, ବିଡ, ଲାଟୁର, ନାନଡେଡ, ହିଙ୍ଗୋଲି ଓ ଭାବାଣୀ ଜିଲ୍ଲାରେ ବନ୍ୟା ଆସିଛି । ସେହିପରି ଶନିବାର ରାତିରୁ ମୁମ୍ବାଇରେ ପ୍ରବଳ ବର୍ଷା ଜାରି ରହିଛି । ନାସିକରେ ଗୋଦାବରୀ ନଦୀ ବିପଦ ସଙ୍କେତ ଊର୍ଦ୍ଧ୍ୱରେ ବହୁଛି । ନଦୀକୂଳରେ ଥିବା ରାମକୁଣ୍ଡ ଅଞ୍ଚଳର କେତୋଟି ମନ୍ଦିର ଜଳମଗ୍ନ ହୋଇଛି । ମହାରାଷ୍ଟ୍ରରେ ଏନ୍‌ଡିଆରଏଫ୍‌ର ୧୬ଟି ଟିମ୍ ଉଦ୍ଧାର କାର୍ଯ୍ୟପାଇଁ ନିୟୋଜିତ କରାଯାଇଛି । ଦୁଇଟି ଟିମ୍ ପୁରେ ରହିଛନ୍ତି । ଚଳିତ ବର୍ଷ ପୁଣେର ମୁଲଶୀ ତହସିଲସ୍ଥିତ ମନୋରମ ତମହିନୀ ଘାଟି ଦେଶର ସବୁଠାରୁ ବର୍ଷା ହୋଇଥିବା ସ୍ଥାନ ବିବେଚିତ ହୋଇଛି । ଏଥର ଏହି ଅଞ୍ଚଳରେ ୯, ୦୦୦ ମିମି ବର୍ଷା ହୋଇଛି । ଏପର୍ଯ୍ୟନ୍ତ ଉତ୍ତରପୂର୍ବ ରାଜ୍ୟ ମେଘାଳୟର ଚେରାପୁଞ୍ଜିରେ ମାସିନରାମ ଗାଁରେ ସର୍ବାଧିକ ବର୍ଷା ହେବାର ରେକର୍ଡ ରହିଥିଲା । ମହାରାଷ୍ଟ୍ରର ଔରଙ୍ଗାବାଦର ଜୟକବାଡି ଡ୍ୟାମ୍‌ରେ ୨୭ଟି ଗେଟ୍ ଖୋଲାଯାଇଛି । ଦେଶର ବିଭିନ୍ନ ରାଜ୍ୟରେ ବର୍ଷା ଜାରି ରହିବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ କୁହାଯାଇଛି । ଛତିଶଗଡ଼, ରାଜସ୍ଥାନ, ମଧ୍ୟପ୍ରଦେଶ, ହରିୟାଣା, ବିହାରର କେତୋଟି ଜିଲ୍ଲାରେ ବର୍ଷା ହେବା ବୋଲି ସତର୍କତା ଜାରି କରାଯାଇଛି । ତେବେ ବନ୍ୟାରେ ଏବର୍ଷ ସବୁଠାରୁ କ୍ଷତିଗ୍ରସ୍ତ ହୋଇଥିବା ପଞ୍ଜାବରେ ଗତ ୨୪ ଘଣ୍ଟା ମଧ୍ୟରେ ବର୍ଷା ହୋଇନାହିଁ । ତେବେ ତାମମାତ୍ରରେ ଅବନତୀ ହୋଇଛି ।



# ୫୦ ଦିନରେ ୧୫ ହୋଟେଲ ବଦଳାଇଥିଲେ ଚୈତନ୍ୟାନନ୍ଦ



## ନଜରରୁ ବର୍ତ୍ତିବା ପାଇଁ ବିନା ସିସିଟିଭ ଥିବା ଶସ୍ତା ହୋଟେଲରେ ରହୁଥିଲେ

ନୂଆଦିଲ୍ଲୀ, ୨୯।୯(ଏଜେନ୍ସି): ଦିଲ୍ଲୀର ଶ୍ରୀ ଶାରଦା ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଇଣ୍ଡିଆନ ମ୍ୟାନେଜମେଣ୍ଟର ପୂର୍ବତନ ମୁଖ୍ୟ ୬୨ ବର୍ଷୀୟ ସ୍ୱାମୀ ଚୈତନ୍ୟାନନ୍ଦ ଗିରଫ୍ ହେବା ପୂର୍ବରୁ ଲଗାତର ନିଜର ଠିକଣା ବଦଳାଇଥିଲା ବୋଲି ପୁଲିସ କହିଛି । ଗତ ୫୦ ଦିନ ମଧ୍ୟରେ ସେ ୧୫ଟି ହୋଟେଲ ବଦଳାଇଥିଲା । ପୁଲିସ୍‌ର ନଜରରୁ ବର୍ତ୍ତିବା ପାଇଁ ସେ ବିନା ସିସିଟିଭି ଥିବା ଶସ୍ତା ହୋଟେଲରେ ରହୁଥିଲେ । ସେ ଉତ୍ତରପ୍ରଦେଶର ଧାର୍ମିକ ସାହର ବୃନ୍ଦାବନ, ମଥୁରାରେ ଲୁଚି ରହୁଥିଲା । ତା'ର ବିଶ୍ୱସ୍ତ ଲୋକ ତା ପାଇଁ ଏହି ସବୁ ଶସ୍ତା ହୋଟେଲରେ ରହିବାର ବ୍ୟବସ୍ଥା କରୁଥିଲେ । ଶନିବାର ସେ ଆଗ୍ରାର ଏକ ହୋଟେଲରେ ଥିବା ବେଳେ ପୁଲିସ ତାକୁ ଗିରଫ କରିଥିଲା । ଦିଲ୍ଲୀର ପଟିଆଲା ହାଉସ୍ କୋର୍ଟ ତାକୁ ୫ ଦିନ ପାଇଁ ପୁଲିସ ରିମାଣ୍ଡକୁ ପଠାଇଛନ୍ତି । ପୁଲିସ ଏବେ ତା'ର ବିଭିନ୍ନ ସହଯୋଗୀଙ୍କୁ ଖୋଜୁଛି । ପୁଲିସ ତା'ଠାରୁ ଆଇପଡ ଓ ୩ଟି ଫୋନ୍ ଜବତ କରିଛି । ଗୋଟିଏ ଫୋନ୍‌ରେ ଛାତ୍ରାବାସର ସିସିଟିଭି ଫୁଟେଜର ରହିଛି । ଏହା ଜରିଆରେ ସେ ଛାତ୍ରୀମାନଙ୍କ ଉପରେ ନଜର ରଖୁଥଲା । ସେ ତା'ର ବିଭିନ୍ନ ଡିଜିଟାଲ ଉପକରଣଗୁଡିକର ପାସ୍‌ୱାର୍ଡ ଭୁଲିଯାଇଛି ବୋଲି ପଚରା ଉଚରା ବେଳେ କହିଥିଲା ।

# ଉତ୍ତର ପ୍ରଦେଶ ସ୍କୁଲ୍‌ରେ ଚାଲିଛି ଲୁଟ୍‌ର ଖେଳ

ନୂଆଦିଲ୍ଲୀ, ୨୯।୯ (ଏଜେନ୍ସି): ଦେଶରେ ସରକାରୀ ଶିକ୍ଷାର ସ୍ତର ଦିନକୁ ଦିନ ଅଧୋଗତି ଆଡକୁ ମୁହାଁଇବାରେ ଲାଗିଛି । ଏପରି ସମୟରେ ଉତ୍ତର ପ୍ରଦେଶରୁ ଏକ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି । ସରକାରୀ ଅର୍ଥ ହରିଲୁଟ୍ ପାଇଁ କିଭଳି ଶିକ୍ଷାକୁ ଅସ୍ତ୍ର କରାଯାଇଛି ଏହା ତାହାର ନିଛକ ଉଦାହରଣ ପାଲଟି ଯାଇଛି । ନେତା ଏବଂ କ୍ଷମତାଶାଳୀ ଲୋକେ ମିଶି ଶିକ୍ଷାର ମନ୍ଦିର ବିଦ୍ୟାଳୟକୁ ହରିଲୁଟ୍‌ର ମାଧ୍ୟମ କରିଦେଇଛନ୍ତି । ରିପୋର୍ଟ ଅନୁଯାୟୀ ଉତ୍ତର ପ୍ରଦେଶ ଗୋଣ୍ଡର ଶ୍ରୀ ବାଳକ ଭଗବାନ ଲଘୁ ମାଧ୍ୟମିକ ବିଦ୍ୟାଳୟରେ ଷଷ୍ଠରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ୨୫୦ ପିଲା ପଢୁଛନ୍ତି । ମାତ୍ର ଏହି ଛାତ୍ରଛାତ୍ରୀଙ୍କୁ ପଢାଇବା ପାଇଁ ୭୭ ଶିକ୍ଷକ ମୁତୟନ ହୋଇଛନ୍ତି । ଅର୍ଥାତ୍ ତିନି ଛାତ୍ରଛାତ୍ରୀଙ୍କ ପାଇଁ ଜଣେ ଶିକ୍ଷକ ରହିଛନ୍ତି । କିନ୍ତୁ ୩୫ ଶିଶୁଙ୍କ ପାଇଁ ଜଣେ ଶିକ୍ଷକ ରହିବାର ନିୟମ ରହିଛି । ସେହିପରି ଭୈୟା ଚନ୍ଦ୍ରଭାନଦତ୍ତ ଲଘୁ ମାଧ୍ୟମିକ ସ୍କୁଲ ରାମପୁର ଟେଙ୍ଗରହାରେ ୨୫୦ ଛାତ୍ରଛାତ୍ରୀ ପଢୁଛନ୍ତି । କିନ୍ତୁ ଏଠାରେ ୪୫ ଶିକ୍ଷକ ମୁତୟନ ଅଛନ୍ତି । ମାତ୍ର କେବଳ ୭ ଜଣ ଶିକ୍ଷକଙ୍କ ଆବଶ୍ୟକତା ରହିଛି । ଏହା ବ୍ୟତୀତ ଶ୍ରୀ ଦୟାନନ୍ଦ ଆର୍ଯ୍ୟ ବୈଦିକ କଲେଜରେ ୧୫୦ ଛାତ୍ରଛାତ୍ରୀଙ୍କ ପାଇଁ ୫ ଶିକ୍ଷକ ବଦଳରେ ୪୫ ଶିକ୍ଷକ ଅଛନ୍ତି । ଏଠାରେ ନିୟମ ବିରୋଧରେ ୪୫ ଶିକ୍ଷକଙ୍କୁ ନିଯୁକ୍ତି କରାଯାଇଛି ।

ଏହି ସ୍କୁଲ କେବଳ ଉଦାହରଣ ମାତ୍ର । କେବଳ ଗୋଣ୍ଡା ଜିଲ୍ଲାରେ ସରକାରୀ ସହାୟତା ପାଉଥିବା ୨୯ ଏଡେଡ ସ୍କୁଲ ରହିଛି । ଏହି ସବୁଥିରେ ୭୦୦ରୁ ଅଧିକ ଶିକ୍ଷକ ମୁତୟନ ଅଛନ୍ତି । ଗତ ୧୦ ବର୍ଷ ମଧ୍ୟରେ ଏମାନଙ୍କୁ ୨ ବିଲିୟନ ଟଙ୍କାର ଦରମା ଦିଆଯାଇଛି । ସାରା ପ୍ରଦେଶରେ ଏଭଳି ସ୍କୁଲ୍ ସଂଖ୍ୟା ୧୦୬୮ ରହିଛି । ଅର୍ଥାତ୍ ଏହି ଦରମାର ଖେଳ ଜୋରସୋରରେ ଚାଲିଛି । ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟ ଅନୁଯାୟୀ ଶିକ୍ଷା ବିଭାଗର ଅଧିକାରୀ ଏବଂ ନେତାଙ୍କ ସହ ମିଶି ସ୍କୁଲ୍ କମିଟିଗୁଡିକ ଏହି ଲୁଟ୍‌ର ଖେଳ ଚଳାଇଛନ୍ତି । ଏକାଥରକେ ଅନେକଙ୍କୁ ନିଯୁକ୍ତି କରାଯାଇଛି । କାହାଠୁ ଲାଞ୍ଚ ନେଇ ନିଯୁକ୍ତି ଦିଆଯାଇଛି ତ ଆଉ କାହାକୁ ନେତା ତଥା ଜନପ୍ରତିନିଧି ଏବଂ ପରିଚାଳକଙ୍କ ସମ୍ପର୍କୀୟ ଭାବେ ସ୍କୁଲରେ ଚାକିରି ଦିଆଯାଇଛି । କେବଳ ଗୋଣ୍ଡାର ତିନି ସ୍କୁଲରେ କମିଟି, ବିଧାୟକ, ନେତାଙ୍କ ସମ୍ପର୍କୀୟଙ୍କୁ ନିଯୁକ୍ତି କରାଯାଇଛି । ଏହି ପ୍ରଭାବଶାଳୀ ଲୋକଙ୍କ ବିରୋଧରେ ୭ ବର୍ଷ ହେଲା ଯାଞ୍ଚ ଜାରି ରହିଛି ।

ଭୈୟା ଚନ୍ଦ୍ରଭାନୁ ସ୍କୁଲରେ ପବନ ମିଶ୍ରାଙ୍କୁ ନିଯୁକ୍ତି କରାଯାଇଛି । ସେ ବିଧାୟକ ପ୍ରେମନାରାୟଣ ପାଣ୍ଡେୟଙ୍କ ଜ୍ୱାଇଁ । ଏଠାରେ କାମ କରୁଥିବା ଅବିନାଶ ତିୱାରୀ ବିଧାୟକଙ୍କ ପୁଅର ଶଳା । ବିଧାୟକଙ୍କ ସଢୁ ଚନ୍ଦ୍ରପ୍ରକାଶ ମିଶ୍ର ସହାୟକ ଶିକ୍ଷକ ଅଛନ୍ତି । ସ୍କୁଲ ପରିଚାଳକ ଦିଗବିଜୟ ପାଣ୍ଡେୟଙ୍କ ବୋହୂ ପୁନମ ଦେବୀ ଏଠାରେ କ୍ଲର୍କ ଅଛନ୍ତି । ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ପୁନମ ଦେବୀ ୨୦୧୩ ଏପ୍ରିଲରେ ଅନୁମୋଦନ ପାଇଥିବା ଦର୍ଶାଇଛନ୍ତି । କିନ୍ତୁ ରାଧେଶ୍ୟାମ ପାଣ୍ଡେୟ ଅବସର ନେବା ପରେ ୨୦୧୫ ସେପ୍ଟେମ୍ବର ୩୦ରେ ଏହି ପଦ ଖାଲି ହୋଇଥିଲା ।


ମଙ୍ଗଳାବାଗ


ଶେଖ୍ ବଜାର


ଖଟବିନ୍ ସାହି


କାଜି ବଜାର


ରୋଭର୍ସ ଷ୍ଟ୍ରିଟ୍

ମହାସପ୍ତମୀ ଅବସରରେ କଟକର ବିଭିନ୍ନ ପୂଜାମଣ୍ଡପରେ ମା' ମହାମାୟୀ

# ଆଜି ସୃଷ୍ଟିହେବ ଘୂର୍ଣ୍ଣିବଳୟ

ଭୁବନେଶ୍ୱର, ୨୯।୯ (ସମିସ): ମଙ୍ଗଳବାର ଉତ୍ତର ଆଣ୍ଡାମାନସାଗର ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ। ଦକ୍ଷିଣ ଚାଇନା ସାଗରରୁ ଏହା ଆଣ୍ଡାମାନ ସାଗରକୁ ପ୍ରବେଶ କରିବ। ଏହା ପ୍ରଭାବରେ ଉତ୍ତର ପାର୍ଶ୍ୱବର୍ତ୍ତୀ କେନ୍ଦ୍ରୀୟ ବଙ୍ଗୋପସାଗର ଅଞ୍ଚଳରେ ୧ତାରିଖ ବେଳକୁ ଏକ ନୂତନ ଲଘୁଚାପ ସୃଷ୍ଟି ହେବ। ଏହାଦ୍ୱାରା ରାଜ୍ୟର ବିଭିନ୍ନ ସ୍ଥାନରେ ପୁଣି ବର୍ଷାର ପରିମାଣ ବଢ଼ିପାରେ। ମଙ୍ଗଳବାର ଅର୍ଥାତ୍ ଅଷ୍ଟମୀରେ ଉପକୂଳବର୍ତ୍ତୀ ଜିଲ୍ଲାର କିଛି ସ୍ଥାନରେ ବର୍ଷା ହେବାକୁ ଥିବା ବେଳେ ନବମୀ ଓ ଦଶମୀ ବର୍ଷା ଯୋଗୁଁ ଅନେକ ସ୍ଥାନରେ ପ୍ରଭାବିତ ହେବାର ଆଶଙ୍କା ରହିଛି।

ପାଣିପାଗ କେନ୍ଦ୍ରର ସୂଚନାନୁଯାୟୀ, ମଙ୍ଗଳବାର ଗଜପତି, ଗଞ୍ଜାମ, ମାଲକାନଗିରି, କୋରାପୁଟ, ରାୟଗଡ଼ା, ନବରଙ୍ଗପୁର, କଳାହାଣ୍ଡି ଆଦି ଜିଲ୍ଲାର କିଛି ସ୍ଥାନରେ ଭାରୀ ବର୍ଷା ହେବାକୁ ଥିବା ବେଳେ ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ସୁନ୍ଦରଗଡ଼, ସମ୍ବଲପୁର, ଝାରସୁଗୁଡ଼ା, ମୟୂରଭଞ୍ଜ ଓ କେନ୍ଦୁଝରରେ ମଧ୍ୟ ବର୍ଷା ଆଶଙ୍କା ରହିଛି। ଦୁର୍ଗାପୂଜା ପାଇଁ ସାରା ରାଜ୍ୟ ବର୍ତ୍ତମାନ ଉତ୍ସବମୁଖର ହୋଇପଡ଼ିଥିବା ବେଳେ କଟକ-ଭୁବନେଶ୍ୱରରେ ପୂଜା ପାଇଁ ବ୍ୟାପକ ଆୟୋଜନ ହୋଇଛି। ମାତ୍ର ନବମୀ ଓ ଦଶମୀରେ ବର୍ଷା ଆଶଙ୍କା ରହିଥିବାରୁ ଏଥର ପୂଜା ପ୍ରଭାବିତ ହେବା ନେଇ ଯଥେଷ୍ଟ ଆଶଙ୍କା ରହିଛି। ଲଘୁଚାପ ଯୋଗୁଁ ବଡ଼ବର୍ଷା ନହେଲେ ମଧ୍ୟ ଝିପିଝିପି ବର୍ଷା ଲାଗି ରହିଲେ ବି ପୂଜା ବୁଲାରେ ସମସ୍ୟା ଉପୁଜିବ। ଅନ୍ୟପଟେ, ସମ୍ଭାବ୍ୟ ଲଘୁଚାପ ଯୋଗୁଁ ସମୁଦ୍ର ମଧ୍ୟରେ ୩୫ରୁ ୪୫କିମି ବେଗରେ ପବନ ବହିବ। ଏହାର ଝଟ୍‌କା ପବନ ୫୫ କିମି ଛୁଇଁବ। ତେଣୁ ଆସନ୍ତା ୩ ତାରିଖ ପର୍ଯ୍ୟନ୍ତ ସମୁଦ୍ର ମଧ୍ୟକୁ ନ ଯିବା ପାଇଁ ମତ୍ସ୍ୟଜୀବୀମାନଙ୍କୁ ସତର୍କ ସୂଚନା ଦିଆଯାଇଛି। ଲଘୁଚାପକୁ ଦୃଷ୍ଟିରେ ରଖି ରାଜ୍ୟର ସମସ୍ତ ଜିଲ୍ଲାପାଳଙ୍କୁ ମଧ୍ୟ ସତର୍କ ରହିବାକୁ ଏସ୍‌ଆରସିଙ୍କ କାର୍ଯ୍ୟାଳୟରୁ ପରାମର୍ଶ ଦିଆଯାଇଛି।

## କିଟ୍ ବିଶ୍ୱବିଦ୍ୟାଳୟର ୨୧ତମ ସମାବର୍ତ୍ତନ ଉତ୍ସବ ଉଦ୍‌ଯାପିତ

# ଛାତ୍ରଛାତ୍ରୀମାନେ ଦୟା, କରୁଣା ଓ ମାନବିକତାକୁ ଜୀବନର ମୂଳମନ୍ତ୍ର କରନ୍ତୁ

ଭୁବନେଶ୍ୱର, ୨୯।୯ (ସମିସ): ଛାତ୍ରଛାତ୍ରୀମାନେ ଦୟା, କରୁଣା ଓ ମାନବିକତାକୁ ଜୀବନର ମୂଳମନ୍ତ୍ର କରିବା ଉଚିତ ବୋଲି କିଟ୍ ବିଶ୍ୱବିଦ୍ୟାଳୟର ୨୧ତମ ସମାବର୍ତ୍ତନ ଉତ୍ସବର ଉଦ୍‌ଯାପନୀ ଦିବସରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ୩ ଦିନ ଧରି ଚାଲିଥିବା ଏହି କାର୍ଯ୍ୟକ୍ରମର ପ୍ରଥମ ଦିନରେ ଶ୍ରୀଲଙ୍କାର ନୋବେଲ ପୁରସ୍କାର ବିଜେତା ପ୍ରଫେସର୍ ମୋହନ ମୁନାସିଂଘେ ମୁଖ୍ୟ ଅତିଥି ଭାବେ ଯୋଗଦେଇ କହିଥିଲେ ଯେ ବିଶ୍ୱରେ ଶାନ୍ତି ପ୍ରତିଷ୍ଠା କରିବା ପୂର୍ବରୁ ନିଜ ମଧ୍ୟରେ ଶାନ୍ତି ଆଣିବାକୁ ଚେଷ୍ଟା କରିବା ଉଚିତ। ଦାରିଦ୍ର୍ୟ, ଅସମାନତା ଏବଂ ସମ୍ବଳ ଅଭାବ ଉପରେ ଆଲୋକପାତ କରି ସେ କହିଥିଲେ ଯେ ବର୍ତ୍ତମାନ ସମୟରେ ମାନବବାଦ ପାଇଁ ପରିବେଶର ସୁରକ୍ଷା ନିତାନ୍ତ ଓ ତୁରନ୍ତ ଆବଶ୍ୟକ।

ଦ୍ୱିତୀୟ ଦିନରେ ଇଣ୍ଟରନ୍ୟାସ୍‌ନାଲ୍ କୋର୍ଟ ଅଫ୍ ଜଷ୍ଟିସ୍‌ର ବିଚାରପତି ଜଷ୍ଟିସ୍ ଅବଦୁଲକ୍ୱାଇ ଅହମ୍ମଦ ୟୁସୁଫ୍ ମୁଖ୍ୟ ଅତିଥି ଭାବେ ଯୋଗଦେଇ ସ୍ନାତକମାନଙ୍କୁ ବିଶ୍ୱ ଶାନ୍ତି ନିର୍ମାତା ଏବଂ ନ୍ୟାୟର ସ୍ୱର ଭାବରେ



ସେମାନଙ୍କର ଭୂମିକା ଗ୍ରହଣ କରିବାକୁ ଆହ୍ୱାନ କରିଥିଲେ।

ସେହିପରି ତୃତୀୟ ଦିନରେ ନୋବେଲ ବିଜେତା ଓଉଇଦେଦ୍ ବୋଚାମାଉଇ କହିଥିଲେ ଯେ ଛାତ୍ରଛାତ୍ରୀମାନେ ସେମାନଙ୍କ ଜୀବନରେ ଡ. ସାମନ୍ତଙ୍କ ଭଳି ଦୟା, କରୁଣା ଓ ମାନବିକତାକୁ ସେମାନଙ୍କ ମୂଳ ମନ୍ତ୍ର କରିବାକୁ ଆହ୍ୱାନ ଦେଇଥିବା ବେଳେ ସେବା, ସ୍ଥିରତା ଏବଂ କରୁଣାର ଉଦାହରଣ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଛାତ୍ରଛାତ୍ରୀଙ୍କୁ ସେମାନଙ୍କ ସଫଳତା ପାଇଁ ଅଭିନନ୍ଦନ ଜଣାଇବା ସହ ସେମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ।

କାର୍ଯ୍ୟକ୍ରମ ଅବସରରେ ନୋବେଲ ବିଜେତା ପ୍ରଫେସର୍ ମୋହନ ମୁନାସିଂଘେ, ନୋବେଲ ବିଜେତା ଓଉଇଦେଦ୍ ବୋଚାମାଉଇ, ଶାନ୍ତିପ୍ରବକ୍ତା ଡ. ହୁଜୈଫା ଖୋରାକିୱାଲା, କମ୍ପିଟିସନ ସକସେସ୍ ରିଭ୍ୟୁର ଅଧ୍ୟକ୍ଷ ଏସ୍. କେସଚଦେବା, ଗୁଏତମାଲା ଗଣରାଜ୍ୟ ସାଂସଦ ଡ. ଫିଡେଲ ରାଏସ୍ ଲି, ଜର୍ମାନୀର ପ୍ରତ୍ନତାତ୍ତ୍ୱିକ ପାର୍କର ଅଧ୍ୟକ୍ଷ ନବର୍ଟ ସାଉର ଏବଂ ଲାଲଚାନ୍ଦ ଗ୍ରୁପ୍‌ର ପ୍ରତିଷ୍ଠାତା ଅଧ୍ୟକ୍ଷ ସଞ୍ଜୟ ହଂସଙ୍କୁ ସମ୍ମାନସୂଚକ ଡକ୍ଟରେଟ୍ ପ୍ରଦାନ କରାଯାଇଥିଲା।

ସେହିପରି ୧୯୫ ଛାତ୍ରଛାତ୍ରୀଙ୍କୁ ପିଏଚ୍‌ଡି, ୨୦୩୪ ଜଣଙ୍କୁ ସ୍ନାତକୋତ୍ତର, ୭୨୩୨ଜଣଙ୍କୁ ସ୍ନାତକ ଡିଗ୍ରୀ ପ୍ରଦାନ କରାଯାଇଥିଲା। ଅପରପକ୍ଷେ, ବିଭିନ୍ନ କ୍ଷେତ୍ରରେ ଉତ୍କର୍ଷ ପ୍ରତିପାଦିତ କରିଥିବା ଛାତ୍ରଛାତ୍ରୀଙ୍କୁ ପ୍ରତିଷ୍ଠାତା ସ୍ୱର୍ଣ୍ଣପଦକ, କୁଳାଧିପତି ସ୍ୱର୍ଣ୍ଣପଦକ, ପିପିଏଲ୍ ସ୍ୱର୍ଣ୍ଣ ପଦକ, ପିକେ ବଳ ସ୍ମାରକୀ ସ୍ୱର୍ଣ୍ଣ ପଦକ, ନନିବାଳା ସ୍ମାରକୀ ସ୍ୱର୍ଣ୍ଣପଦକ, ଶ୍ରୀକୃଷ୍ଣଚନ୍ଦ୍ର ପଣ୍ଡା ସ୍ମାରକୀ ସ୍ୱର୍ଣ୍ଣ ପଦକ, ଡ. ୱାଟି ପରମଗୁରୁ ସ୍ମାରକୀ ସ୍ୱର୍ଣ୍ଣ ପଦକ ଓ କୁଳପତି ରୌପ୍ୟପଦକ ପ୍ରଦାନ କରାଯାଇଥିଲା।

ଏଥିରେ କିଟ୍ ବିଶ୍ୱବିଦ୍ୟାଳୟ କୁଳାଧିପତି ଅଶୋକ କୁମାର ପରିଜା, ଉପକୁଳାଧିପତି ପ୍ରଫେସର ଡ. ସୁବ୍ରତ ଆଚାର୍ଯ୍ୟ, କୁଳପତି ପ୍ରଫେସର୍ ଶରଣଜିତ ସିଂହ, ଉପକୁଳପତି ପ୍ରଫେସର୍ ରାଜୁ କେ.ଡି ଓ କୁଳସଚିବ ପ୍ରଫେସର୍ ଜ୍ଞାନ ରଞ୍ଜନ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

# କେନ୍ଦ୍ରକୁ ଯିବେ ସମର୍ଥ ବର୍ମା

ଭୁବନେଶ୍ୱର, ୨୯।୯ (ସମିସ): କେନ୍ଦ୍ରକୁ ଡେପୁଟେସନ୍‌ରେ ଯିବେ ୨୦୧୧ବ୍ୟାଚ୍ ଓଡ଼ିଶା କ୍ୟାଡର୍ ଆଇଏଏସ୍ ଅଧିକାରୀ ସମର୍ଥ ବର୍ମା। ୫ ବର୍ଷ ପାଇଁ ଶ୍ରୀ ବର୍ମା କେନ୍ଦ୍ରକୁ ଯିବେ। ଏନେଇ ସୋମବାର କାର୍ମିକ ମନ୍ତ୍ରଣାଳୟ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତିରେ ସୂଚନା ଦିଆଯାଇଛି। ତାଙ୍କୁ ବନ୍ଦର, ଜାହାଜ ଓ ଜଳମାର୍ଗ ମନ୍ତ୍ରଣାଳୟର ନିର୍ଦ୍ଦେଶକ ଭାବେ ଦାୟିତ୍ୱ ମିଳିଛି। ଏହି ନିର୍ଦ୍ଦେଶନାମାର ୩ ସପ୍ତାହ ମଧ୍ୟରେ ଶ୍ରୀ ବର୍ମା ନୂତନ ପଦବୀରେ ଦାୟିତ୍ୱ ଗ୍ରହଣ କରିବେ। ଏଥିପାଇଁ ତାଙ୍କୁ ରିଲଭ୍ କରିବା ପାଇଁ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କୁ କାର୍ମିକ ମନ୍ତ୍ରଣାଳୟ ପକ୍ଷରୁ ପତ୍ର ଲେଖାଯାଇଛି।




# ୨ରୁ କଂଗ୍ରେସର ବର୍ଷବ୍ୟାପୀ ପଦଯାତ୍ରା

ଭୁବନେଶ୍ୱର, ୨୯।୯ (ସମିସ): ଆସନ୍ତା ଅକ୍ଟୋବର ୨ତାରିଖରୁ ଓଡ଼ିଶାରେ ବର୍ଷବ୍ୟାପୀ 'ଗାନ୍ଧୀ ପଥେ ଓଡ଼ିଶା' ପଦଯାତ୍ରା ଆରମ୍ଭ କରିବ କଂଗ୍ରେସ। ଗାନ୍ଧୀ ଜୟନ୍ତୀ ଦିନ ପିସିସି ସଭାପତି ଭକ୍ତଚରଣ ଦାସ ମାଲକାନଗିରିର ମୋଟୁଠାରୁ ଏହି ପଦଯାତ୍ରାର ଶୁଭାରମ୍ଭ କରିବେ। ନାରୀ ନ୍ୟାୟ ଅଧିକାର ପାଇଁ ୩ ତାରିଖ

**ଯୋଗ ଦେଇପାରନ୍ତି ରାହୁଲ୍ ଗାନ୍ଧୀ**

ମଧ୍ୟ ପଦଯାତ୍ରାର ପ୍ରଥମ ଦଫା ଚାଲୁ ରହିବ। ତେବେ ନୂଆପଡ଼ା ଉପନିର୍ବାଚନ ପରେ ପଦଯାତ୍ରା ପୁଣି ଆରମ୍ଭ କରାଯିବ କଂଗ୍ରେସ ମିଡିଆ ସେଲ୍ ମୁଖ୍ୟ ଅରବିନ୍ଦ ଦାସ ସୂଚନା ଦେଇଛନ୍ତି। ରାଜ୍ୟର ପ୍ରତ୍ୟେକ ବ୍ଲକ୍‌ରେ ପର୍ଯ୍ୟାୟାନୁକ୍ରମେ ଦିନକୁ ୧୫-୨୦ କିମି ଏହି ପଦଯାତ୍ରା ଆୟୋଜିତ ହେବ। ଏନେଇ ବିସ୍ତୃତ କାର୍ଯ୍ୟସୂଚୀ ଓ ରୋଡମ୍ୟାପ୍ ବର୍ତ୍ତମାନ କଂଗ୍ରେସ ପ୍ରସ୍ତୁତ କରୁଛି। ଏହି ପଦଯାତ୍ରାରେ ରାଜ୍ୟର ବରିଷ୍ଠ କଂଗ୍ରେସ ନେତୃବୃନ୍ଦ ଅଂଶଗ୍ରହଣ କରିବେ। ଏହାବ୍ୟତୀତ ବର୍ଷେବ୍ୟାପୀ ଏହି ପଦଯାତ୍ରା ଜାରି ରହିବାକୁ ଥିବାରୁ କଂଗ୍ରେସ ନେତା ରାହୁଲ ଗାନ୍ଧୀ ମଧ୍ୟ ଅଂଶଗ୍ରହଣ କରିବାର ସମ୍ଭାବନା ରହିଛି। ଆସନ୍ତା ନଭେମ୍ବର ସୁଦ୍ଧା ସେ ଓଡ଼ିଶା ଗସ୍ତ କରିପାରନ୍ତି ବୋଲି କୁହାଯାଉଛି।



# ସୋର ଥାନାଧିକାରୀଙ୍କୁ ମାଡ଼ ଘଟଣାରେ ୪ ଗିରଫ

ସୋର, ୨୯।୯ (ସମିସ): ସୋର ପୌର ପାଳିକା ଅନ୍ତର୍ଗତ କୋର୍ଟ ସମ୍ମୁଖରେ ଗତକାଲି ରାତିରେ ସୋର ଥାନାଧିକାରୀଙ୍କୁ ମାଡ଼ ମାରିବା ଘଟଣାରେ ସୋର ପୁଲିସ ୪ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗତକାଲି ରାତିରେ ଏସିଆ କପ ଫାଇନାଲ ମ୍ୟାଚ ଚାଲିଥିବା ବେଳେ କୋର୍ଟ ସମ୍ମୁଖ ତାରିଣୀ ମନ୍ଦିର ସମ୍ମୁଖରେ ରାସ୍ତା ଅବରୋଧ କରି ନିର୍ଦ୍ଦିଷ୍ଟ ଏକ କ୍ଲବର ଯୁବକ ମାନେ ଏଲଇଡି ଲଗାଇ ମ୍ୟାଚର ସିଧା ପ୍ରସାରଣ କରୁଥିଲେ। ଏହି ସମୟରେ ସୋର ଥାନାଧିକାରୀ ସୁଦୀପ୍ତ କୁମାର ସାହୁ ପାଟ୍ରୋଲିଂ କରୁଥିବା ବେଳେ ସେଠାରେ ପହଞ୍ଚି ରାସ୍ତା ଅବରୋଧ ହୋଇଥିବାରୁ ସମ୍ପୃକ୍ତ ଯୁବକମାନଙ୍କୁ ପ୍ରଶ୍ନ କରିଥିଲେ ଏବଂ ଥାନାଧିକାରୀ ନିଜ ମୋବାଇଲରେ ଘଟଣାକୁ ରେକର୍ଡିଂ କରିଥିଲେ। ଏହି ସମୟରେ ଜଣେ ଯୁବକ ତାଙ୍କ ମୋବାଇଲକୁ ଆଣି ଥାନାଧିକାରୀଙ୍କ ମୁହଁ ନିକଟରେ ଦେଖାଇବାରୁ ଥାନାଧିକାରୀ ଶ୍ରୀ ସାହୁ ତାଙ୍କ ହାତକୁ ଠେଲି ଦେବା ଫଳରେ ଯୁବକଙ୍କ ହାତରୁ ମୋବାଇଲଟି ଗଳି ପଡିଥିଲା। ଏଥିରେ ଉତକ୍ଷିପ୍ତ ହୋଇ ଯୁବକ ଜଣଙ୍କ ଥାନାଧିକାରୀଙ୍କୁ ମାଡ଼ ମାରିବା ପରେ ଉପସ୍ଥିତ ଥିବା କିଛି ଯୁବକ ଥାନାଧିକାରୀ ଏବଂ ଏଏସଆଇ ସମୀର ବେହେରାଙ୍କୁ ଆକ୍ରମଣ କରିଥିଲେ। ଫଳରେ ସମୀର ବେହେରା ଗୁରୁତର ଆହତ ହେବା ସହିତ ଥାନାଧିକାରୀ ସୁଦୀପ୍ତ ସାହୁ ଆହତ ହୋଇଥିଲେ। ପରେ ପୁଲିସ ଆକ୍ରମଣ କାରି ଯୁବକକୁ ଉଠାଇ ଆଣି ମେଡିକାଲରେ ଭର୍ତ୍ତି କରିବା ସହିତ ବିଳମ୍ବିତ ରାତିରେ ଖଣ୍ଡାସାହି ଗ୍ରାମର ଚନ୍ଦନ ଧଡ଼ା, ପ୍ରମୋଦ ଧଡ଼ା, ଦୀନବନ୍ଧୁ କାହାଳି ଏବଂ ଶିବ ବେହେରା ପୁଲିସ ରାତିରେ ଉଠାଇ ଆଣି ପଚରା ଉଚରା କରିଥିଲା। ଆଜି ଏ ବାବଦରେ ପୁଲିସ ଥାନାରେ ୭୯୧/୨୫ରେ ଏକ ମାମଲା ରୁଜୁ କରି ସମସ୍ତଙ୍କୁ ଗିରଫ କରିଥିଲା।ଅପରାହ୍ନରେ ସୋର ମେଡିକାଲରେ ସମସ୍ତଙ୍କ ଡାକ୍ତରୀ ମାଇନା ପରେ ସମସ୍ତଙ୍କୁ କୋର୍ଟ ଚାଲାଣ କରାଯାଇଛି।

# ଫଳମୂଳ ସହ ଡାଲା ପାଇଁ ବଜାର ଭିଡ଼

ବାଲେଶ୍ୱର,୨୯।୯(ସମିସ): ପବିତ୍ର ଦୁର୍ଗାପୂଜା ପାଇଁ ବାଲେଶ୍ୱର ସହର ଚଳଚଞ୍ଚଳ ହୋଇଉଠିଛି। ସହରର ବିଭିନ୍ନ ମଣ୍ଡପରେ ପୂଜା ପାଉଛନ୍ତି ମା’ ଦୂର୍ଗା। ଆଜି ହେଉଛି ମା’ଙ୍କ ମହାସପ୍ତମୀ ପୂଜା। ରାତି ପାହିଲେ ହେବ ମହାଷ୍ଟମୀ ପୂଜା। ଏହି ମହାଷ୍ଟମୀ ପୂଜା ପାଇଁ ଫାଣ୍ଡିଛକ ଫଳ ବଜାର ଏବେ ପ୍ରବଳ ଭିଡ। ଅଷ୍ଟମୀ ପୂଜାରେ ମାଙ୍କ ଠାରେ ଡାଲା ଭୋଗ ଲଗାଇବା ପାଇଁ ଶ୍ରଦ୍ଧାଳୁମାନେ ଫଳ ଭୋଗ ଠାରୁ ଆରମ୍ଭ କରି ବ୍ରତ ମଧ କିଣୁଛନ୍ତି। ଏପରିକି ରାସ୍ତା କଡରେ ବିଭିନ୍ନ ପ୍ରକାରର ଡାଲା ମଧ ବିକ୍ରି ହେଉଥିବା ଦେଖିବାକୁ ମିଳିଛି। ଅନ୍ୟପଟେ ଫାଣ୍ଡିଛକରେ ବିଭିନ୍ନ ସାମଗ୍ରୀ କିଣିବା ପାଇଁ ଲୋକମାନଙ୍କର ଅହେତୁକ ଭିଡ ଦେଖିବାକୁ ମିଳିଛି। ଫାଣ୍ଡିଛକରେ ବିଭିନ୍ନ ପ୍ରକାର ଫଳଠାରୁ ଆରମ୍ଭ କରି ମାଙ୍କ ପୂଜା ପାଇଁ ବିଭିନ୍ନ ସାମଗ୍ରୀ ବିକ୍ରୀ ହେଉଛି। ଫଳ ଦର ଅଧିକ ରହିଥିବା ବେଳେ ଲୋକେ କମ ପରିମାଣରେ କିଣୁଥିବା ଲକ୍ଷ୍ୟ କରାଯାଇଛି।

# ଲକ୍ଷାଧିକ ଟଙ୍କାର ବାଣ ଜବତ, ଜଣେ ଗିରଫ


ନୀଳଗିରି, ୨୯।୯ (ସମିସ): ବାଲେଶ୍ୱର ଜିଲ୍ଲା ନୀଳଗିରି ଥାନା ଅଞ୍ଚଳରେ ବେଆଇନ ଭାବରେ ତିଆରି ହୋଇଥିବା ଲକ୍ଷ ଲକ୍ଷ ଟଙ୍କାର ବାଣ ଜବତ କରିବା ସହିତ ପୁଲିସ ଜଣକୁ ଗିରଫ କରିଥିବା ଜଣାପଡ଼ିଛି। ଅଟକ ହୋଇଥିବା ଯୁବକ ଜଣକ ହେଲେ ନୀଳଗିରି ଥାନା ଅଧିନ ଈଶ୍ୱରପୁର ପଞ୍ଚାୟତର ବାଇଧର ଜେନା (୫୮)। ଆଗକୁ ପାର୍ବଣ ଋତୁ ଥିବାରୁ ବାଣ ପ୍ରସ୍ତୁତ କରି ବିକ୍ରି କରିବା ପାଇଁ ବାଣ ତିଆରି କରୁଥିଲେ। ନୀଳଗିରି ଏସଡିପିଓ ପ୍ରମୋଦ କୁମାର ମଲ୍ଲିକ କୌଣସି ସୂତ୍ରରୁ ଖବର ପାଇବା ପରେ ତାଙ୍କ ନିର୍ଦ୍ଦେଶରେ ନୀଳଗିରି ଥାନା ଆଇ.ଆଇ.ସି ଗୋବର୍ଦ୍ଧନ ନାୟକଙ୍କ ନେତୃତରେ ଏସ.ଆଇ ବିକାଶ ଭୋଇ ସଦଳବଳ ନେଇ ବାଣ ତିଆରି ସ୍ଥାନ ଉପରେ ଅଚାନକ ଚଢ଼ାଉ କରି ବାଣ ସହ ଉକ୍ତ ଯୁବକଙ୍କୁ ଗିରଫ କରିଛନ୍ତି। ଜବତ ହୋଇଥିବା ବାଣର ମୂଲ୍ୟ ଦୁଇ ଲକ୍ଷ ଟଙ୍କାରୁ ଅଧିକ ହେବ ବୋଲି ଜଣାପଡ଼ିଛି। ଏ ନେଇ ନୀଳଗିରି ଥାନା ପକ୍ଷରୁ ୩୮୦/୨୫ ନଂ ମାମଲା ରୁଜୁ କରି ଯୁବକକୁ ଗିରଫ କରିବା ପରେ ପୁଲିସ ଘଟଣାର ଅଧିକ ତଦନ୍ତ କରୁଥିବାର ଜଣା ପଡ଼ିଛି।

# ପୋଖରୀରେ ପଡ଼ି ଯୁବକଙ୍କ ମୃତ୍ୟୁ

ସିମୁଳିଆ, ୨୯।୯ (ସମିସ): ସିମୁଳିଆ ବ୍ଲକ ଅନ୍ତର୍ଗତ ରପେୟା ପଞ୍ଚାୟତ ନଛିପୁର ଗ୍ରାମର ମଧୁ ନାଥଙ୍କ ପୁତ୍ର ରତ୍ନାକର ନାଥଙ୍କ ପୋଖରୀରେ ପଡ଼ି ମୃତ୍ୟୁ ଘଟିଛି। ସେ ରାତି ପୋଖରୀକୁ ଶୌଚ ହେବାକୁ ଯାଇଥିବାବେଳେ ଗୋଡ଼ ଖସିବାରୁ ପାଣିରେ ବୁଡ଼ିଯାଇଥିଲେ। ପରିବାର ଲୋକେ ଖୋଜାଖୋଜି କରି ପାଇନଥିଲେ। ପରଦିନ ସକାଳେ ରତ୍ନାକର ପୋଖରୀରେ ଭାସୁଥିବା ଦେଖି ଗ୍ରାମବାସୀ ପୁଲିସକୁ ଜଣାଇଥିଲେ। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି।


# ସାପ କାମୁଡ଼ାରେ ନାବାଳକ ମୃତ

ରାଜଘାଟ, ୨୯।୯ (ସମିସ): ବସ୍ତା ଥାନା କୁଳିଦା ପଞ୍ଚାୟତ ଅନ୍ତର୍ଗତ ଜଗନ୍ନାଥପୁର ଗ୍ରାମରେ ସର୍ପାଘାତରେ ଜୈନିକ ଦଶମ ଶ୍ରେଣୀ ଛାତ୍ରର ମୃତ୍ୟୁ ହୋଇଛି। ଛାତ୍ର ଜଣକ ହେଲେ ଏହି ଗ୍ରାମର ତାପସ କୁମାର ଦତ୍ତଙ୍କ ପୁଅ ଶମ୍ଭୁନାଥ ଦତ୍ତ ଓରଫ୍ ସିପୁନ(୧୫)। ସିପୁନ ଶନିବାର ରାତିରେ ଖିଆପିଆ ସାରି ଘରେ ଶୋଇଥିଲା ବେଳେ ଏକ ବିଷଧର ସାପଟିଏ କାମୁଡ଼ିଦେଇଥିଲା। ମାତ୍ର ସିପୁନ ଏନେଇ ଅଜ୍ଞାତ ଥିବା ବେଳେ ଗତକାଲି ମା’ଙ୍କୁ ଛାଡ଼ିବା ପାଇଁ ବାଲେଶ୍ୱର ରେଳ ଷ୍ଟେସନକୁ ଯାଇଥିବା ବେଳେ ସାପ ବିଷ ଧୀରେ ଧୀରେ ଚରିଥିଲା। କିଛି ସମୟ ପରେ ବାନ୍ତି ଓ ଛାତିବ୍ୟଥା ହେବାରୁ ସିପୁନ ସଂଜ୍ଞାହୀନ ହୋଇଯାଇଥିଲେ। ତାଙ୍କୁ ତୁରନ୍ତ ଜିଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲା ମାତ୍ର ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଏ ନେଇ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପରେ ମୃତଦେହକୁ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି।









































**ସରିଲା ସପ୍ତମୀ ପୂଜା; ଆଜି ମହାଷ୍ଟମୀ**

# ଆଲୋକମାଳାରେ ଝଲସୁଛି ବାରିପଦା ସହର










ବାରିପଦା, ୨୯ ।୯ (ସମିସ): ମହାମାୟା ମା' ଦୁର୍ଗାଙ୍କ ଆଗମନରେ ବାରିପଦା ସହର ଉତ୍ସବ ମୁଖରିତ ହୋଇଉଠିଛି । ରବିବାରଠାରୁ ବିଭିନ୍ନ ମଣ୍ଡପରେ ବିଲ୍ୱବରଣ ଓ ଆମନ୍ତ୍ରଣାଧ୍ୟାସ ତଥା ତପଃ ଷଷ୍ଠୀରୁ ପୂଜାରମ୍ଭ ହୋଇଛି । ରବିବାର ମା'ଙ୍କ ଚକ୍ଷୁଦାନ ପରେ ସପ୍ତମୀ ପୂଜା ଆରମ୍ଭ ହୋଇଛି । ସପ୍ତମୀ ପୂଜା ନିମନ୍ତେ ଦିନ ତମାମ ପୂଜା ମଣ୍ଡପରେ ଶ୍ରଦ୍ଧାଳୁଙ୍କ ଭିଡ଼ ଲାଗିରହିଛି । ମଙ୍ଗଳବାର ମହାଷ୍ଟମୀ ପୂଜା ପାଇଁ ସମସ୍ତ ପ୍ରସ୍ତୁତି ସରିଛି । ବୁଧବାର ନବମୀ ବା ସନ୍ଧିପୂଜା ସାଙ୍ଗକୁ ଗୁରୁବାର ଦଶହରା ତଥା ଶୁକ୍ରବାର ଭସାଣି ଉତ୍ସବ ଅନୁଷ୍ଠିତ ହେବ । ତେବେ ପୀଠପୂଜାରେ କେତେକ ସ୍ଥାନରେ କାର୍ଯ୍ୟସୂଚୀ ନିୟମାନୁଯାୟୀ ଫରକ ରହିଛି । ମା' ଅମ୍ବିକାଙ୍କ ପୀଠ, ପାଲବଣୀ, ତୁଳସୀ ଚଉରା, ଷ୍ଟେସନବଜାର, ବଡ଼ଦାଣ୍ଡ, କେସି ସର୍କଲ, ସହିଦ ପଡ଼ିଆ, ଫ୍ରେଜର ହଷ୍ଟେଲ, ଲାଲବଜାର, ଭଞ୍ଜପୁର, ମୁର୍ଗାବାଡ଼ି, ତକତପୁର, ତେନ୍ତୁଳିଡିଙ୍ଗା, ଅସ୍ତିଆ, ବାଘଡ଼ାରୋଡ଼, ମଧୁବନ, ବଡ଼ବଜାର ଓ ଗାନ୍ଧୀ ମାର୍କେଟ ଆଦି ୩୦ରୁ ଊର୍ଦ୍ଧ୍ୱ ସ୍ଥାନରେ ପାରମ୍ପରିକ ପୂଜା ଆରମ୍ଭ ହୋଇଛି । ଆୟୋଜକ କମିଟି ନିଜ ନିଜର ପୂଜାକୁ ସର୍ବାଙ୍ଗ ସୁନ୍ଦର କରିବା ପାଇଁ ଆପ୍ରାଣ ଉଦ୍ୟମ ଚଳାଇଛନ୍ତି । ବିଭିନ୍ନ ସ୍ଥାନରେ ଧାର୍ମିକ ତଥା ସାଂସ୍କୃତିକ କାର୍ଯ୍ୟକ୍ରମ ପାଇଁ ମଣ୍ଡପଗୁଡ଼ିକରେ ଭିଡ଼ ଲାଗିଛି । ସକାଳୁ ବିଭିନ୍ନ ଫଳ ଦୋକାନରେ ଅସମ୍ଭବ ଭିଡ଼ ପରିଲକ୍ଷିତ ହୋଇଥିବା ବେଳେ ନ ମଲ, ଗହଣା, ଲୁଗା ଓ ପୋଷାକ ଦୋକାନରେ ମଧ୍ୟ ଏକ ସପ୍ତାହ ଧରି ଭିଡ ଲାଗିରହିଛି । ସହରରେ ଚାକିରି କରିଥିବା ଅଧିକାଂଶ ଛୁଟି ମନାଇବାକୁ ଅନ୍ୟତ୍ର ଯାଇଥିବା ବେଳେ ବାହାରେ ରହିଥିବା ସହରବାସୀ ନିଜ ସହରକୁ ଆସୁଛନ୍ତି ।



ନବରାତ୍ରରେ ମା'ଅମ୍ବିକାଙ୍କ ମହାଗୌରୀ ବେଶ

**ତତଲା କଡ଼େଇରେ ପଡ଼ି ଛାତ୍ର ଗୁରୁତର ଘଟଣା**

## ସ୍କୁଲ କର୍ତ୍ତୃପକ୍ଷଙ୍କୁ ଦାୟୀ କଲେ ଭବେଶ

**ମୋରଡ଼ା, ୨୯।୯ (ସମିସ):** ମୋରଡା ବ୍ଲକ କରମଶୋଳ ଉଚ୍ଚ ବିଦ୍ୟାଳୟରେ ଗତ ୨୫ତାରିଖରେ ୯ମ ଶ୍ରେଣୀ ଛାତ୍ର ଜ୍ଞାନରଞ୍ଜନ ମହାନ୍ତ ମଧ୍ୟାହ୍ନ ଭୋଜନ ଖାଇବାକୁ ଯାଇଥିବାବେଳେ ଗୋଡ ଖସିଯିବାରୁ ଗରମ ତରକାରୀ କଡେଇରେ ପଡ଼ିଯାଇଥିଲେ । ଫଳରେ ସେ ଗୁରୁତର ଆହତ ହୋଇ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି । ତାଙ୍କ ପିତା ଭବେଶ ମହାନ୍ତ ଏହି ଘଟଣାରେ ସ୍କୁଲ କର୍ତ୍ତୃପକ୍ଷଙ୍କ ଅବହେଳାକୁ ଦାୟୀକରି ଶୁକ୍ରବାର ବେତନଟୀ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ଅଭିଯୋଗ ମୁତାବକ, ଗତ ବୁଧବାର ଜ୍ଞାନରଞ୍ଜନ ଅନ୍ୟ ପିଲାଙ୍କ ସହ ମଧ୍ୟାହ୍ନ ଭୋଜନ ଖାଇବାକୁ ଯାଇଥିଲେ ।ତେବେ ଖାଦ୍ୟ ବଢ଼ାହେଉଥିବା ସ୍ଥାନରେ ବର୍ଷା କାଦୁଅରେ ପାଣି ଜମିଥିବାବେଳେ ଅସାବଧାନତାବଶତଃ ଗୋଡ଼ ଖସି ଯିବାରୁ ତତଲା ତରକାରୀ କଡ଼େଇ ଉପରେ ଜ୍ଞାନରଞ୍ଜନ ପଡ଼ି ଯାଇଥିଲେ । ଫଳରେ ତାଙ୍କର ଶରୀରରେ ପୋଡ଼ାଜ୍ୱଳା ହେବା ସହ ଯନ୍ତ୍ରଣାରେ ଛଟପଟ ହୋଇଥିଲେ । ସ୍କୁଲ କର୍ତ୍ତୃପକ୍ଷ କୃଷ୍ଣଚନ୍ଦ୍ରପୁର ଡାକ୍ତରଖାନାରେ ଭର୍ତ୍ତି କରିଥିଲେ । ହେଲେ ତାଙ୍କର ମୁଣ୍ଡ ଓ ଡାହାଣ କାନ, ଡାହାଣ ହାତ ଏବଂ ଛାତି ପୋଡ଼ିହୋଇ ଗଭୀର କ୍ଷତ ସୃଷ୍ଟି ହୋଇଛି । ଡାକ୍ତରଖାନାରୁ ଚିକିତ୍ସା କରାଇ ଆଣି ସ୍କୁଲ କର୍ତ୍ତୃପକ୍ଷ ଘରେ ଛାଡିଦେଇଥିଲେ । ତେବେ ତାଙ୍କର ସ୍ୱାସ୍ଥ୍ୟବସ୍ଥା ତିନି ଦିନ ହେଲା ଠିକ୍ ନ ଥିବାରୁ ସ୍କୁଲ କର୍ତ୍ତୃପକ୍ଷ ପୁଣି ଘରୋଇ ହସ୍ପିଟାଲରେ ଭର୍ତ୍ତି କରିଛନ୍ତି ।

## ନବେଢ଼ୀ-କୁଳିଅଣା ରୋଡ୍ ରେଳଷ୍ଟେସନ ଦାବି

**ବାରିପଦା/କୁଳିଅଣା, ୨୯ ।୯ (ସମିସ):** ନବେଢ଼ୀ-କୁଳିଅଣା ରୋଡ୍ ରେଲୱେ କ୍ରିୟାନୁଷ୍ଠାନ କମିଟିର ଏକ ବୈଠକ ସଭାପତି ବିଜୟ କୁମାର ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ସମ୍ପାଦକ ପ୍ରଦୀପ ଆଚାର୍ଯ୍ୟ, କୁଳିଅଣା ସରପଞ୍ଚ ଅହଲ୍ୟା ନାଏକ, ପୁରୁଣାପାଣି ସରପଞ୍ଚ ମନୋଜ କୁମାର ନାଏକ, କୁଳିଅଣା ନାଏବ ସରପଞ୍ଚ ଆନନ୍ଦ ଚନ୍ଦ୍ର ହାଁସଦା, ସାମାଜିକ କର୍ମୀ ଝୁନୁରାମ ନାଏକ ଓ ହରିଶ ଚନ୍ଦ୍ର ମହାନ୍ତ, ଶରତ ଚନ୍ଦ୍ର ନାଏକ, ଜଗନ୍ନାଥ ମହାନ୍ତ, ବୈଦ୍ୟନାଥ ମୁର୍ମୁ, ଚନ୍ଦ୍ର ନାଏକ ଓ ଆର୍ ଅଶ୍ୱିନୀ ବଞ୍ଜନ ମୁର୍ମୁ ପ୍ରମୁଖ ଉପସ୍ଥିତ ଥିଲେ । କମିଟି ସଭ୍ୟମାନେ ନବେଢ଼ୀ-କୁଳିଅଣା ରୋଡ୍ ରେଲୱେ ଷ୍ଟେସନ୍ ପାଇଁ ଦୀର୍ଘଦିନ ଧରି ଦାବି ରହିଥିବା ସତ୍ତ୍ୱେ ଦାବି ପୂରଣ ନ ହେବା ଯୋଗୁଁ ଅସନ୍ତୋଷ ପ୍ରକାଶ କରିଥିଲେ । ଉଲ୍ଲେଖ ଯୋଗ୍ୟ ଯେ ୨୦୨୩ ଏପ୍ରିଲ ୪ ତାରିଖରେ ଦକ୍ଷିଣ ପୂର୍ବ ରେଲୱେ କର୍ତ୍ତୃପକ୍ଷଙ୍କ ଦ୍ୱାରା ପ୍ରସ୍ତାବିତ ରେଳ ଷ୍ଟେସନ ପରିଦର୍ଶନ ତଥା ସ୍ଥାନକୁ ନିରୀକ୍ଷଣ କରାଯାଇଥିଲା; କିନ୍ତୁ ଇତିମଧ୍ୟରେ ଦୁଇ ବର୍ଷ ବିତିଯାଇଥିଲେ କୌଣସି ଅଗ୍ରଗତି ହୋଇନାହିଁ । ଗମନା ଗମନ ତଥା ଯୋଗାଯୋଗ ଦୃଷ୍ଟିକୋଣରୁ ଖାରପୋଖରିଆ ଓ ବାରିପଦା ମଧ୍ୟରେ ଥିବା ଏହି ଷ୍ଟେସନ ଗୁରୁତ୍ୱପୂର୍ଣ୍ଣ ସ୍ଥାନ । ଏହି ଷ୍ଟେସନ କୁଳିଅଣା ଠାରୁ ଅଢେଇ କିମି ହେଉଥିବା ବେଳେ ବଣ୍ଡାବ, ହାତୀବାରି, ଗେଣ୍ଡାପୋଖରୀ ଓ ଅଦାପାଳ ଅଞ୍ଚଳବାସୀ ଉପକୃତ ହୋଇପାରିବେ ବୋଲି କମିଟି କହିଛି ।



## ମହିଳା ଫୁଟବଲ ଟିମ୍‌ରେ ସ୍ଥାନ ପାଇଲେ ଅମ୍ଭୃତା

**ଠାକୁରମୁଣ୍ଡା, ୨୯।୯ (ସମିସ):** ଓଡ଼ିଶା ମହିଳା ସିନିୟର ଫୁଟବଲ ଟିମ୍‌ରେ ଠାକୁରମୁଣ୍ଡା ବ୍ଲକ ସାତକୋଶିଆ ଗ୍ରାମପଞ୍ଚାୟତ ସାତକୋଶିଆ ଗ୍ରାମର ଭାଗବତ ନାଏକଙ୍କ ଝିଅ ଅମ୍ଭୃତା ନାଏକ (୨୫) ସ୍ଥାନ ପାଇଛନ୍ତି । ସେ ଆସନ୍ତା ଡିସେମ୍ବର ୩ ତାରିଖରେ ଛତିଶଗଡ଼ଠାରେ ପଶ୍ଚିମବଙ୍ଗ ମହିଳା ଫୁଟବଲ ଟିମ ସହିତ ହେବାକୁ ଥିବା ମ୍ୟାଚରେ ଓଡ଼ିଶା ଦଳରୁ ଖେଳିବେ । ଏନେଇ କଟକ ଫୁଟବଲ ଆସୋସିଏସନ ପକ୍ଷରୁ ତାଲିକା ପ୍ରକାଶ ପାଇଛି । ସାତକୋଶିଆ ଗ୍ରାମର ଭାଗବତ ନାଏକଙ୍କ ଝିଅ ଅମ୍ଭୃତା ସାତକୋଶିଆ ଉଚ୍ଚ ବିଦ୍ୟାଳୟରେ ପଢ଼ା ସାରିବା ପରେ ଭୁବନେଶ୍ୱର ନିତା ଫୁଟବଲ ଏକାଡେମୀରେ ୬ ବର୍ଷ ଧରି ଅଭ୍ୟାସ କରୁଥିଲେ । ଓଡ଼ିଶା ଫୁଟବଲ ଟିମରେ ସ୍ଥାନ ପାଇଥିବାରୁ ପୂର୍ବତନ ବ୍ଲକ ଉପାଧ୍ୟକ୍ଷ ପ୍ରକାଶ ଚନ୍ଦ୍ର ନାଏକ ଓ ଠାକୁରମୁଣ୍ଡା ଅଞ୍ଚଳ ବୁଦ୍ଧିଜୀବି ତଥା ଅଞ୍ଚଳବାସୀ ଶୁଭେଚ୍ଛା ଜଣାଇଛନ୍ତି ।

## ମହିଳାଙ୍କ ଦ୍ୱାରା ମା' ଦୁର୍ଗାଙ୍କ ଘଟ ଉତ୍ତୋଳନ




**ମୋରଡ଼ା, ୨୯।୯ (ସମିସ):** ସୋମବାର ମୋରଡ଼ା ବ୍ଲକର ବିଭିନ୍ନ ସ୍ଥାନରେ ଭକ୍ତିମୟ ପରିବେଶରେ ଦୁର୍ଗତିନାସିନୀ ମା' ଦୁର୍ଗାଙ୍କ ସପ୍ତମୀ ପୂଜା ଅନୁଷ୍ଠିତ ହୋଇଯାଇଛି । ସଦର ମହକୁମା ଚିତ୍ରଡାର ସାପ୍ଲାଇ ଛକ ଏବଂ ବସଷ୍ଟାଣ୍ଡରେ ମା'ଙ୍କ ପୂଜା ନିମନ୍ତେ ମହିଳାମାନେ ଘଟ ଉତ୍ତୋଳନ କରିଥିଲେ । କାର୍ଯ୍ୟକ୍ରମରେ ଚିତ୍ରଡା ରାଜାବନ୍ଧରୁ ଶତାଧିକ ମହିଳା ମୁଣ୍ଡରେ ଘଟ ଉତ୍ତୋଳନ କରି ସାପ୍ଲାଇ ଛକ ମା'ଙ୍କ ମଣ୍ଡପ ନିକଟକୁ ଆସିଥିଲେ । ସେହିପରି ଚିତ୍ରଡାର ଭକ୍ତାଘାଟ ନିକଟରୁ ପୂଜାର୍ଚ୍ଚନା କରି ସାର୍ବଜନୀନ ଦୁର୍ଗାପୂଜା କମିଟି ସଦସ୍ୟମାନେ ଘଣ୍ଟ ଏବଂ ସଂକୀର୍ତ୍ତନ ଦଳ ପଟୁଆରରେ ଆସି ଘଟ ଉତ୍ତୋଳନ କରିଥିଲେ ।






# ସମ୍ପାଦକୀୟ



ଅହିଂସାର ପ୍ରଥମ ସୋପାନ ହେଉଛି ଜୀବନର ସବୁକ୍ଷେତ୍ରରେ ନ୍ୟାୟର ସୁନିଶ୍ଚିତତା।
-ମହାତ୍ମା ଗାନ୍ଧୀ

ସକାଳ
THE SAKALA

## ଅଭିନେତାରୁ ରାଜନେତା

ଦକ୍ଷିଣ ଭାରତ ରାଜନୀତିରେ ସିନେତାରକାଙ୍କ ପ୍ରଭାବ ଓ ପତିଆରା କିଛି ନୂଆ କଥା ନୁହେଁ। ଅତୀତରେ ତାମିଲନାଡୁରେ ଏମଜି ରାମଚନ୍ଦ୍ରନ ଓ ଜୟଲଳିତା ମୁଖ୍ୟମନ୍ତ୍ରୀପଦ ମଣ୍ଡନ କରିଥିଲେ। ସେହିଭଳି ଆନ୍ଧ୍ରପ୍ରଦେଶରେ ମଧ୍ୟ ଲୋକପ୍ରିୟ ସିନେ ଅଭିନେତା ଏନଟି ରାମାରାଓ କ୍ଷମତା ରାଜନୀତିର ଶୀର୍ଷ ସ୍ଥାନ ହାସଲ କରିଥିବା ଘଟଣା ସିନେପ୍ରେମୀଙ୍କ ମନରୁ ଲିଭିନାହିଁ। ରାଜ୍ୟବାସୀଙ୍କ ଚଳଚ୍ଚିତ୍ର ପ୍ରତି ଥିବା ଆକର୍ଷଣ ଏହି ଶିଳ୍ପକୁ ଉଚ୍ଚତର ସୋପାନରେ ପହଞ୍ଚାଇଛି ଏବଂ କଳାକାରଙ୍କ ଉପାର୍ଜନ ମଧ୍ୟ ଆଶାତୀତ ଭାବେ ବୃଦ୍ଧି ପାଇଛି। ନିକଟରେ 'ପୁଷ୍ପା- ୨' ଚଳଚ୍ଚିତ୍ର ରିଲିଜକୁ କେନ୍ଦ୍ର କରି ଅସମ୍ଭାଳ ଜନତା ଗହଳିକୁ ନିୟନ୍ତ୍ରଣ କରାଯାଇ ନପାରିବାରୁ ଦଳାଚକଟାରେ କିଛି ଲୋକ ମୃତାହତ ହୋଇଥିଲେ। ସେହି ଘଟଣାର ଆକର୍ଷଣ କେନ୍ଦ୍ର ବିନ୍ଦୁ ଥିଲେ ଲୋକପ୍ରିୟ ଅଭିନେତା ଆଲ୍ଲୁ ଅର୍ଜୁନ୍। ଆନ୍ଧ୍ର ପ୍ରଦେଶର ଉପୁଜିଥିବା ଏହି ଦଳାଚକଟାର ପୁନରାବୃତ୍ତି ଘଟିଥିଲା କର୍ଣ୍ଣାଟକର ବେଙ୍ଗାଲୁରୁ ସହରରେ। ଆଇପିଏଲ ଚମ୍ପିଆନ ଆରସିବି ଦଳ ବିଶେଷ କରି କ୍ରିକେଟ ତାରକା ବିରାଟ କୋହିଲଙ୍କୁ ଦେଖିବା ପାଇଁ ହୋଇଥିବା ଅନିୟନ୍ତ୍ରିତ ଭିଡ଼ରେ ମଧ୍ୟ ୧୧ ଜଣଙ୍କ ପ୍ରାଣହାନି ଘଟିଥିଲା। ଗତ ଶନିବାର ତାମିଲ ଅଭିନେତା ବିଜୟ ଥାଲାପତିଙ୍କ ରାଜନୈତିକ ସମାବେଶ ସମସ୍ତ ଘଟଣାକୁ ଅତିକ୍ରମ କରିଯାଇଛି। ୯ ଶିଶୁଙ୍କ ସମେତ ୪୦ରୁ ଉର୍ଦ୍ଧ୍ୱ ଦଳାଚକଟାରେ ଅଣନିଃଶ୍ୱାସୀ ହୋଇ ପ୍ରାଣ ହରାଇ ଥିବାବେଳେ ୫୦ରୁ ଉର୍ଦ୍ଧ୍ୱ ଗୁରୁତର ଆହତ ହୋଇଛନ୍ତି। ଏଭଳି ଦୁଃଖଦ ଘଟଣା ବାରମ୍ବାର ଉପୁଜିଥିଲେ ମଧ୍ୟ ଜନଗହଳି ବା ଭିଡ଼ ନିୟନ୍ତ୍ରଣ କରିବାରେ କ୍ଷମତାରେ ଥିବା ସରକାରଙ୍କ ଅସାମର୍ଥ୍ୟ କଠୋର ସମାଲୋଚନାର ସମ୍ମୁଖୀନ ହୋଇଛି।

ତାମିଲ ଚଳଚ୍ଚିତ୍ର ଜଗତରେ ବିଜୟ ଅନ୍ୟତମ ଲୋକପ୍ରିୟ ଅଭିନେତା। ସିନେପ୍ରେମୀଙ୍କ ଏହି ଭଲପାଇବାକୁ ଆଧାର କରି ସେ ଗଠନ କରିଥିବା ରାଜନୈତିକ ଦଳ ତାମିଲାଗା ଭେଟ୍ରି କାଝାଗାମ(ଟିଭିକେ) ଆସନ୍ତା ବିଧାନସଭା ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରିବାକୁ ପ୍ରସ୍ତୁତି ଚଳାଇଛି। କରୁର ଜିଲ୍ଲାରେ ଆୟୋଜିତ ଏହି ଜନସମାବେଶ ନିୟନ୍ତ୍ରଣ ବାହାରକୁ ଚାଲିଯିବାରୁ ବିପର୍ଯ୍ୟୟ ଘଟିଥିଲା। ଏହା ପଛରେ ଥିବା ତିନିଟି କାରଣ ମଧ୍ୟରୁ ସବୁଠାରୁ ପ୍ରମୁଖ ହେଉଛି ବିଜୟ ନିଜେ ସମାବେଶ ସ୍ଥଳରେ ନିର୍ଦ୍ଧାରିତ ସମୟର ୬ ଘଣ୍ଟା ବିଳମ୍ବରେ ପହଞ୍ଚିବା। ଦଶହଜାର ଲୋକଙ୍କ ଆୟୋଜନ ସକାଶେ ଦଳପକ୍ଷରୁ ପ୍ରଶାସନିକ ଅନୁମତି ନିଆଯାଇଥିବା ବେଳେ ସେଠାରେ ପ୍ରାୟ ୩୦ ହଜାର କର୍ମୀଙ୍କ ଉପସ୍ଥିତି ଯୋଗୁଁ ପରିସ୍ଥିତି ଅସମ୍ଭାଳ ହୋଇପଡ଼ିଥିଲା। ସନ୍ଧ୍ୟା ସାଢ଼େ ୭ଟାରେ ବସ ଉପରୁ ଜନସମାବେଶକୁ ବିଜୟ ଉଦ୍‌ବୋଧନ ଦେଉଥିବା ବେଳେ ବାରମ୍ବାର ବିଜୁଳି କାଟ ପରିସ୍ଥିତିକୁ ଅଣାୟତ୍ତ କରିଥିଲା। ଦୀର୍ଘ ସମୟ ଧରି ପ୍ରିୟ ନେତାଙ୍କୁ ଦେଖିବା ସକାଶେ ଅପେକ୍ଷାରତ ଦର୍ଶକ ଅସହ୍ୟ ଗରମ ଓ ଗୁଳୁଗୁଳିରେ ଆଉଟୁପାଉଟୁ ହୋଇପଡ଼ିଥିଲେ। ଅଥଚ ସମାବେଶ ସ୍ଥଳରେ ପାନୀୟ ଜଳ ବ୍ୟବସ୍ଥା ସନ୍ତୋଷଜନକ ନଥିଲା। ଏହି ପରିସ୍ଥିତିକୁ ଅନୁଧ୍ୟାନ କଲାବେଳେ ସ୍ୱତଃ ମନ ଭିତରେ ପ୍ରଶ୍ନ ଉଠେ ସମାବେଶସ୍ଥଳକୁ ଏହି ଅତିରିକ୍ତ ଦର୍ଶକଙ୍କୁ ଆସିବା ପାଇଁ ସ୍ଥାନୀୟ ପ୍ରାଶାସନ କାହିଁକି ରୋକିଲା ନାହିଁ। ଯେଭଳି ଗୋଟିକ ପରେ ଗୋଟିଏ ଘଟଣା ଦକ୍ଷିଣ ଭାରତରେ ଉପୁଜିଚାଲିଛି ସେ ଦୃଷ୍ଟିରୁ କର୍ତ୍ତୃପକ୍ଷ ସତର୍କ ହେବାର ଥିଲା। ଚଳିତ ମାସ ୧୩ ତାରିଖରେ ବିଜୟଙ୍କ ତ୍ରିଚି ସମାବେଶର ଦଳାଚକଟା ପରିସ୍ଥିତି ଉପୁଜିବା ଘଟଣାକୁ ଦୃଷ୍ଟିରେ ରଖି ହାଇକୋର୍ଟ ଆଗକୁ ସତର୍କତା ଅବଲମ୍ବନ କରିବାକୁ ଚେତାବନୀ ଦେବା ସତ୍ତ୍ୱେ କରୁରରେ ଏହି ଭୟାବହ ପରିସ୍ଥିତି ଉପୁଜିଛି। ମାଡ୍ରାସ ହାଇକୋର୍ଟ ନିଜଆଡ଼ୁ ପରିସ୍ଥିତିର ଗୁରୁତ୍ୱ ଦୃଷ୍ଟିରୁ ଘଟଣାର ବିଚାର କରିବା ଉଚିତ। ଏକ୍ଷେତ୍ରରେ ଘୋଷିତ ବିଚାର ବିଭାଗୀୟ ତଦନ୍ତ ଯଥେଷ୍ଟ ନୁହେଁ।

ଏକଥା ସତ ଯେ ଦକ୍ଷିଣ ଭାରତରେ ଉପୁଜିଥିବା ସବୁ ଘଟଣାକୁ କରୁର ବିପର୍ଯ୍ୟୟ ଅତିକ୍ରମ କରିଯାଇଛି। ସମବେଦନା, ସହାନୁଭୂତି ଓ ଅନୁକମ୍ପା ରାଶି ଘୋଷଣା ସମସ୍ୟାର ସମାଧାନ ନୁହେଁ। ତାହାର ସ୍ଥାୟୀ ପ୍ରତିକାର ହେବା ଉଚିତ। ଅଭିନେତାରୁ ରାଜନେତା ହେବାର ଅଭୀପ୍ସା ଓ ଆକାଂକ୍ଷା କିଛି ନୂଆକଥା ନୁହେଁ। ବିଜୟଙ୍କ ପୂର୍ବରୁ ରଜନୀକାନ୍ତ ମଧ୍ୟ ଅନୁରୂପ ପ୍ରୟାସ କରି ବିଫଳ ହୋଇଛନ୍ତି। ସିନେତାରକା ନିଜର ଲୋକପ୍ରିୟତାକୁ ଆଧାର କରି କ୍ଷମତା ରାଜନୀତି ଦଖଲ ବା ଅକ୍ତିଆର କରିବା ଏତେ ସହଜ ନୁହେଁ। ତଥାପି କ୍ଷମତାର ପ୍ରଭୁତ୍ୱ ପ୍ରତି ସମସ୍ତଙ୍କ ଆକର୍ଷଣ ରହିଛି ଓ ଆଗକୁ ରହିବ।

## ଚାଷୀଙ୍କ ଦୁର୍ଦ୍ଦଶା

ମା' ଦୁର୍ଗାଙ୍କ ଆବାହନୀରେ ରାଜ୍ୟରେ ଉତ୍ସବମୁଖର ମୁହୂର୍ତ୍ତ ସହ ସାମିଲ ହୋଇପାରୁନି ଚାଷୀ। ଖରିଫ ଋତୁରେ ଆମ ଚାଷୀଙ୍କ ଧାନଚାଷ ଉପରେ ନିର୍ଭରଶୀଳତା ସବୁଠାରୁ ଅଧିକ। ବେଉଷଣ ପରେ ପାଗଯୋଗ ଠିକ୍ ରହିଲେ ସମ୍ଭାବନାର ଅଙ୍କ କଷି ଚାଷୀ ଦୁର୍ଗାପୂଜା ଓ ଗଜଲକ୍ଷ୍ମୀଙ୍କ ଆରାଧାନାରେ ସପରିବାର ବିଭୋର ହୋଇପଡ଼େ। ଧାନଚାଷ ଠିକ୍‌ଠାକ୍ ଉତୁରି ଯାଉ ଏବଂ ଘର ଧନଧାନ୍ୟରେ ଭରିଯାଉ କାମନା କରି ସେ ମାଆଙ୍କ ଆଶୀର୍ବାଦ କାମନା କରିଥାଏ। ଇଏ ହେଉଛି ଆମ ଚଳଣି ଓ ଜୀବନଧାରାର ଅଂଶବିଶେଷ। ଦିନ କେତୋଟି ନ ଯାଉଣୁ ଅକ୍ଟୋବର ୧୬ରେ ଗର୍ଭଣା ସଂକ୍ରାନ୍ତି। ଚାଷ ଜମିରେ ଧାନ ଗଛ ଗର୍ଭଧାରଣ କରିବ। ଏସବୁ ଦୃଷ୍ଟିରୁ ବିଚାର କଲେ ଚାଷୀ ପାଇଁ ଏହା ଏକ ଗୁରୁତ୍ୱପୂର୍ଣ୍ଣ ସମୟ। ସାମାନ୍ୟ ଓଲମବିଲମ ହୋଇଗଲେ ସବୁ ମେହନତ ଓ ଲଗାଣ ପାଣିରେ ପଡ଼ିଯିବ। ଅଥଚ ଚଳିତ ଖରିଫଋତୁରେ ବିଳମ୍ବିତ ସୌସୁମୀ ବର୍ଷା। ତା'ସାଙ୍ଗକୁ ଅଗଷ୍ଟ ଓ ସେପ୍ଟେମ୍ବରରେ କ୍ରମାଗତ ଏମିତି ବର୍ଷା ଓଜାଡ଼ିଲା ଯେ ଧାନ ଚାଷ ଶୃଙ୍ଖଳାକୁ ଭାଙ୍ଗିଦେଇ ଚାଷୀ ଆଗପଛ ନ ବିଚାରି କୌଣସି ପ୍ରକାରେ ଫସଲ ଉତାରିବାରେ ଲାଗିପଡ଼ିଛି। ହେଲେ ଗୋଟିକ ପରେ ଗୋଟିଏ ମନୁଷ୍ୟକୃତ ଓ ପ୍ରାକୃତିକ ଧକ୍କା ତା' ମନୋବଳକୁ ଭାଙ୍ଗିଦେଇଛି।

ଏସନ ଧାନ ଚାଷ ବିଳମ୍ବରେ ଆରମ୍ଭ ହୋଇଥିବାରୁ ଚାଷୀର ସାର ଉପରେ ନିର୍ଭରଶୀଳତା ଅପେକ୍ଷାକୃତ ଅଧିକ ହେବା ସ୍ୱାଭାବିକ। ହେଲେ ସରକାରଙ୍କ ପ୍ରତିଶ୍ରୁତି ପାଣିର ଗାର। ଚାହିଦା ଅନୁଯାୟୀ ରାଜ୍ୟରେ ଯଥେଷ୍ଟ ସାର ମହଜୁଦ ନଥିବା ବେଳେ ଚୋରା କାରବାରକୁ ରୋକିବାରେ ପ୍ରଶାସନର ଅକ୍ଷମତା ପାଇଁ ଚାଷୀ ଅତିରିକ୍ତ ବ୍ୟୟଭାର ବହନ କରିବାକୁ ବାଧ୍ୟ ହୋଇଛି। ସମସ୍ୟା ସେତିକିରେ ଶେଷ ହୋଇନାହିଁ। ସାରର ନିଅଣ୍ଟିଆ ସ୍ଥିତି ଅଧିକ ବିକଳ ଅବସ୍ଥା ସୃଷ୍ଟି କରିଛି। ଧାର ଉଧାରରେ ଅର୍ଥ ଯୋଗାଡ଼ କରି ମଧ୍ୟ ଚାଷୀ ସାର ଯୋଗାଡ଼ କରିବାକୁ ଅସମର୍ଥ ହୋଇଛି। ଚାଷ ପାଇଁ ସଂକୁଚିତ ସମୟରେ ଧାନଗଛକୁ ବଳ ଦେବାରେ ସାରର ଉପଯୋଗିତା କେବଳ ଚାଷୀ ହିଁ ବୁଝେ। ଏହି ଅସହାୟତା ଭିତରେ ପ୍ରତିକୂଳ ପାଣିପାଗ ପୁଣି ଦାଉସାଧିଛି। ଧାନ ଚାଷକୁ ବର୍ଷା ଭଳି ସମାନୁପାତିକ ଖରାର ମଧ୍ୟ ଆବଶ୍ୟକତା ରହିଛି। ବିଲରେ କ୍ରମାଗତ ପାଣି ଭରି ରହିଲେ ଧାନଗଛ ପିଲ ଦେଇ ବଢ଼ିବାରେ ବାଧକ ହୋଇଥାଏ। ଅନ୍ୟ ଦିଗଟି ହେଲା, ଫସଲକୁ ରୋଗ ଓ ପୋକ ଦାଉରୁ ରକ୍ଷା କରିଥାଏ ଖରା। ଆମ ରାଜ୍ୟରେ ଗୋଟିକ ପରେ ଗୋଟିଏ ଲଘୁଚାପ ସୃଷ୍ଟିର ପ୍ରଭାବରୁ ବର୍ଷା ଲାଗି ରହିଛି ଯେ ଛାଡ଼ିବାକୁ ନା ଧରୁନାହିଁ। ଏମିତିରେ ବିଳମ୍ବିତ ଚାଷ ପାଇଁ ଧାନ ଗଛ ହୃଷ୍ଟପୁଷ୍ଟ ହେବା ବା ପିଲଧରିବାରେ ପଛୁଆ ଥିବାବେଳେ ରୋଗ ଓ ପୋକ ଦାଉ ବଡ଼ ବିଷମ ପରିସ୍ଥିତି ସୃଷ୍ଟି କରିଛି। ପତ୍ରପୋଡ଼ା, ପତ୍ରମରା ଓ କାଣ୍ଡବିନ୍ଧା ରୋଗ ସଂକ୍ରମଣ ବ୍ୟାପିବାରେ ଲାଗିଛି। ବିଭିନ୍ନ ଅଞ୍ଚଳରେ ଏହା ପରିଲକ୍ଷିତ ହେଉଥିବାରୁ ଚାଷୀ ମୁଣ୍ଡରେ ହାତ ଦେଇ ବସିଛି। ବଜାରରେ ଉପଲବ୍ଧ କୀଟନାଶକ ପ୍ରୟୋଗ ପରେ ପରେ ତୁହାକୁ ତୁହା ବର୍ଷା ହୋଇଯାଉଥିବାରୁ ତାହା ବଦଳ ପାଣିରେ ଭାସିଯାଉଛି। ତେଣୁ ପୋକଦାଉରୁ ଫସଲକୁ ରକ୍ଷା କରି ହେଉନି। କ୍ରମେ ଏହି ରୋଗ ବ୍ୟାପିବାରେ ଲାଗିଛି। ଚାଷୀଙ୍କ ମଧ୍ୟରେ ଏହା ହତାଶା ସୃଷ୍ଟି କରିଛି। ସତେ ଯେପରି ମନେ ହେଉଛି ପ୍ରକୃତିର କୋପକୁ ରୋକିବା ଏତେ ସହଜ ନୁହେଁ।

ନିଅଣ୍ଟିଆ ସାର ସ୍ଥିତି ବିଧାନସଭା ଅଧିବେଶନକୁ ଅଚଳ କରିଦେଇଥିଲେ ମଧ୍ୟ ଚାଷୀର ଦୁଃଖ ଦୂର ପାଇଁ ସରକାରୀ କଳ ସହାୟତାର ହାତ ବଢ଼ାଇବାକୁ ଯେ ଅସମର୍ଥ, ତାହା ଉପୁଜିଥିବା ପରିସ୍ଥିତିରୁ ଜଳଜଳ ହୋଇ ଦେଖାଯାଉଛି। ଚାଷ ଉଜୁଡ଼ି ଗଲେ ଚାଷୀର ସଂସାର ଭାସିଯିବ। ଜଗତ ଜନନୀ ମାଆ ଦୁର୍ଗା ହିଁ ଶେଷ ଭରସା। ଚାଷୀଙ୍କୁ ଏହି ଦୟନୀୟ ସ୍ଥିତିରୁ ସେ ହିଁ କେବଳ ଉଦ୍ଧାର କରିପାରିବେ। ଚଳିତ ଦଶହରାରେ ମାଆଙ୍କ ନିକଟରେ ଏତିକି ମାଗୁଣି।

# ଶୀତଳ-ମରୁଭୂମିରେ ରକ୍ତପାତ

ଲଦାଖ ନିବାସୀ ସ୍ୱନାମଧନ୍ୟ ବୈଜ୍ଞାନିକ, ଉଦ୍‌ଭାବକ ତଥା ପରିବେଶବିତ୍ ରମଣ ମାଗେସେସେ ସମ୍ମାନ ବିଜେତା ସୋନମ ୱାଙ୍ଗଚୁକ୍‌ଙ୍କୁ ଜାତୀୟ ସୁରକ୍ଷା ଆଇନ(ଏନ୍‌ଏସ୍‌ଏ) ବଳରେ ଗିରଫ କରାଯାଇ ରାଜସ୍ଥାନର ଯୋଧପୁରଠାରେ ରଖାଯାଇଛି। ବୈଦେଶିକ ଅନୁଦାନ(ନିୟନ୍ତ୍ରଣ) ଆଇନ(ଏଫ୍‌ସିଆରଏ) ଅଧୀନରେ କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ୱାଙ୍ଗଚୁକ୍‌ଙ୍କ ସ୍ୱେଚ୍ଛାସେବୀ ଅନୁଷ୍ଠାନର ଅନୁମତି ପ୍ରତ୍ୟାହାର କରିନେଇଛି। ୱାଙ୍ଗଚୁକ୍‌ଙ୍କ ପାକିସ୍ତାନ ସହିତ ସମ୍ପର୍କ ଥିବା ସନ୍ଦେହରେ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ(ସିବିଆଇ) ଖୋଳତାଡ଼ ଆରମ୍ଭ କରିଛି। ଏବେ ପ୍ରଶ୍ନ ଉଠୁଛି, ଏଭଳି କ'ଣ ଓ କାହିଁକି ଘଟିଲା ଯେ ଜଣେ ଆନ୍ତର୍ଜାତିକ ଖ୍ୟାତିସମ୍ପନ୍ନ ବୈଜ୍ଞାନିକ ଓ ପରିବେଶବିତ୍‌ଙ୍କ ଉପରେ ଦେଶଦ୍ରୋହର ଆରୋପ ଲାଗିଲା? ଦାବି ପୂରଣ ପାଇଁ ଗାନ୍ଧୀ ମାର୍ଗ ଅନୁସରଣ କରିଆସୁଥିବା ୱାଙ୍ଗଚୁକ୍ ହଠାତ୍ ଦେଶର ସୁରକ୍ଷା ପ୍ରତି ବିପଦ ବୋଲି ହୃଦ୍‌ବୋଧ ହେଲା କାହିଁକି? ଜଣେ ଉଦ୍‌ଭାବକ ବିଦ୍ରୋହୀର ଆଖ୍ୟା ପାଇବା ପଛର କାହାଣୀ ଆଧାରରେ ହୁଏତ ଭବିଷ୍ୟତରେ 'ଥ୍ରି ଇଡିଏଟ୍'ର ସିକ୍ୱେଲ୍‌ଟିଏ ତିଆରି ହେବ(ଥ୍ରି ଇଡିଏଟ୍‌ସ୍ ଚଳଚ୍ଚିତ୍ରରେ ଅମିର୍ ଖାନ୍‌ଙ୍କ ଅଭିନୀତି ଚରିତ୍ରଟି ୱାଙ୍ଗଚୁକ୍‌ଙ୍କ ଜୀବନୀ ଆଧାରିତ)। କିନ୍ତୁ ଏହି ସାମଗ୍ରିକ ଘଟଣାର ପୃଷ୍ଠଭୂମି ଜାଣିବା ପାଇଁ ଛଅ ବର୍ଷ ପଛକୁ ଯିବାକୁ ପଡ଼ିବ।

୧୯୪୭ ମସିହା ପରଠାରୁ ଲଦାଖ ଜାମ୍ମୁ-କାଶ୍ମୀର ରାଜ୍ୟର ଏକ ଅଂଶ ଥିବା ବେଳେ ୨୦୧୯ ଅଗଷ୍ଟ ୫ ତାରିଖରେ ସମ୍ବିଧାନର ଧାରା ୩୭୦ର ଉଚ୍ଛେଦ ପରେ କେନ୍ଦ୍ରଶାସିତ ଅଞ୍ଚଳର ମର୍ଯ୍ୟାଦା ପାଇଛି। ଗମନାଗମନ ଦୃଷ୍ଟିରୁ ଅତି ଦୁର୍ଗମ ଏହି ଅଞ୍ଚଳର ମୋଟ ଜନସଂଖ୍ୟା ପ୍ରାୟ ୩ଲକ୍ଷ। ସେମାନଙ୍କ ମଧ୍ୟରୁ ୪୬ ପ୍ରତିଶତ ସିହା ମୁସଲମାନ ସମ୍ପ୍ରଦାୟର ହୋଇଥିବା ବେଳେ ୪୦ ପ୍ରତିଶତ ତିବ୍ବତୀୟ ବୌଦ୍ଧ ଧର୍ମାବଲମ୍ବୀ। ୧୨ ପ୍ରତିଶତ ହିନ୍ଦୁ ଏବଂ ବାକି ୨% ଅନ୍ୟାନ୍ୟ ଧର୍ମାବଲମ୍ବୀ। ଲୋକଙ୍କ ମୁଖ୍ୟ ଜୀବିକା ହେଉଛି ବାଡ଼ି, ବଗିଚା, ଔଷଧୀୟ ବୃକ୍ଷରାଜି ଓ ପଶୁପାଳନ।

ବର୍ତ୍ତମାନ ଜାମ୍ମୁକାଶ୍ମୀରରେ ବିଧାନପାଳିକା ଥିବା ବେଳେ ଲଦାଖ୍‌ର ଶାସନ ସମ୍ପୂର୍ଣ୍ଣ ଭାବେ ଅମଲାତନ୍ତ୍ର ନିୟନ୍ତ୍ରଣରେ ରହିଛି। ୩୭୦ ଧାରା ଉଚ୍ଛେଦ ପରେ ଲଦାଖ୍‌ବାସୀ ସେମାନଙ୍କ ଜମି, ଜନସଂଖ୍ୟା ଓ ସଂସ୍କୃତିର ଭବିଷ୍ୟତକୁ ନେଇ ସନ୍ଦୀହାନ ହୋଇପଡ଼ିଛନ୍ତି। ଲଦାଖ୍‌ର ଦୁଇଟି ପାର୍ବତ୍ୟାଞ୍ଚଳ ପରିଷଦ ଲେହ ଓ କାର୍ଗିଲ୍ ଥିବା ବେଳେ କୌଣସିଟି ଷଷ୍ଠ ଅନୁଚ୍ଛେଦ ଭୁକ୍ତ ହୋଇନାହିଁ।

ହିମାଳୟ ପାର୍ବତ୍ୟ ପାଦଦେଶର ପରିବେଶକୁ ବିକାଶ ଆଳରେ ବିନାଶରୁ ସୁରକ୍ଷା ଏବଂ କେନ୍ଦ୍ର ଶାସିତ ଅଞ୍ଚଳ ଲଦାଖକୁ ସମ୍ବିଧାନର ଷଷ୍ଠ ଅନୁଚ୍ଛେଦ ଆଧାରରେ ଅନୁସୂଚିତ ଅଞ୍ଚଳ ମାନ୍ୟତା ପାଇଁ ୨୦୧୯ରୁ ସୋନମ୍ ୱାଙ୍ଗଚୁକ ଉଦ୍ୟମ କରି ଆସୁଛନ୍ତି। ସମ୍ବିଧାନର ୨୪୪ ଧାରା ଅନ୍ତର୍ଗତ ଷଷ୍ଠ ଅନୁଚ୍ଛେଦରେ ଦେଶର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳକୁ ସ୍ଥଳବିଶେଷରେ ସ୍ୱୟଂଶାସନ କ୍ଷମତା ବା ସ୍ୱୟଂଶାସିତ ଜିଲ୍ଲା ପରିଷଦ ଗଠନ ପାଇଁ ଅନୁମତି ଦେବାର ବ୍ୟବସ୍ଥା ରହିଛି। ୩୦ ସଦସ୍ୟ ବିଶିଷ୍ଟ ଏହି ପରିଷଦର କାର୍ଯ୍ୟକାଳ ୫ ବର୍ଷ ଥିବା ବେଳେ ସ୍ଥାନୀୟ ଅଞ୍ଚଳର ଜମି, ଜଙ୍ଗଲ, ଜଳ, କୃଷି, ଗ୍ରାମ୍ୟ ଓ ସହର ଉନ୍ନୟନ, ସ୍ୱାସ୍ଥ୍ୟ, ପରିମଳ ଆଦି ପାଇଁ ନୀତି ନିର୍ଦ୍ଧାରଣ, ଆଇନ ପ୍ରଣୟନ ଓ କଟକଣା ଜାରି କରିବାର ସ୍ୱୟଂଶାସିତ ଓ ପ୍ରଭୂତ କ୍ଷମତା ପରିଷଦ ହାତରେ ରହିବ। ବର୍ତ୍ତମାନ ଆସାମ, ମେଘାଳୟ, ମିଜୋରାମ୍‌ରେ ତିନିଟି ଲେଖାଏଁ ଏବଂ ତ୍ରିପୁରାରେ ଗୋଟିଏ ସ୍ୱୟଂଶାସନ ବିକାଶ ପରିଷଦ ରହିଛି।

ବିଡ଼ମ୍ବନା ହେଉଛି ଲଦାଖ୍‌କୁ ଅନୁସୂଚିତ ଅଞ୍ଚଳ ମାନ୍ୟତା ଦେବାକୁ ବିଜେପି ୨୦୧୯ ସାଧାରଣ ନିର୍ବାଚନ ବେଳେ ଯେଉଁ ପ୍ରତିଶ୍ରୁତି ଦେଇଥିଲା ତାହା ହିଁ ଏବେ ୱାଙ୍ଗଚୁକ୍‌ଙ୍କ ସ୍ୱରରେ ପ୍ରତିଧ୍ୱନିତ ହେଉଛି, ଅଥଚ କେନ୍ଦ୍ର ସରକାର ଚିରାଚରିତ ଢଙ୍ଗରେ ସେହି ପ୍ରତିଶ୍ରୁତି ପାଳନରୁ ଓହରି ଆସିଛନ୍ତି। ୨୦୧୯ ସେପ୍ଟେମ୍ବର ମାସରେ ଜାତୀୟ ଅନୁସୂଚିତ ଜନଜାତି ଆୟୋଗ ୯୭% ଆଦିବାସୀ ଅଧ୍ୟୁଷିତ ଲଦାଖ୍‌କୁ ଷଷ୍ଠ ଅନୁଚ୍ଛେଦରେ ସାମିଲ୍ କରିବା ପାଇଁ ସୁପାରିସ କରିଛି। ତେଣୁ ଏହାକୁ ତୁରନ୍ତ କାର୍ଯ୍ୟକାରୀ କରିବା ପାଇଁ ୱାଙ୍ଗଚୁକ୍ ଦାବି କରିଆସୁଛନ୍ତି। ଦାବି ସମ୍ପର୍କରେ ୱାଙ୍ଗଚୁକ୍ ପତ୍ର ଲେଖି ଜଣାଇବା ସତ୍ତ୍ୱେ କେନ୍ଦ୍ର ସରକାରଙ୍କ ସମ୍ବେଦନଶୂନ୍ୟତା ଯୋଗୁଁ ଗତ ଛଅବର୍ଷ ଭିତରେ ତିନିଥର ଅନଶନ କରିଛନ୍ତି। ଲଦାଖ୍‌ବାସୀଙ୍କ ଏହି ଦାବି ଏବେ 'ଗଣଦାବି'ରେ ପରିଣତ ହୋଇଛି। ସେଥିରେ ଲଦାଖ୍ ପାଇଁ ସ୍ୱତନ୍ତ୍ର ଲୋକସେବା ଆୟୋଗ, ଲେହ ଓ କାର୍ଗିଲ୍ ପାଇଁ ପୃଥକ ସଂସଦୀୟ ମଣ୍ଡଳୀ ଗଠନ, ଲାଇନ ଅଫ୍ କଣ୍ଟ୍ରୋଲ୍‌ରେ ଚୀନ୍‌ର କାର୍ଯ୍ୟକଳାପ ଓ ପଶୁମାନଙ୍କର ଅନୁପ୍ରବେଶ ସମସ୍ୟା ନିରାକରଣ ଆଦି ଦାବି ମଧ୍ୟ ସାମିଲ୍ ହୋଇଛି। ଲଦାଖର ମହିଳାମାନେ ଦାବି ପୂରଣ ପାଇଁ ଆଗେଇ ଆସିବା ପରେ 'ଗଣଦାବି'ର ଗୁରୁତ୍ୱ ଆହୁରି ବଢ଼ିଯାଇଛି। ଏଥିପୂର୍ବରୁ ୨୦୧୯ରେ 'ଲେହ ଆପେକ୍ସ ବଡି'ର ପ୍ରତିଷ୍ଠାତା ତଥା ପୂର୍ବତନ ସାଂସଦ ଟି ଚେୱାଙ୍ଗଙ୍କ ସମର୍ଥନରେ ସେଠାରେ ଯେଉଁ ଛାତ୍ର ଆନ୍ଦୋଳନ ତେଜିଥିଲା, ତାହାକୁ କାରଗିଲ୍‌ର କେତେକ ନାଗରିକ ଓ ସାମାଜିକ ସଂଗଠନ ସମର୍ଥନ ଜଣାଇଥିଲେ। ଏହା ପରବର୍ତ୍ତୀ ସମୟରେ 'କାର୍ଗିଲ୍ ଡେମୋକ୍ରେଟିକ୍ ଆଲାଏନ୍ସ' ଗଠନର ମୂଳଦୁଆ ପକାଇଥିଲା।

ଭୂରାଜନୈତିକ ସ୍ଥିତି ଦୃଷ୍ଟିରୁ ଲଦାଖ ଭାରତର ଉତ୍ତର-ସୀମାନ୍ତର ଚୀନ୍ ସଂଲଗ୍ନ ଏକ ସମ୍ବେଦନଶୀଳ ଅଞ୍ଚଳ। ବିଶ୍ୱର ଏହି ଅନ୍ୟତମ ସର୍ବୋଚ୍ଚସ୍ଥାନକୁ ଏକ 'ଶୀତଳ ମରୁଭୂମି' କହିଲେ ଅତ୍ୟୁକ୍ତି ହେବ ନାହିଁ। ଅପରପକ୍ଷରେ ଏହି ଅଞ୍ଚଳର ତୁଷାର ସ୍ରୋତ ଭାରତ, ପାକିସ୍ତାନ, ଚୀନ୍, ନେପାଳ ସମେତ ବିଭିନ୍ନ ଦେଶକୁ ସ୍ୱଚ୍ଛ ପାନୀୟ ଜଳ ଯୋଗାଇ ଆସୁଛି। ସେଥିପାଇଁ ଏହାକୁ ଏସିଆର 'ୱାଟର ଟାୱାର' ବା 'ଜଳ ମୀନାର' ବୋଲି ମଧ୍ୟ କୁହାଯାଏ। ଏହା କେନ୍ଦ୍ର-ଏସିଆର ପ୍ରବେଶ ପଥ ଏବଂ ପାକିସ୍ତାନ, ଚୀନ ଓ ମଧ୍ୟ-ଏସୀୟ ରାଷ୍ଟ୍ରମାନଙ୍କର ମିଳନ ସ୍ଥଳ। ଏହା ମଧ୍ୟ ଏସିଆର ପ୍ରମୁଖ ପ୍ରାଚୀନ ବାଣିଜ୍ୟ ପଥର ଅନ୍ୟତମ କେନ୍ଦ୍ର।

ଏବେ ସେଠାରେ କେତେକ ଅତି ଦୁର୍ମୂଲ୍ୟ ଓ ଦୁଷ୍ପ୍ରାପ୍ୟ ଖଣିଜ ସମ୍ପଦର ସନ୍ଧାନ ମିଳିଛି, ଯାହା ଭାରତର ବହୁ ଆକାଂକ୍ଷିତ ସେମିକଣ୍ଡକ୍ଟର ଶିଳ୍ପାୟନ ପାଇଁ ଅତୀବ ଗୁରୁତ୍ୱପୂର୍ଣ୍ଣ। କିନ୍ତୁ ପରିବେଶ ସୁରକ୍ଷା ଦୃଷ୍ଟିରୁ ସ୍ଥାନୀୟ ଲୋକେ ସେଠାରେ ଖଣିଜ ଖନନକୁ ବିରୋଧ କରୁଛନ୍ତି। ବିଶେଷକରି ଖଣିଜ ଓ ଭିତ୍ତିଭୂମି ବିକାଶ କାର୍ଯ୍ୟକ୍ରମରୁ ପରିବେଶକୁ ସୁରକ୍ଷା ଦେବା ପାଇଁ ଲଦାଖକୁ ସ୍ୱୟଂଶାସିତ ବା ଅନୁସୂଚିତ ରାଜ୍ୟ ମାନ୍ୟତା ଦିଆଯାଉ ବୋଲି ୱାଙ୍ଗଚୁକ୍ ଦାବି କରି ଆସୁଛନ୍ତି। ଅପରପକ୍ଷରେ ଲଦାଖବାସୀଙ୍କ ଦାବି ପୂରଣ ହେଲେ କେନ୍ଦ୍ର ସରକାର ସେଠାରେ ବସ୍ତୁତଃ କର୍ତ୍ତୃତ୍ୱହୀନ ହୋଇଯିବେ। ଫଳରେ ସେଠାରେ ଖଣିଜ ବିକାଶ ବାଧାପ୍ରାପ୍ତ ହେବ। ସେମିକଣ୍ଡକ୍ଟର ଶିଳ୍ପରେ ଭାରତ ଆତ୍ମନିର୍ଭରଶୀଳ ହେବାକୁ ଯେଉଁ ଲକ୍ଷ୍ୟ ରଖିଛି ତାହା ମଧ୍ୟ ସୁଦୂର ପରାହତ ହେବ। ଲଦାଖ୍‌ର ସ୍ୱତନ୍ତ୍ର ମାନ୍ୟତା ପ୍ରସଙ୍ଗ କେନ୍ଦ୍ର ସରକାରଙ୍କ ସ୍ୱାର୍ଥ ବନାମ ଲଦାଖର ପରିବେଶର ସୁରକ୍ଷା ଭଳି ନିର୍ଣ୍ଣାୟକ ମୋଡ଼ରେ ପହଞ୍ଚିଛି। ଏହି ପୃଷ୍ଠଭୂମିରେ କେନ୍ଦ୍ର ସରକାର ନିଜ ସ୍ୱାର୍ଥକୁ ଅଗ୍ରାଧିକାର ଦେବା ସ୍ୱାଭାବିକ।

ଏବେ କେନ୍ଦ୍ର ସରକାରଙ୍କ ପାଇଁ ଲଦାଖ ଏଭଳି ଏକ କଣ୍ଟା ଭାବେ ଗଳାରେ ଅଟକି ରହିଛି, ଯାହା ଢୋକି ହେଉ ନାହିଁ କି ବାହାର କରି ହେଉନାହିଁ। ୩୭୦ ଧାରା ଉଚ୍ଛେଦ ପରେ କାଶ୍ମୀର ଓ ଲଦାଖ ଉପତ୍ୟକାରେ ଶାନ୍ତି ଫେରିଛି ଏବଂ ସମଗ୍ର ଅଞ୍ଚଳବାସୀ ବିକାଶର ସୁଫଳ ଅନୁଭବ କରୁଛନ୍ତି ବୋଲି କେନ୍ଦ୍ର ସରକାରଙ୍କ ଘୋଷଣାକୁ ୱାଙ୍ଗଚୁକ୍‌ଙ୍କ ଆନ୍ଦୋଳନ ସ୍ୱାଭାବିକ ଭାବେ ଫିକା କରିଚାଲିଛି। ତେଣୁ ୱାଙ୍ଗଚୁକ୍ ରୂପୀ କଣ୍ଟାକୁ କେନ୍ଦ୍ର ସରକାର ହଟାଇବାକୁ ଯତ୍‌ପରୋନାସ୍ତି ଉଦ୍ୟମ କରିବା ସ୍ୱାଭାବିକ। ୱାଙ୍ଗଚୁକ୍‌ଙ୍କ ସଦ୍ୟତମ ଅନଶନ ସମୟରେ ଜେନ୍ ଜେଡ୍ ବର୍ଗର କେତେକ ତତ୍ତ୍ୱ ହିଂସାକାଣ୍ଡ ଭିଆଇବା ପରେ ତାଙ୍କ ଉପରକୁ ବିପଦ ମାଡ଼ିଆସୁଥିବା ଅନୁମାନ କରାଯାଉଥିଲା। ଏବେ ତାହା ହିଁ ଘଟିଛି।

ଭାରତର ସଂଘୀୟ ବ୍ୟବସ୍ଥାରେ କୌଣସି ଅଞ୍ଚଳ ରାଜନୈତିକ ଓ ସାମ୍ବିଧାନିକ ଅଧିକାର ପାଇଁ ଦାବି କରିବା ଅନୈତିକ ନୁହେଁ। କିନ୍ତୁ ଏହା ହିଂସାତ୍ମକ ହେବା ଆଦୌ ଉଚିତ ନୁହେଁ। ଏବେ ସରକାରଙ୍କ ଆଗରେ ସବୁଠାରୁ ବଡ଼ ଆହ୍ୱାନ ହେଉଛି ନିର୍ବାଚନୀ ପ୍ରତିଶ୍ରୁତି ରକ୍ଷା କରି ଲଦାଖ୍‌ବାସୀଙ୍କ ଦାବି ପୂରଣ କରନ୍ତି ତେବେ ତାହା ଆଉ ଏକ ୩୭୦ ଧାରା ଅନୁରୂପ ବ୍ୟବସ୍ଥାକୁ ଜନ୍ମ ଦେଇପାରେ। ଯଦି ୱାଙ୍ଗଚୁକଙ୍କ ଦାବିକୁ ପ୍ରତ୍ୟାଖ୍ୟାନ କିମ୍ବା କାଳକ୍ଷେପଣ ନୀତି ଅବଲମ୍ବନ କରନ୍ତି ତେବେ ଲଦାଖବାସୀଙ୍କ ଅସନ୍ତୋଷର ଫାଇଦା ବିଦେଶୀ ବିଚ୍ଛିନ୍ନତାବାଦୀ ନେବାର ଆଶଙ୍କାକୁ ଏଡ଼ାଇ ଦେଇହେବ ନାହିଁ।

(ସକାଳ ମିଡିଆ ସର୍ଭିସ୍)

# ଉତ୍କଳ ଓ ଆୟୁର୍ବେଦ

ବାବାଜୀ ସନତ୍ ସୁଜାତାନନ୍ଦ ଦାସ

ଆୟୁର୍ବେଦର ଉତ୍ସ ଅଥର୍ବବେଦର ପ୍ରାଚୀନତମ ପୋଥି ମିଳିଥିଲା ଓଡ଼ିଶାରୁ। ଆୟୁର୍ବେଦ ଅଧ୍ୟୟନ କରୁଥିଲେ ଯେଉଁ ଅଥର୍ବବେଦୀୟ ବ୍ରାହ୍ମଣ, ସେମାନଙ୍କ ସଂଖ୍ୟା ମଧ୍ୟ ଓଡ଼ିଶାରେ ଥିଲା ସର୍ବାଧିକ। ଆୟୁର୍ବେଦ ବାଙ୍ମୟର ପ୍ରାଣସ୍ୱରୂପ ଆଚାର୍ଯ୍ୟ ଚରକଙ୍କୁ ଏହି ଉତ୍କଳର ଅଧୀଶ୍ୱର ବଡ଼ଠାକୁର ଶ୍ରୀବଳଭଦ୍ରଙ୍କ ଅବତାର ବୋଲି କୁହାଯାଏ। କାକଟପୁରରେ ପ୍ରାଚୀନଦୀ କୂଳରୁ ମିଳିଥିଲା ସୁପ୍ରାଚୀନ ପୋଥି, 'ଚରକ ମହାର୍ଣ୍ଣବ ତନ୍ତ୍ର'। 'ଭାବପ୍ରକାଶ', 'ମାଧବନିଦାନ', 'ବୀରସିଂହାବଲୋକ', 'ଭୈଷଜ୍ୟ ସାରସଂଗ୍ରହ' ଓ 'ଭୈଷଜ୍ୟରତ୍ନାବଳୀ' ପରି ଜାତୀୟସ୍ତରର ଶ୍ରେଷ୍ଠ ଆୟୁର୍ବେଦ ଗ୍ରନ୍ଥମାନଙ୍କର ଖ୍ୟାତନାମା ରଚୟିତାମାନେ ଯଥାକ୍ରମେ ଆଚାର୍ଯ୍ୟ ଭାବ ମିଶ୍ର, ମାଧବ କର, ବୀର ସିଂହ, ଲୋକନାଥ ବିଦ୍ୟାଭୂଷଣ ଓ ଗୋବିନ୍ଦ ଦାସ - ଏ ସମସ୍ତେ ଥିଲେ ଉତ୍କଳୀୟ। ପୁନଶ୍ଚ ବିଜୟ ରକ୍ଷିତଙ୍କ 'ମଧୁକୋଷ' ଠାରୁ ଆରମ୍ଭ କରି ନାରାୟଣ ଷଡ଼ଙ୍ଗୀଙ୍କ 'ବାଳବୋଧିନୀ' ପର୍ଯ୍ୟନ୍ତ ମାଧବଙ୍କ 'ନିଦାନ ଗ୍ରନ୍ଥ'ର ପ୍ରାୟ ସମସ୍ତ ଟୀକା ଏହି ଉତ୍କଳ ଭୂମିରେ ହିଁ ମିଳିଛି।

ଅତୁଳନୀୟ ଓ ଆଶ୍ଚର୍ଯ୍ୟଜନକ 'ରସଶାସ୍ତ୍ର' ପ୍ରଦାନ କରି ଆୟୁର୍ବେଦକୁ ଋଦ୍ଧିମନ୍ତ କଲା ଯେଉଁ ମହାନ୍ କୌଳ ପରମ୍ପରା, ଏକଦା ଉଡ୍ଡୀୟାନ ମହାପୀଠ ଏହି ଉତ୍କଳ ଥିଲା ସେହି କୌଳ ନାଥ ଯୋଗୀମାନଙ୍କର ବିହାରଭୂମି। ତନ୍ମଧ୍ୟରୁ ଅନ୍ୟତମ ଥିଲେ ସିଦ୍ଧ ନାଗାର୍ଜୁନ, ଯାହାଙ୍କ ଲିଖିତ 'ରସରତ୍ନ ସମୁଚ୍ଚୟ' ଆଜି ଆୟୁର୍ବେଦୀୟ ରସୌଷଧି ଚିକିତ୍ସା ଓ ନାନାବିଧ ଗବେଷଣାର ଆଧାରଭୂତ ସନ୍ଦର୍ଭ। 'ସିଦ୍ଧୈଃ ରସୈଃ କରିଷ୍ୟାମି ନିର୍ଦାରିଦ୍ର୍ୟମିଦଂ ଜଗତ୍। ଅର୍ଥାତ୍ 'ଧାତୁସିଦ୍ଧି ଦ୍ୱାରା ମୁଁ ଏ ଜଗତକୁ ଦାରିଦ୍ର୍ୟମୁକ୍ତ କରି ଦେଇପାରେ'। ଏତାଦୃଶ ଧ୍ୱନି ଦେଇଥିବା ନାଗାର୍ଜୁନ ପ୍ରାପ୍ତି କରିଥିଲେ ଯେକୌଣସି ନିକୃଷ୍ଟଧାତୁରୁ ସ୍ୱର୍ଣ୍ଣ ପ୍ରସ୍ତୁତ କରିବାର ବୈଜ୍ଞାନିକ ସୂତ୍ର। ଐତିହାସିକ ନବୀନ ଚନ୍ଦ୍ର ସାହୁଙ୍କ ତଥ୍ୟ ଅନୁଯାୟୀ ଉତ୍କଳର ଔଷଧିପର୍ବତ ଗନ୍ଧମାର୍ଦ୍ଦନର ଶୀର୍ଷରେ ଥିଲା ନାଗାର୍ଜୁନଙ୍କ ନିକାଞ୍ଚନ ଆଶ୍ରମ ଏବଂ ତଳେ ଥିଲା ତାଙ୍କର ଆରୋଗ୍ୟଶାଳା। 'ଆରୋଗ୍ୟ ଭାରତୀ' ନାମରେ ଆଉ ଏକ ହସ୍ପିଟାଲ ଧଉଳିଗିରି ତଳେ ଥିଲା ଏବଂ ତାହାର ସଞ୍ଚାଳନ 'ଭଟ୍ଟ' ଉପାଧିଧାରୀ ଯାଜପୁରୀୟ ବୈଦ୍ୟ ଥିଲେ ବୋଲି ସେହି ଧଉଳିଗିରିର ଏକ ଶିଳାଲେଖରେ ସୂଚିତ ଅଛି। ଭୌମକର ବଂଶୀୟ ରାଜାମାନଙ୍କ ଶାସନାଧୀନ ଉତ୍କଳରେ ୮/୯ମ ଶତାବ୍ଦୀ କାଳରେ ନନ୍ନଟ, ଭୀମଟ ଓ ଲୟମକ ଆଦି ଭଟ୍ଟ ଉପାଧିଧାରୀ ବୈଦ୍ୟମାନେ ବଂଶାନୁକ୍ରମେ ସେମାନଙ୍କର ରାଜବୈଦ୍ୟ ଥିଲେ ବୋଲି ଗବେଷକ ଡ. ସତ୍ୟନାରାୟଣ ରାଜଗୁରୁ ଉଲ୍ଲେଖ କରିଛନ୍ତି।

ଆଜିର ଆରୋମାଥେରାପି ଅଳ୍ପକେତୋଟି ସୁଗନ୍ଧକୁ ଘେନି ଚାଲୁଥିଲା ବେଳେ ଓଡ଼ିଶାର ଭୌମକର ବଂଶୀୟା ରାଣୀ ଦଣ୍ଡୀ ମହାଦେବୀଙ୍କ ସନ୍ଧିବିଗ୍ରହ ଜୈନାଚାର୍ଯ୍ୟ ଉଗ୍ରାଦିତ୍ୟ ଏଇ ଓଡ଼ିଶାର ରାମଗିରି (କୋରାପୁଟ) ଆଶ୍ରମରେ ବସି ରଚନା କରିଥିଲେ ଅନେକ ଫୁଲର ସୁଗନ୍ଧଚିକିତ୍ସା ସମ୍ବଳିତ ଆପଣାର ମହାନ୍ ଗ୍ରନ୍ଥ 'କଲ୍ୟାଣକାରକ'। ସେଥିରେ ସେ ଫୁଲମାନଙ୍କର କେବଳ 'ଦର୍ଶନ'କୁ ମଧ୍ୟ ଏକପ୍ରକାର ଚିକିତ୍ସା ପଦ୍ଧତି କହିଥିବା ବେଳେ ପଣ୍ଡିଚେରୀ ଆଶ୍ରମର ଶ୍ରୀମା ଫୁଲମାନଙ୍କର ଅଧ୍ୟାତ୍ମିକ ସ୍ପନ୍ଦନର ବାର୍ତ୍ତାଟି ମାନ ପ୍ରକାଶ କରି ସେଥିରେ ସିଦ୍ଧିର ମୋହର ଲଗାଇ ଦେଇଛନ୍ତି। ଅବିଶ୍ୱାସ୍ୟ ଲାଗୁଥିଲେ ହେଁ ଏହା ସତ୍ୟ ଯେ, ଆଜିର ବିଶ୍ୱବିଖ୍ୟାତ ତିବ୍ବତୀୟ ଭେଷଜର ମୌଳିକ ଉତ୍ସ ଉତ୍କଳୀୟ ଆୟୁର୍ବେଦ। ତିବ୍ବତର ପ୍ରଥମ ଧର୍ମଗୁରୁ ରିମ୍ପୋଚେ ଓଡ଼ିଶାର ସମ୍ବଲକ ରାଜ୍ୟର ଯୁବରାଜ ପଦ୍ମସମ୍ଭବ ଏବଂ ସେ ନିଜ ସହିତ ତିବ୍ବତକୁ ଘେନି ଯାଇଥିଲେ ଓଡ଼ିଶାର ଧାନ ଏବଂ ବୌଦ୍ଧ, ତନ୍ତ୍ର ଓ ଚିକିତ୍ସାର ବିପୁଳ ପୋଥିରାଶି। ସମଗ୍ର ଭାରତବର୍ଷର ବୈଦ୍ୟକୁଳ-ଅନୁସୃତ ଦୁଇଟି ମାତ୍ର ଓଜନ ପଦ୍ଧତି ମଧ୍ୟରେ 'ମାଗଧ ମାନ' ପ୍ରଥମ ଥିଲା ବେଳେ ଦ୍ୱିତୀୟ ଥିଲା କଳିଙ୍ଗର ବିଦ୍ୱାନ୍‌ମାନଙ୍କ ପ୍ରଣୀତ 'କାଳିଙ୍ଗ ମାନ'।

ଉତ୍କଳ ବିଶ୍ୱବିଦ୍ୟାଳୟର ପରିଜା ଲାଇବ୍ରେରୀରେ ଶତାଧିକ ଓ ରାଜ୍ୟ ସଂଗ୍ରହାଳୟରେ ୧୮୦୦ରୁ ଊର୍ଦ୍ଧ୍ୱ ସଂଖ୍ୟକ ଆୟୁର୍ବେଦ ପୋଥି ଗଚ୍ଛିତ ଅଛି। ତନ୍ମଧ୍ୟରୁ ରଘୁନାଥ ଦାଶଙ୍କ 'ଆୟୁର୍ବେଦ ଲୀଳାବତୀ', ଚକ୍ରପାଣି ଦାସଙ୍କ 'ଅଭିନବ ଚିନ୍ତାମଣି', ଜଗନ୍ନାଥ ଦାଶଙ୍କ 'ଚିକିତ୍ସାମଞ୍ଜରୀ', ମୁରାରି ଦାସଙ୍କ 'ରୋଗ ବିନିଶ୍ଚୟ', ନରହରି ପଣ୍ଡିତଙ୍କ 'ନିଘଣ୍ଟୁ ରାଜାଭିଧାନ ଚୂଡ଼ାମଣି' ଆଦି କେତୋଟି ଉଦାହରଣ ନିଆ ଯାଇପାରେ। ନିକଟରେ ନୂଆଦିଲ୍ଲୀସ୍ଥିତ କେନ୍ଦ୍ରୀୟ ଆୟୁର୍ବେଦ ଓ ସିଦ୍ଧ ଅନୁସନ୍ଧାନ ପରିଷଦ ଗଜପତି ମୁକୁନ୍ଦଦେବ (୧୫୫୬-୧୫୬୮)ଙ୍କ ରାଜବୈଦ୍ୟ ମହାମହୋପାଧ୍ୟାୟ ବିଶ୍ୱନାଥ ସେଣଙ୍କ ରଚିତ 'ଚିକିତ୍ସାର୍ଣ୍ଣବ' ପୋଥି ଏବଂ ଅଖିଳ ଭାରତୀୟ ସାହିତ୍ୟ ପରିଷଦ ଉତ୍କଳ ପ୍ରଦେଶର ସାଧାରଣ ସମ୍ପାଦକ ଡ. ସନ୍ତୋଷ କୁମାର ମହାପାତ୍ର, ଗୋପୀନାଥ ଷଡ଼ଙ୍ଗୀଙ୍କ 'ଚିକିତ୍ସାମଞ୍ଜରୀ' ପୋଥିର ପାଠୋଦ୍ଧାର କରି ପୁସ୍ତକ ରୂପେ ପ୍ରକାଶ କରିଛନ୍ତି। ତା'ଛଡ଼ା ପଶୁପକ୍ଷୀଙ୍କ ଚିକିତ୍ସାର ସନ୍ଦର୍ଭ ଯଥାକ୍ରମେ 'ଗୋଚିକିତ୍ସା', 'ପାଳକାପ୍ୟ ସଂହିତା' ଓ 'ଶାଳୀହୋତ୍ର ସଂହିତା' ପୋଥିମାନ ମଧ୍ୟ ମିଳିଛି। ଏପରିକି କବିସମ୍ରାଟ ଉପେନ୍ଦ୍ର ଭଞ୍ଜ ଓ ଭକ୍ତକବି ଦୀନକୃଷ୍ଣ ଦାସଙ୍କ ପରି କବିମାନଙ୍କ ଦ୍ୱାରା ରସମୟ ଗୀତିକବିତା ଆକାରରେ ଭଣିତା ଆୟୁର୍ବେଦ ପୋଥି ମଧ୍ୟ ରହିଛି। ଭାରତର କବିମାନେ ସୁଦ୍ଧା ବୈଜ୍ଞାନିକ, ଯାହା ଭାରତବର୍ଷରେ ବିରଳ। କିନ୍ତୁ ବିଡ଼ମ୍ବନାର ବିଷୟ ଯେ ଅଦ୍ୟାବଧି ଏ ଅମୂଲ୍ୟନିଧି ସବୁ ଗ୍ରନ୍ଥରୂପ ନପାଇ ସଂଗ୍ରହାଳୟରେ ପଡ଼ିରହିଛି। ଅନେକ ପ୍ରକାଶିତ ଗ୍ରନ୍ଥ ମଧ୍ୟ ଅଧୁନା ଦୁଷ୍ପ୍ରାପ୍ୟ।

ଆୟୁର୍ବେଦ ବୋଇଲେ ଜୀବନର ବେଦ (ଜ୍ଞାନ)। ଅନ୍ନବ୍ୟଞ୍ଜନ ପିଠାପଣାଦି ଖାଦ୍ୟପେୟଠାରୁ ଆରମ୍ଭ କରି ସ୍ନାନନିଦ୍ରାଦି ଦିନଚର୍ଯ୍ୟା, ଗ୍ରୀଷ୍ମବର୍ଷାଦି ଋତୁଚର୍ଯ୍ୟା ଓ ବିବାହ-ବ୍ରହ୍ମଚର୍ଯ୍ୟ-ବାନପ୍ରସ୍ଥ-ବୈରାଗ୍ୟାଦି ଜୀବନଚର୍ଯ୍ୟା ସହିତ ସାହିତ୍ୟ, ସଂସ୍କୃତି, ପର୍ବପର୍ବାଣି ଇତ୍ୟାଦି ଜୀବନର ସକଳ ବିଭବକୁ ସମସ୍ତଙ୍କ ଆଗୋଚରରେ ଅତ୍ୟନ୍ତ କଳାତ୍ମକ ଢଙ୍ଗରେ ଆବୋରି ରହି ଆୟୁର୍ବେଦର ଏହି ସୁସମୃଦ୍ଧ ବୈଜ୍ଞାନିକ ପରମ୍ପରାଟି ଉତ୍କଳବାସୀଙ୍କୁ ଦେଇ ଆସିଛି ଅନାବିଳ ଏକ ମହତ୍ତର ଜୀବନବୋଧ। ଆଉ ସେ ବୋଧର ଲାଳିତ୍ୟରେ ବାନ୍ଧି ହୋଇ ସ୍ୱୟଂ ପରବ୍ରହ୍ମ ପରମେଶ୍ୱର ଶ୍ରୀଜଗନ୍ନାଥ ମହାପ୍ରଭୁ ସୁଦ୍ଧା ସ୍ୱୀକାର କରିଛନ୍ତି ରୋଗ, ତାହାର ମାନବୀୟ ଔଷଧ ଉପଚାର ଏବଂ 'ରୋଗ'କୁ 'ବିଷାଦ'ର ତାମସିକ ସ୍ତରରେ ଛାଡ଼ି ନଦେଇ କରିଛନ୍ତି ତା'ର ଉତ୍ସବାୟନ। ସେ ଉତ୍ସବ ମାର୍ଗରେ ନିରନ୍ତର ଧାବମାନ ଭାରତ ବର୍ଷର ଆତ୍ମା।

ଗୌରାଙ୍ଗ ମଠ, ପୁରୀ, ମୋ: ୭୦୦୮୦୩୮୦୪୭

# କର୍କଟରୋଗ ନିରୋଧୀ ଟିକା

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ବର୍ତ୍ତମାନ ବିଶ୍ୱରେ ସବୁଠାରୁ ଭୟାନକ ତଥା ଘାତକ ବ୍ୟାଧି ରୂପେ ପରିଗଣିତ ହେଉଛି କର୍କଟରୋଗ। ଦୀର୍ଘଦିନ ଧରି ଏହି ଭୟାବହ ରୋଗ କବଳରୁ ସୁରକ୍ଷା ଦେବା ପାଇଁ ନାନାଦିଗରୁ ଗବେଷଣା ଚାଲି ଆସଛି ସମଗ୍ର ବିଶ୍ୱରେ। ତେବେ ରୁଷିଆର ବୈଜ୍ଞାନିକ ଏଥିରେ ପ୍ରଥମ ସଫଳତା ହାସଲ କରିବାର ସୂଚନା ଗତ ଅଗଷ୍ଟ ମାସ ପ୍ରଥମ ସପ୍ତାହରେ (୨୦୨୫ ମସିହା) ମିଳିଛି। ସେମାନେ ଏହାର ପ୍ରତିରୋଧୀ ଟିକାଟିଏ ଉଦ୍ଭାବନ କରିବାକୁ ସମର୍ଥ ହୋଇପାରିଛନ୍ତି। ଏମ୍-ଆର୍‌ଏନ୍‌ଏ (ମେସେଞ୍ଜର-ଆର୍‌ଏନ୍‌ଏ) ଭିତ୍ତିକ ଏହି ଟିକା ଏଣ୍ଟେରୋମିକ୍ସ ନିଦାନୀୟ ପରୀକ୍ଷାରେ ଶହେ ଶତାଂଶ ସଫଳତା ପ୍ରଦର୍ଶନ କରିବା ସହିତ ସଂପୂର୍ଣ୍ଣ ନିରାପଦ ବୋଲି ଜଣାପଡ଼ିଛି।

ଏମ୍-ଆର୍‌ଏନ୍‌ଏ ଜୀବକୋଷ ମଧ୍ୟରେ ସୃଷ୍ଟି ହୁଏ 'ଟ୍ରାନ୍ସକ୍ରିପସନ' (ନକଲ) ବୋଲି କୁହାଯାଉଥିବା ଏକ ପଦ୍ଧତିରେ। ଏଥିରେ ଆର୍‌ଏନ୍‌ଏ ପଲିମରେଜ୍ ଏଞ୍ଜାଇମ ନାଭିକ ମଧ୍ୟରେ ଥିବା ଜିନୀୟ ସଂକେତଧାରୀ ଡିଏନ୍‌ଏର ଏକ ଖିଅକୁ 'ଟେମ୍ପଲେଟ୍' (ଛାଞ୍ଚ) ରୂପେ ବ୍ୟବହାର କରି ଏହାର ଅନୁପୂରକ 'ପ୍ରି-ଏମ୍ ଆର୍‌ଏନ୍‌ଏ ସଂଶ୍ଳେଷଣ କରାଏ। ତାହାର ପ୍ରକ୍ରିୟାକରଣରୁ ଏମ୍-ଆର୍‌ଏନ୍‌ଏ ସୃଷ୍ଟି ହୁଏ, ଯାହାକି ଏକ ଜିନୀୟ ବାର୍ତ୍ତାବହ ରୂପେ ଡିଏନ୍‌ଏର ସୂଚନା ବହନ କରି ଜୀବକୋଷର ନାଭିକ ମଧ୍ୟରୁ 'ରାଇବୋଜମ୍'କୁ ଆସେ। ସେଠାରେ ତଦନୁଯାୟୀ ପ୍ରୋଟିନ୍ ସଂଶ୍ଳେଷଣ ହୁଏ।

ଉପରୋକ୍ତ ଏମ୍-ଆର୍‌ଏନ୍‌ଏ ଭିତ୍ତିକ 'ଏଣ୍ଟେରୋମିକ୍ସ' କର୍କଟରୋଗ ନିରୋଧୀ ଟିକା ନିଦାନୀୟ ବ୍ୟବହାର ପାଇଁ ପ୍ରସ୍ତୁତ ହୋଇଗଲାଣି ବୋଲି ଘୋଷଣା କରିଛି ସେ ଦେଶର 'ଫେଡେରାଲ୍ ମେଡିକାଲ୍ ଆଣ୍ଡ୍ ବାଇଓଲୋଜିକାଲ୍ ଏଜେନ୍ସି'। ଏହାର ମୁଖ୍ୟଙ୍କ ସୂଚନା ଅନୁସାରେ ଏହା ପ୍ରାକ୍‌ନିଦାନୀୟ ପରୀକ୍ଷାଗୁଡ଼ିକରେ ସଫଳତା ପ୍ରଦର୍ଶନ କରିସାରିଛି। ଯାହାକି ଏହାକୁ ସଂପୂର୍ଣ୍ଣ ନିରାପଦ ଏବଂ ଅତ୍ୟନ୍ତ ଫଳପ୍ରଦ ବୋଲି ପ୍ରମାଣିତ କରିପାରିଛି। ଦୀର୍ଘକାଳୀନ ଭିତ୍ତିରେ ୪୮ ଜଣ ସ୍ୱେଚ୍ଛାସେବୀଙ୍କ ଉପରେ ଏହି ପରୀକ୍ଷଣ ହେଲା ପରେ ଏହାର ନିଦାନୀୟ ସଫଳତା ସଂପର୍କରେ ଗତ ଜୁନ୍ ୧୮ ରୁ ୨୧ ତାରିଖ (୨୦୨୫) ମଧ୍ୟରେ 'ସେଣ୍ଟ ପିଟରସ୍‌ବର୍ଗ ଇଣ୍ଟରନ୍ୟାସନାଲ୍ ଇକୋନୋମିକ ଫୋରମ୍'ର ସମ୍ମିଳନୀ ଅବସରରେ ଘୋଷଣା କରାଯାଇଥିଲା। ଟିକାଟି କର୍କଟରୋଗ ଜନିତ ଅର୍ବୁଦର ବୃଦ୍ଧିକୁ ରୋକିବା ଏବଂ ତାକୁ ସଂକୁଚିତ କରିବାକୁ ସମର୍ଥ ବୋଲି ସେଥିରେ ସୂଚନା ପ୍ରଦାନ କରାଯାଇଥିଲା।

ଏ ଟିକାକୁ କ୍ରମେ ପ୍ରତ୍ୟେକ ରୋଗୀ ଲାଗି ବ୍ୟକ୍ତିଗତ ଭାବେ ତା'ର ଆର୍‌ଏନ୍‌ଏ ଅନୁରୂପ କରିବା ପାଇଁ ଏବେ ଉଦ୍ୟମ ଚାଲିଛି। ବର୍ତ୍ତମାନ ପ୍ରସ୍ତୁତ ହୋଇଥିବା ପ୍ରଥମ ଟିକା ବୃହଦନ୍ତ୍ର ନଳୀର କର୍କଟରୋଗ ଲାଗି ବ୍ୟବହାର କରାଯାଇ ପାରିବ। ତତ୍‌ପରେ ମସ୍ତିଷ୍କ ଅର୍ବୁଦ ଏବଂ ବିଭିନ୍ନ ପ୍ରକାର ଚର୍ମକର୍କଟ ରୋଗ ଲାଗି ତାହା ବିକଶିତ କରାଯିବ। ରାସାୟନିକ ଚିକିତ୍ସା (କେମୋଥେରାପି) କିମ୍ବା ରଶ୍ମିଚିକିତ୍ସା (ରେଡିଏସନ ଥେରାପି) ଭଳି ଏହାର ପାର୍ଶ୍ୱ ପ୍ରତିକ୍ରିୟା ଦେଖାଯିବ ନାହିଁ ଏବଂ ରୋଗୀକୁ ଏହା ସହ୍ୟ କରିବା ସହଜ ହେବ।

ଏଣ୍ଟେରୋମିକସି ଟିକାରେ ଏବେ ବ୍ୟବହାର କରାଯାଇଛି ଚାରୋଟି କ୍ଷତିକାରକ ହୋଇନଥିବା ଭୂତାଣୁ। ଏହା କର୍କଟରୋଗ ଜନିତ ଅର୍ବୁଦକୁ ଆକ୍ରମଣ କରି ନଷ୍ଟ କରିଦେବା ସହିତ ରୋଗ ସହ ସଂଗ୍ରାମ କରିବାକୁ ରୋଗ ପ୍ରତିରୋଧ ବ୍ୟବସ୍ଥାକୁ ପ୍ରରୋଚିତ କରିବା ଲାଗି ଅଭିପ୍ରେତ। ଏଥିରେ କର୍କଟରୋଗ ନିରାକରଣ ଲାଗି 'ଆଣ୍ଟିଜେନ୍' ବୋଲି କୁହାଯାଉଥିବା ଏକ ନିର୍ଦ୍ଦିଷ୍ଟ ପ୍ରୋଟିନ୍ ପ୍ରସ୍ତୁତ କରିବାକୁ ଜୀବକୋଷମାନଙ୍କୁ ବ୍ରତୀ କରାଯାଏ। ତତ୍‌ପରେ ଏହି 'ଆଣ୍ଟିଜେନ୍'ଗୁଡ଼ିକୁ ଡେନ୍‌ଡ୍ରାଇଟିକ୍ ଜୀବକୋଷ ବୋଲି କୁହାଯାଉଥିବା ରୋଗ ପ୍ରତିରୋଧକାରୀ ଜୀବକୋଷମାନଙ୍କ ମାଧ୍ୟମରେ 'ଟି-ଜୀବକୋଷ'ଙ୍କୁ ପ୍ରଦାନ କରାଯାଏ, ଯାହାକି ସେହି ଅନୁରୂପ 'ଆଣ୍ଟିଜେନ୍' ପ୍ରଦର୍ଶନ କରୁଥିବା କର୍କଟରୋଗ ଜୀବକୋଷଗୁଡ଼ିକୁ ଚିହ୍ନଟ କରି ତା'କୁ ଧ୍ୱଂସ କରିଦିଅନ୍ତି। ଅତଏବ ଏପ୍ରକ୍ରିୟା ମୁଖ୍ୟତଃ ଶରୀରର ରୋଗପ୍ରତିରୋଧ ପ୍ରକ୍ରିୟାକୁ କର୍କଟରୋଗ ଜୀବକୋଷ ବିରୁଦ୍ଧ ଅତ୍ୟନ୍ତ ଫଳପ୍ରଦ ଅସ୍ତ୍ରରେ ରୂପାନ୍ତରିତ କରେ। ଅତଏବ ଏହା ସେଗୁଡ଼ିକୁ ଚିହ୍ନଟ କରି ଧ୍ୱଂସ କରିଦିଏ। ବର୍ତ୍ତମାନ ଏ ଟିକାର ଦକ୍ଷତା ଆଶାନୁରୂପେ ପ୍ରମାଣିତ ହୋଇସାରିଛି ଏବଂ କେବଳ ବାକି ରହିଛି ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗର ଅନୁମତି। ତାହା ମିଳିସାରିଲେ ଖୁବ୍‌ଶୀଘ୍ର ଏହା ସର୍ବସାଧାରଣଙ୍କ ପାଇଁ ଉପଲବ୍ଧ ହୋଇପାରିବ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପୃଥକ୍ ଦୁର୍ଘଟଣାରେ ୨୦ ଆହତ, ୨ ଗୁରୁତର




ମୋହନା, ୨୯।୯ (ସମିସ): ଗଜପତି ଜିଲ୍ଲା ଅଡ଼ବା ଓ ଆର୍. ଉଦୟଗିରି ଥାନା ଅଞ୍ଚଳରେ ପୃଥକ୍ ଦୁର୍ଘଟଣାରେ ୨୦ଜଣ ଆହତ ହୋଇଥିବା ବେଳେ ସେମାନଙ୍କ ମଧ୍ୟରେ ଦୁଇ ଜଣଙ୍କ ଅବସ୍ଥା ଗୁରୁତର ରହିଛି। ଜିଲ୍ଲାର ଅଡ଼ବା ଥାନା ଢେପାଗୁଡ଼ା ଘାଟିରେ ଟ୍ରାକ୍ଟର

- ପିଡିଏସ ଚାଉଳ ଆଣିବାକୁ ଯାଇ ଓଲଟିଲା ଟ୍ରାକ୍ଟର
- ଗୋରୁ ବୋଝେଇ ପିକଅପ୍-ଅଟୋ ମୁହାଁମୁହିଁ

ଭାରସାମ୍ୟ ହରାଇ ଓଲଟି ପଡ଼ିଥିଲା। ଏଥିରେ ୧୫ଜଣ ବ୍ୟକ୍ତି ଆହତ ହୋଇଛନ୍ତି। ସୂଚନା ମୁତାବକ ଗରଡ଼ମା ପଞ୍ଚାୟତ କାର୍ଯ୍ୟାଳୟରୁ ରାସନ ଚାଉଳ ନେଇ ପାଖାପାଖି ୨୦ଜଣ ହିତାଧିକାରୀ ଏକ ଟ୍ରାକ୍ଟର ଯୋଗେ ଗମ୍ବାରୀଗାଁ ଫେରିବା ବାଟରେ ଢେପାଗୁଡ଼ା ଘାଟିରେ ଟ୍ରାକ୍ଟର ଓଲଟି ଯାଇଥିଲା। ସମସ୍ତ ଆହତଙ୍କୁ କନ୍ଧମାଳ ଜିଲ୍ଲା ବ୍ରାହ୍ମଣୀଗାଁ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସେହିଭଳି ଆର.ଉଦୟଗିରି ଥାନା ଚଢ଼ିଆପଦା ଗ୍ରାମ ନିକଟରେ ଏକ ଗୋରୁ ବୋଝେଇ ପିକ୍ଅପ୍ ସହ ଅଟୋ ମୁହାଁମୁହିଁ ଧକ୍କା ହୋଇଛି। ଘଟଣାସ୍ଥଳରୁ ପିକ୍ଅପ୍ ଚାଳକ ଫେରାର୍ ହୋଇଯାଇଥିବା ବେଳେ ଦୁର୍ଘଟଣାରେ ଅଟୋରେ ବସିଥିବା ପାଞ୍ଚଜଣ ଯାତ୍ରୀ ଆହତ ହୋଇଛନ୍ତି। ସେମାନଙ୍କୁ ଆର୍. ଉଦୟଗିରି ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସା କରାଯାଇଛି। ଘଟଣାସ୍ଥଳରେ ଆର. ଉଦୟଗିରି ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

### ମିଳିଲାନି ମହାପ୍ରୟାଣ ଗାଡ଼ି

# କାନ୍ଧରେ ଧରି ଗାଁକୁ ଶବ ନେଲେ

ଶଗଡ଼ା, ୨୯।୯ (ସମିସ): ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଦହ୍ୟା ରକ୍ସା ପଞ୍ଚାୟତ ଅଧୀନ କରମାପଦର ଗ୍ରାମରେ ସୋମବାର ଏକ ଅଭାବନୀୟ ଘଟଣା ଘଟିଛି। ଶୌଚ ପାଇଁ ଯାଇଥିବା ବେଳେ ଜଣେ ବ୍ୟକ୍ତିଙ୍କ ପୋଖରୀରେ ବୁଡ଼ି ମୃତ୍ୟୁ ଘଟିଛି। ମୃତକ ହେଲେ ଗ୍ରାମର ଠାକୁର ମେହେର। ଖବର ପାଇ ପରିବାରଲୋକ ତାଙ୍କୁ ପୋଖରୀରୁ



ଉଦ୍ଧାର କରି ବାଉଁଶୁଣି ମେଡିକାଲରେ ଭର୍ତ୍ତି କରିଥିଲେ; ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପରେ ମେଡିକାଲ କର୍ତ୍ତୃପକ୍ଷ ପୁଲିସକୁ ଖବର ଦେଇଥିଲେ। ବହୁତ ସମୟ ଅପେକ୍ଷା କଲା ପରେ ବି ପୁଲିସ ଆସି ନ ଥିଲା। ଏଣୁ ମୃତକଙ୍କ ପରିବାର ଲୋକ ଶବକୁ କାନ୍ଧେଇ ୫୭ ନମ୍ବର ଜାତୀୟ ରାଜପଥ ଦେଇ ଗାଁକୁ ବାହାରିଥିଲେ। ତେବେ ଡାକ୍ତରଖାନାରେ ମହାପ୍ରୟାଣ ଗାଡ଼ି ଥିଲେ ସୁଦ୍ଧା ବ୍ୟବଚ୍ଛେଦ ହୋଇନଥିବାରୁ ଶବ ନେବାକୁ ଗାଡ଼ି ଚାଳକ ମନା କରି ଦେଇଥିଲେ। ଶେଷରେ ବାଧ୍ୟ ହୋଇ ପରିବାରଲୋକେ ପୁଲିସ ଆସିବାରେ ବିଳମ୍ବ ହେତୁ ଶବ ବ୍ୟବଚ୍ଛେଦ ନ କରି କାନ୍ଧରେ ଧରି ଗାଁକୁ ବାହାରିଥିଲେ। ରାସ୍ତାରେ ଏହି ଦୃଶ୍ୟ ଦେଖି ଜଣେ ବ୍ୟକ୍ତି

- ଖବର ଦେବା ସତ୍ତ୍ୱେ ଆସିଲାନି ପୁଲିସ
- ପୁଲିସ ନ ଆସିବାରୁ ହୋଇପାରିଲାନି ଶବ ବ୍ୟବଚ୍ଛେଦ
- ଡାକ୍ତରଖାନାରୁ ଶବ ନେଇଗଲେ ପରିବାର ଲୋକ

ଭିଡିଓ କରିଥିଲେ। ଏହାପରେ ଘଟଣା ଭାଇରାଲ ହୋଇଥିଲା। ଶେଷରେ ପୁଲିସ ଗାଁରେ ପହଞ୍ଚି ଥିଲା। ପରିବାରଲୋକଙ୍କୁ ବୁଝାଇ ବ୍ୟବଚ୍ଛେଦ ପାଇଁ ମନମୁଣ୍ଡା ଡାକ୍ତରଖାନା ନେଇଥିଲା। ସେଠାରେ ବ୍ୟବଚ୍ଛେଦ ପରେ ପୁଲିସ ପରିବାରଲୋକଙ୍କୁ ହସ୍ତାନ୍ତର କରିଥିଲା। ଏହାପରେ ପରିବାରଲୋକ ଶବ ନେଇ ଗାଁ ମଶାଣିରେ ସତ୍କାର କରିଛନ୍ତି। ତେବେ ଏହି ଘଟଣା ବୌଦ୍ଧ ଜିଲ୍ଲାରେ ଯେତିକି ଆଲୋଡ଼ନ ସୃଷ୍ଟି କରିଛି, ଜିଲ୍ଲାକୁ ସେତିକି ବଦନାମ କରିଛି। ଏହାଦ୍ୱାରା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର ବେଫିକର ମନୋଭାବ ପଦାରେ ପଡ଼ିଛି। ତଳୁ ଉପର ପର୍ଯ୍ୟନ୍ତ ସମସ୍ତେ ଦାୟିତ୍ୱହୀନ ବୋଲି ପ୍ରମାଣ ଦେଇଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମୂଳ ଦରମା...

ବୃଦ୍ଧି ପାଏ। ବର୍ତ୍ତମାନ ଡିଏ ମୂଳ ଦରମାର ୫୫% ରହିଛି। ଡିଏ ହଟାଇବା ପରେ ମୋଟ ବେତନ (ମୂଳ ଦରମା + ଡିଏ + ଏଚ୍ଆର୍ଏ) ରେ ବୃଦ୍ଧି ସାମାନ୍ୟ କମ୍ ଦେଖାଯାଇପାରେ, କାରଣ ୫୫% ଡିଏ ଉପାଦାନ ହଟାଇ ଦିଆଯିବ।

ପ୍ରତ୍ୟେକ ବେତନ ଆୟୋଗ ସୁପାରିସ ଆରମ୍ଭରୁ କାର୍ଯ୍ୟକାରୀ ହେବା ପର୍ଯ୍ୟନ୍ତ ଦୁଇରୁ ତିନି ବର୍ଷ ସମୟ ଲାଗିଥାଏ। ବର୍ତ୍ତମାନ ବର୍ଷ ୨୦୨୫ ଶେଷ ହେବାକୁ ତିନି ମାସ ବାକି ଅଛି। ଯଦିଓ ବେତନ ଆୟୋଗ ଶୀଘ୍ର ଗଠନ ହୋଇଯାଏ, ତଥାପି ରିପୋର୍ଟ ପ୍ରସ୍ତୁତ କରିବା, ସରକାରୀ ଅନୁମୋଦନ ପାଇବା ଏବଂ ସବୁକିଛି ଚୂଡ଼ାନ୍ତ କରିବା ପାଇଁ କିଛି ସମୟ ଲାଗିଯିବ। ପୂର୍ବ ବେତନ ଆୟୋଗଗୁଡ଼ିକରେ ସମାନ ପ୍ରକାରର ଉଦାହରଣ ସ୍ପଷ୍ଟ। ୨୦୨୮ ସୁଦ୍ଧା ବେତନ ଆୟୋଗ ପୂର୍ଣ୍ଣ କାର୍ଯ୍ୟକାରୀ ହେବାର ଅର୍ଥ ଏହା ନୁହେଁ ଯେ ୨୦୨୮ରୁ ସୁବିଧା ଉପଲବ୍ଧ ହେବ। ସୂଚନାଯୋଗ୍ୟ ଯେ, ପ୍ରତି ୧୦ ବର୍ଷରେ ବେତନ ଆୟୋଗ ଗଠନ କରାଯାଏ। ୭ମ ଆୟୋଗ ୨୦୧୬ରେ କାର୍ଯ୍ୟକାରୀ ହୋଇଥିଲା, ଯେତେବେଳେ କି ୮ମ ଆୟୋଗ ୨୦୨୬ ଜାନୁଆରୀ ପହିଲାରୁ ପ୍ରଭାବୀ ହେବ ବୋଲି ସମୟ ଧାର୍ଯ୍ୟ କରାଯାଇଛି। ଏହାର ଅର୍ଥ ହେଉଛି ଏହି ତାରିଖରୁ ଦରମା ଏବଂ ପେନସନ ବୃଦ୍ଧି ଗଣନା କରାଯିବ।

### ଦିନକୁ ୧୦ ଘଣ୍ଟା...

ନିୟୋଜିତ କରାଯାଇପାରିବ। ସେହିପରି ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ଯୋଜନାରେ ଗ୍ରାମ ପଞ୍ଚାୟତସ୍ତରରେ ଆଦର୍ଶ ବିଦ୍ୟାଳୟର ବିକାଶ ପାଇଁ ପ୍ରସ୍ତାବକୁ ସୋମବାର ରାଜ୍ୟ କ୍ୟାବିନେଟରେ ଅନୁମୋଦନ ମିଳିଛି। ଏହି ଯୋଜନା ଅଧିନରେ ଆସନ୍ତା ତିନି ବର୍ଷ (୨୦୨୫-୨୬ ରୁ ୨୦୨୭-୨୮ ) ମଧ୍ୟରେ ପ୍ରଥମ ପର୍ଯ୍ୟାୟରେ ୨୨୦୦ ଗୋଟି ମଡେଲ ସ୍କୁଲ ନିର୍ମାଣ ହେବ। ଏଥିପାଇଁ ମୋଟ ୧୨,୦୦୦ କୋଟି ଟଙ୍କା ବ୍ୟୟ ଅଟକଳ କରାଯାଇଛି। ତେବେ ପ୍ରତ୍ୟେକ ସ୍କୁଲ ପାଇଁ ବିସ୍ତୃତ ପ୍ରକଳ୍ପ ରିପୋର୍ଟ ଆଧାରରେ ପ୍ରକୃତ ଖର୍ଚ୍ଚ ନିର୍ଣ୍ଣୟ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସେହିପରି କେନ୍ଦୁଝର ଘଟଗାଁ ଠାରେ ଥିବା ମା ତାରିଣୀ ମନ୍ଦିର ପରିସରର ପାରିପାଶ୍ୱିର୍କ ବିକାଶ ଉପରେ ଓଡ଼ିଶା ସରକାର ଗୁରୁତ୍ୱାରୋପ କରିଛନ୍ତି। ରାଜ୍ୟ କ୍ୟାବିନେଟ୍ ଏଥିପାଇଁ ୧୪୬ କୋଟି ଟଙ୍କା ମୂଲ୍ୟର ସର୍ବନିମ୍ନ ଟେଣ୍ଡର (ଜିଏସ୍ଟିକୁ ବାଦ୍ ଦେଇ) ମେସର୍ସ ଦିଲ୍ଲୀପ କନଷ୍ଟ୍ରକସନ ପ୍ରାଇଭେଟ୍ ଲିମିଟେଡ୍ ସପକ୍ଷରେ ଅନୁମୋଦନ କରିଛନ୍ତି। ୫୯.୨୦୬ ଏକର ପରିମିତ ଅଞ୍ଚଳରେ ଏହି ବିକାଶ କାର୍ଯ୍ୟ ୨୪ ମାସ ଭିତରେ ସଂମ୍ପୂର୍ଣ୍ଣ କରିବାକୁ ଧାର୍ଯ୍ୟ କରାଯାଇଛି। ଏହି ବିକାଶ କାର୍ଯ୍ୟ ପାଇଁ ସମୁଦାୟ ୨୨୬ କୋଟି ଟଙ୍କା ଖର୍ଚ୍ଚ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଛି।

### ଅଧିକ ବିଦ୍ୟୁତ...

ପିଛା ୨୭ ପଇସା ହିସାବରେ ମାତ୍ର ୧୮୭୩ କୋଟିଟଙ୍କା ଖର୍ଚ୍ଚ ହୋଇଛି। ତେଣୁ ବିଦ୍ୟୁତ ଆଇନ, ୨୦୦୩ ଧାରା ୬୨(୬) ଅନୁସାରେ ଅଧିକ ଆଦାୟ ହୋଇଥିବା ୮୯୫ କୋଟି ଟଙ୍କା ଉପଭୋକ୍ତାଙ୍କୁ ଫେରସ୍ତ କରାଯିବା ପାଇଁ ଆଦେଶ ଜାରି କରିଛନ୍ତି। ଆନ୍ଧ୍ର ବିଦ୍ୟୁତ୍ ନିୟାମକ ଆୟୋଗର ଏପରି ନିଷ୍ପତ୍ତି ପରେ ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ(ଓଇଆରସି) ସମାନ ଢଙ୍ଗରେ ରାଜ୍ୟର ଉପଭୋକ୍ତାଙ୍କୁ ଅର୍ଥ କେବେ ଫେରସ୍ତ କରିବେ, ସେନେଇ ଶକ୍ତି ସମୀକ୍ଷକମାନେ ପ୍ରଶ୍ନ ଉଠାଇଲେଣି।

ଶକ୍ତି ସମୀକ୍ଷକ ଆନନ୍ଦ ମହାପାତ୍ରଙ୍କ ସୂଚନା ଅନୁଯାୟୀ ଆନ୍ଧ୍ର ବିଦ୍ୟୁତ ନିୟାମକ ଆୟୋଗ ବିତରଣ କମ୍ପାନୀମାନଙ୍କୁ ନିର୍ଦ୍ଦେଶ ଦେଇ କହିଛନ୍ତି ଯେ ଆସନ୍ତା ନଭେମ୍ବରରୁ ୨୦୨୬ ଅକ୍ଟୋବର ମଧ୍ୟରେ ୧୨ କିସ୍ତିରେ ଉପଭୋକ୍ତାଙ୍କ ମାସିକ ବିଦ୍ୟୁତବିଲ କିସ୍ତି ଅନୁସାରେ ଆଡଜଷ୍ଟ କରି ଫେରସ୍ତ କରାଯିବ। ଶ୍ରୀ ମହାପାତ୍ରଙ୍କ ଅନୁଯାୟୀ ଆନ୍ଧ୍ରପ୍ରଦେଶ ବିଦ୍ୟୁତ ନିୟାମକ ଆୟୋଗ ଜାରି କରିଥିବା ଫେରସ୍ତ ଆଦେଶ ଭାରତରେ ପ୍ରଥମ ଘଟଣା। ଆଜି ପର୍ଯ୍ୟନ୍ତ କୌଣସି ରାଜ୍ୟର ବିଦ୍ୟୁତ ନିୟାମକ ଆୟୋଗ ଉପଭୋକ୍ତାଠାରୁ ଅଧିକ ଆଦାୟ ହୋଇଥିବା ବିଲ୍କୁ ଫେରସ୍ତ କରିବା ପାଇଁ ଆଦେଶ ଦେଇନାହାନ୍ତି। ତେବେ ଓଡ଼ିଶାରେ ଖୁଚୁରା ବିଦ୍ୟୁତ ମୂଲ୍ୟ ନିର୍ଣ୍ଣୟ ପ୍ରଣାଳୀରେ ଓଡ଼ିଶା ବିଦ୍ୟୁତ ନିୟାମକ ଆୟୋଗ (ଓଇଆରସି) ଅନୁମୋଦନ କରୁଥିବା ଆକଳିତ ବିଦ୍ୟୁତ କ୍ରୟ ମୂଲ୍ୟ (କେନ୍ଦ୍ରୀୟ ବିଦ୍ୟୁତ ଉତ୍ପାଦନ ସଂସ୍ଥାଙ୍କଠାରୁ) ଆଜି ପର୍ଯ୍ୟନ୍ତ ନିଜର କୌଣସି ଆଦେଶରେ ଟ୍ରୁଇଙ୍ଗ ଅପ ହୋଇଥିବା ଦର୍ଶାଇ ନାହାନ୍ତି। ମାତ୍ର ଆନ୍ଧ୍ର ଆୟୋଗ ବର୍ଷ ପୂରିବାର ୬ ମାସ ଭିତରେ ଟ୍ରୁଇଙ୍ଗ ଅପ କରିଦେଇଛନ୍ତି ଓ ଫେରସ୍ତ ଆଦେଶ ଦେଇଛନ୍ତି। ଶ୍ରୀ ମାହାପାତ୍ରଙ୍କ ସୂଚନା ଅନୁଯାୟୀ ୨୦୧୭-୧୮ ରୁ ୨୦୨୩-୨୪ ପର୍ଯ୍ୟନ୍ତ ଅର୍ଥାତ ୭ ବର୍ଷ ଭିତରେ ଓଡ଼ିଶାର ବିତରଣ କମ୍ପାନୀମାନେ ଆୟୋଗ ଅନୁମୋଦନ କରିଥିବା ହାରାହାରି ବିଦ୍ୟୁତ ମୂଲ୍ୟ ଠାରୁ ଉପଭୋକ୍ତାଙ୍କ ଠାରୁ ଅଧିକ ୬୧୧୦ କୋଟି ଟଙ୍କା ଆଦାୟ କରିଛନ୍ତି। ଏହାର ସମ୍ପୂର୍ଣ୍ଣ ହିସାବ ଓଡ଼ିଶା ଆୟୋଗଙ୍କୁ ଅବଗତ କରାଯାଇଥିଲେ ବି ଅଦ୍ୟାବଧି ଆୟୋଗ ଉପଭୋକ୍ତାଙ୍କୁ ଅଧିକ ବିଜୁଳି ବିଲ୍ ଫେରସ୍ତ ପାଇଁ କୌଣସି ପଦକ୍ଷେପ ନେଇ ନାହାନ୍ତି। ତେଣୁ ତୁରନ୍ତ ଆୟୋଗ ଏ ଦିଗରେ ଅଧିକ ତତ୍ପରତା ପ୍ରକାଶ କରିବାର ଆବଶ୍ୟକତା ରହିଛି ବୋଲି ଶ୍ରୀ ମହାପାତ୍ର ମତପ୍ରକାଶ କରିଛନ୍ତି।

### ଶିରୀଶ ମୁର୍ମୁ...

ଡିଗ୍ରୀ ହାସଲ କରିଥିଲେ। ୧୯୯୧ ମସିହାରେ ରିଜର୍ଭ ବ୍ୟାଙ୍କରେ ନିଜର ଚାକିରି ଜୀବନ ଆରମ୍ଭ କରିଥିବା ଶିରୀଶଚନ୍ଦ୍ର ମୁର୍ମୁ ବର୍ତ୍ତମାନ ରିଜର୍ଭ ବ୍ୟାଙ୍କରେ ଏକଜିକ୍ୟୁଟିଭ୍ ଡାଇରେକ୍ଟର ଭାବରେ କାର୍ଯ୍ୟରତ।

ସଂପ୍ରତି ଆର୍ବିଆଇରେ ଡେପୁଟୀ ଗଭର୍ଣ୍ଣର ଭାବେ ନାଗେଶ୍ୱର ରାଓ, ଟି. ରବିଶଙ୍କର, ସ୍ୱାମୀନାଥନ ଜେ. ଏବଂ ପୁନମ୍ ଗୁପ୍ତା କାର୍ଯ୍ୟରତ। ବେତନଟୀର ବିଶିଷ୍ଟ ଅର୍ଥନୀତୀଜ୍ଞ ଦୀପକ ମିଶ୍ରଙ୍କ ଧର୍ମପତ୍ନୀ ପୁନମ ଗୁପ୍ତା ଚଳିତବର୍ଷ ରିଜର୍ଭ ବ୍ୟାଙ୍କର ଡେପୁଟୀ ଗଭର୍ଣ୍ଣର ଭାବେ ଦାୟିତ୍ୱ ଗ୍ରହଣ କରିଥିବା ବେଳେ ଶିରୀଶ ଆସନ୍ତା ୯ ତାରିଖରେ ଡେପୁଟୀ ଗଭର୍ଣ୍ଣର ଭାବେ ଦାୟିତ୍ୱ ଗ୍ରହଣ କରିବାକୁ ଯାଉଛନ୍ତି। ମୟୂରଭଞ୍ଜ ଜିଲ୍ଲା ବେତନଟୀର ଦୁଇଦୁଇ ଜଣ ବିଶିଷ୍ଟ ବ୍ୟକ୍ତିବିଶେଷ ରିଜର୍ଭ ବ୍ୟାଙ୍କର ଡେପୁଟୀ ଗଭର୍ଣ୍ଣର ଭଳି ମର୍ଯ୍ୟାଦାଜନକ ପଦବୀରେ ଅବସ୍ଥାପିତ ହେବା ସମଗ୍ର ଓଡ଼ିଶା ଏବଂ ମୟୂରଭଞ୍ଜ ପାଇଁ ଗର୍ବ ଏବଂ ଗୌରବ ଆଣିଦେଇଛି।

- ବାରମ୍ବାର ଉଡୁଛି ଡ୍ରୋନ୍

# ବଡ଼ଦେଉଳର ସୁରକ୍ଷାକୁ ଅଣଦେଖା

ପୁରୀ,୨୯।୯(ସମିସ): ବାରମ୍ବାର ଶ୍ରୀମନ୍ଦିର ଉପରେ ଉଡୁଛି ଡ୍ରୋନ୍। ଚଳିତ ମାସରେ ୩ଥର ଡ୍ରୋନ୍ ଉଡ଼ିଥିବାବେଳେ ଥରେ କମ୍ ଉଚ୍ଚତାରେ ଉଡ଼ିଛି ବିମାନ। ଏହା ଉପରେ କିପରି ଅଙ୍କୁଶ ଲାଗିପାରିବ ସେ ନେଇ ବାରମ୍ବାର ତାଗିଦ୍ କରାଯାଉଛି। ଘଟଣା ପରେ ତତ୍ପରତା ଦେଖାଉଛନ୍ତି ଶ୍ରୀମନ୍ଦିର ପ୍ରଶାସନ ଆଉ ପୁଲିସ। ହେଲେ କିଛିଦିନ ପରେ ଏହି ପ୍ରସଙ୍ଗକୁ ଏକପ୍ରକାର ଭୁଲି ଯାଉଛନ୍ତି। ଯାହାଫଳରେ ପୁଣି ଶ୍ରୀମନ୍ଦିର ଉପରେ ଚକ୍କର କାଟୁଛି ଡ୍ରୋନ୍। ବାରମ୍ବାର ଏଭଳି ଘଟଣା ଘଟିଚାଲିଥିବା ବେଳେ ମନ୍ଦିର ପ୍ରଶାସନ ଚିରାଚରିତ ଭାବେ ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରୁଛି। ହେଲେ ଏହାକୁ ନେଇ ସେମିତି କିଛି କଡ଼ା ଦଣ୍ଡବିଧାନ ନ ଥିବାରୁ ପରୋକ୍ଷରେ ଏହା ଉଡ଼ାଣକାରୀଙ୍କୁ ପ୍ରୋତ୍ସାହିତ କରୁଛି। ସେମାନେ ବାରମ୍ବାର ଏଭଳି ଉଡ଼ାଣ କରୁଛନ୍ତି।



ଅନ୍ୟପକ୍ଷରେ ଶ୍ରୀମନ୍ଦିର ସୁରକ୍ଷାକୁ ଆହୁରି କଡ଼ାକଡ଼ି କରିବା ପାଇଁ ଆଣ୍ଟି ଡ୍ରୋନ୍ ସିଷ୍ଟମ୍ ବ୍ୟବସ୍ଥା କରାଯିବ ବୋଲି ଆଇନ ମନ୍ତ୍ରୀ ଘୋଷଣା କରିଥିଲେ। ହେଲେ ଏଯାଏଁ ଏହି ବ୍ୟବସ୍ଥା ଲାଗିଲା ନାହିଁ। ଅପରପକ୍ଷେ ସୁରକ୍ଷା ବ୍ୟବସ୍ଥାକୁ କାଟି ମନ୍ଦିର ନିଷିଦ୍ଧାଞ୍ଚଳରେ ଡ୍ରୋନ୍ ଚକ୍କର କାଟୁଥିବାବେଳେ ଏବେ ସମସ୍ତଙ୍କ ମନରେ ଗୋଟିଏ ପ୍ରଶ୍ନ କୁଆଡ଼େ ଗଲା ଆଣ୍ଟି ଡ୍ରୋନ୍ ସିଷ୍ଟମ୍?

ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥା ଦିନକୁ ଦିନ ବିପନ୍ନ ହେବାରେ ଲାଗିଛି। ବିଭିନ୍ନ ସମୟରେ ଫଟୋ, ଭିଡିଓ ବଡ଼ଦେଉଳର ବହୁ ଗୁପ୍ତ ତଥ୍ୟକୁ ପଦାରେ ପକାଉଥିବାବେଳେ ଏବେ ଚିନ୍ତା ବଢ଼ାଇଦେଲାଣି ଡ୍ରୋନ୍ ଉଡ଼ାଣ। ଚଳିତ ମାସରେ ୩ ଥର ଡ୍ରୋନ୍ ଉଡ଼ିଲାଣି। ରବିବାର ସନ୍ଧ୍ୟା ସମୟରେ ମନ୍ଦିର ନିଷିଦ୍ଧାଞ୍ଚଳରେ ଡ୍ରୋନ୍ ଉଡ଼ିଥିଲା। ପ୍ରାୟ ୧୫ ମିନିଟ୍ ଧରି ଶ୍ରୀମନ୍ଦିର ନିକଟରେ ଡ୍ରୋନ୍ଟି ପଇଁତରା ମାରିଥିଲା। ସିଂହଦ୍ୱାର, ଆନନ୍ଦବଜାର, ସ୍ନାନମଣ୍ଡପ ଉପରେ ଚକ୍କର କାଟିଥିଲା। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ନୀଳଚକ୍ରରେ ବାନା ପରିବର୍ତ୍ତନ ସମୟରେ ଉଡ଼ିଲା ଡ୍ରୋନ୍। ତେବେ ବାନା ବନ୍ଧା ସମୟରେ ଡ୍ରୋନ୍ ଉଡ଼ିବାରୁ ଚୁନରା ସେବକଙ୍କ ଉପରେ ସାଧାରଣରେ ସନ୍ଦେହ କରାଯାଉଛି। ନୋ ଫ୍ଲାଇଂ ଜୋନ୍ରେ କିଭଳି ବାରମ୍ବାର ଡ୍ରୋନ୍ ଉଡୁଛି ତାକୁ ନେଇ ଉଠିଛି ପ୍ରଶ୍ନ। ଏହାକୁ କିଏ ଏବଂ କେଉଁଠୁ ଅପରେଟ୍ କରୁଥିଲେ ତାହା ଏ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇ ନ ଥିବାବେଳେ ପୁଲିସ ଖୋଳତାଡ଼ ଜାରି ରଖିଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଡ୍ରୋନ୍ ଉଡ଼ାଣକୁ ନେଇ ବିଭିନ୍ନ ସମୟରେ ଆଲୋଚନା ହେବା ସହ ଏହା ଉପରେ କିପରି ରୋକ୍ ଲାଗିବ ସେ ନେଇ ଯୋଜନା କରାଯାଉଛି। କେତେଜଣଙ୍କୁ ମଧ୍ୟ ପୁଲିସ ଠାବ କରି ଥାନାକୁ ଆଣି ପଚରାଉଚରା ପରେ ଛାଡ଼ିଛି। ଏହାସତ୍ତ୍ୱେ ଏଥିରେ ରୋକ୍ ଲାଗିପାରୁନାହିଁ। ତେବେ ଶ୍ରୀମନ୍ଦିର ନିଷିଦ୍ଧାଞ୍ଚଳରେ ଯେପରି ଡ୍ରୋନ୍ ଉଡ଼ାଣ ନ ହେବ ସେଥିଲାଗି ଆଣ୍ଟି ଡ୍ରୋନ୍ ସିଷ୍ଟମ୍ ବ୍ୟବସ୍ଥା କରାଯିବ ବୋଲି ଆଇନ ମନ୍ତ୍ରୀ ଘୋଷଣା କରିଥିଲେ। ହେଲେ ଏ ପର୍ଯ୍ୟନ୍ତ ତାହା କରାଯାଇ ନାହିଁ। ଫଳରେ ବାରମ୍ବାର ମନ୍ଦିର ଉପରେ ଡ୍ରୋନ୍ ଉଡୁଛି।

ସୂଚନାଥାଉ କି, ଶ୍ରୀମନ୍ଦିର ଉପରେ ଆତଙ୍କବାଦୀ ଆକ୍ରମଣର ଆଶଙ୍କା ରହିଛି। ଏ ନେଇ ବିଭିନ୍ନ ସମୟରେ ଗୋଇନ୍ଦା ବିଭାଗ ରିପୋର୍ଟ ଦେଇଛି। ଏହାକୁ ନଜରରେ ରଖି ଶ୍ରୀମନ୍ଦିରର ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ମନ୍ଦିରର ଚାରିଦ୍ୱାର ସମତେ ଚତୁଃପାଶ୍ୱର୍ରେ ବ୍ୟାପକ ସୁରକ୍ଷା କର୍ମୀ ମୁତୟନ ରହୁଛନ୍ତି। ପ୍ରବେଶ ପଥରେ ଭକ୍ତଙ୍କୁ ଯାଞ୍ଚ କରାଯାଉଛି। ପରିକ୍ରମା ପ୍ରକଳ୍ପ ସମ୍ପୂର୍ଣ୍ଣ ହେବା ପରେ ସୁରକ୍ଷା ବ୍ୟବସ୍ଥା ଆହୁରି ବଢ଼ିଯାଇଛି। ମାଳ ମାଳ ସୁରକ୍ଷା କର୍ମୀ ଏବଂ ମନ୍ଦିର ଭିତରେ ଅବସରପ୍ରାପ୍ତ ସେନା କର୍ମଚାରୀଙ୍କୁ ବି ନିୟୋଜିତ କରାଯାଇଛି। ତଥାପି ସୁରକ୍ଷା ବ୍ୟବସ୍ଥାକୁ ନେଇ ଅନେକ ସମୟରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି।


**IN THE COURT OF SRI S.K.DEO, ESTATE OFFICER UNDER THE PUBLIC PREMISES (EVICTION OF UNAUTHORISED OCCUPANTS) ACT, 1971, TOWN SERVICES BUILDING, SECTOR-2, ROURKELA-6.**
**P.P.Case No-300001/2020**

**FORM C**

**Notice under sub-section (1) of Section 6 of the Public Premises (Eviction of Unauthorised Occupants) Act, 1971**

Steel Authority of India Limited,
Rourkela Steel Plant,
Rourkela. ....................Applicant Company

-Vrs-

The General Secretary,
Adarsha Pathagara (Bhanja Bhawan),
Sector 5, P.S. Sector 7, P.O. Rourkela – 2,
Dist.: Sundargarh. ....................Opp. party

Whereas on 12.09.2025 you were evicted from the public premises described in the Schedule below which was unauthorisedly occupied by you;

Now further to the notice dated 15.09.2025, and in exercise of the powers conferred on me by sub-section (1) of Section 6 of the Act, I hereby give you notice that after fourteen days of publication of this notice in this newspaper, the property (materials) remaining on the said premises will be liable to be removed or disposed of by public auction or to be acquired by the Applicant Company to realize arrears of rent/damages/costs due from the Opp. Party. In case you desire to take possession of your property (materials) and to remove the same from the said premises, you will be permitted to do so on written authority from the undersigned provided the arrears of rent/damages/costs due from you are paid within the said period of fourteen days. The detailed seizure list has been sent to you by speed post to your last known postal address. Nevertheless, if you desire, you can collect the seizure list as well as arrears of rent/damages/costs due from you from office of the undersigned within the stipulated period.

**Schedule**

In the District of Sundargarh, Sub Division and Munsif: Panposh at Uditnagar in the Industrial Township of Adarsha Pathagara(Bhanja Bhawan), Sector-5, P.S. Sector-7, P.O. Rourkela-2, Dist.: Sundargarh with fittings and fixtures and along with electrical installations.

Date: 27.09.2025

Sd/- Signature and seal of the Estate Officer


### ୧୯୩ଟି ମଣ୍ଡପରେ ଜଗିବେ ୬୧ ପ୍ଲାଟୁନ୍ ଫୋର୍ସ

ଭୁବନେଶ୍ୱର, ୨୯।୯ (ସମିସ): ଦୁର୍ଗାପୂଜା ପାଇଁ କମିସନରେଟ୍ ପୁଲିସ୍ ପକ୍ଷରୁ ରାଜଧାନୀରେ କଡ଼ା ସୁରକ୍ଷା ବ୍ୟବସ୍ଥା କରାଯାଇଛି। ପୂରା ସହରରେ ୧୯୩ଟି ମଣ୍ଡପରେ ମା' ମହାମାୟୀ ବିରାଜିଥିବା ବେଳେ ଆଇନଶୃଙ୍ଖଳା ଓ ଟ୍ରାଫିକ୍ ନିୟନ୍ତ୍ରଣ ପାଇଁ ୩ଜଣ ଡିସିପି ରାଙ୍କ ଅଫିସର୍ଙ୍କୁ ଗୁରୁଦାୟିତ୍ୱ ଦିଆଯାଇଛି। ସେମାନଙ୍କ ଅଧୀନରେ ୬୧ ପ୍ଲାଟୁନ୍ ଫୋର୍ସ ମୁତୟନ କରାଯିବ। ଏହା ଭିତରେ ୩ ପ୍ଲାଟୁନ କେନ୍ଦ୍ରୀୟ ସଶସ୍ତ୍ର ବଳ ରହିଛନ୍ତି। ରାଜଧାନୀର ୨୪ଟି ମଣ୍ଡପରେ ମା'ଙ୍କ ମୂର୍ତ୍ତିରେ ସୁନା ଓ ରୁପା ଅଳଙ୍କାର ବ୍ୟବହାର ହୋଇଥିବାରୁ ସେଠାରେ ସୁରକ୍ଷା ବ୍ୟବସ୍ଥାକୁ ବ୍ୟାପକ କରାଯାଇଛି।


Phone No. (06854) 241159 / 232714
Email: ceo@koraputccb.com

**KORAPUT CENTRAL CO-OPERATIVE BANK LTD.,**
HEAD OFFICE: N.K.T. ROAD, JEYPORE – 764003: DIST: KORAPUT (ODISHA)

Letter No. 2409/P&S/2025-26 Date 24.09.2025

**QUOTATION CALL NOTICE**

Sealed quotations are invited from the intending registered firm for making a Glow sign board for branch banks of the Koraput Central Cooperative Bank Ltd., Jeypore along with supported valid GST & PAN are requested to submit their sealed quotations before the undersigned on or before **Dt.04.10.2025** by **5.30 P.M** latest as per following specification along with 2% security deposit of quotation value in favour of Secretary, Koraput Central Cooperative Bank Ltd., Jeypore at the time of submission of tender. The sealed tender notice should be highlighted as a Glow sign board on envelop.

The tender will be opened on Dtd. **06.10.2025** at **11.30 A.M** in presence of the authorized representative and if no agency or their representative shall remain present at the time of opening of quotations then the same shall be opened by the Purchase Committee members.

| Sl. No. | Particulars | Qty. required approximately | Proposed installation Site/Places in the KCCB Ltd., Branch & ATMs |
|---|---|---|---|
| 1. | Glow Sign Board: Fixing Acrylic LED 3D Letters with 48mm Thickness On ACP Background with Frame (Odiya letters with the KCC Bank logo) along with standard Led lights fitting charges. Glow sign Board size approximately: 10" feet Length x 4 feet width" Note: The above size may vary from branch to branch. | 23 Nos. of Branches & 1 No. at Head Office | KCCB Ltd., H.O, Main, Mahila, Bazar, Sadar, Borigumma, Koraput, Semiliguda, Nandapur, Laxmipur, Narayanapatna Nabarangpur, Papadahandi, Kosagumuda, Umerkote, Malkangiri, Mathili, M.V 79 Branch at Kalimela, Balimela, Rayagada, Tikiri, Muniguda, Gunupur & Padmapur Branch bank. |
| | | 9 Nos. of ATM | KCCB Ltd., Main, Borigumma, Koraput, Semiliguda, Laxmipur, Nabarangpur, Mathili, Gunupur & Padmapur ATMs |

The above items should be quoted including GST, Transportation, Delivery/Supply at the above Branch Bank & ATMs of the Koraput Central Cooperative Bank Ltd., Jeypore (within undivided Koraput District) including installation charges. The quotation received incomplete or after the scheduled date shall be rejected and will not be entertained by the Bank.

The short list shall be made basing upon the rates offered by the firms/agencies. The authority reserves the right to reject all or any quotations without assigning any reason thereof. Taxes will be deducted as applicable at the time of payment of Bill amount.

For any queries, please contact to Sri Jaya Pradeep Patnaik, Manager, P&S, KCC Bank Ltd., Head Office, Jeypore. Mobile No.: 9777519964.

Secretary,
Koraput Central Cooperative Bank Ltd.,
Jeypore.


# ଷଣ୍ଢ ଲଢ଼େଇରେ ଯୁବତୀ ମୃତ

ବାରିପଦା, ୨୯।୯(ସମିସ): ବାରିପଦା ସଦର ଥାନା ଅନ୍ତର୍ଗତ ୧୮ନଂ ଜାତୀୟ ରାଜପଥର ମଞ୍ଚାବନ୍ଧାଠାରେ ଦୁଇ ଷଣ୍ଢ ମଧ୍ୟରେ ଲଢ଼େଇ ଯୋଗୁଁ ଜଣେ ଯୁବତୀଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ବାଇକ୍ ଚାଳକ ଗୁରୁତର ଆହତ ହୋଇଛନ୍ତି। ମୃତ ଯୁବତୀଜଣଙ୍କ ହେଲେ, ବାରିପଦା ଟାଉନ ଥାନା ଅନ୍ତର୍ଗତ ମଧୁବନ ଅଞ୍ଚଳର ଊର୍ମି ସମ୍ପଦ (୧୭)। ସୋମବାର ସନ୍ଧ୍ୟାରେ ସେମାନେ ବାଇକ୍ ଯୋଗେ ଆସୁଥିବା ବେଳେ ମଞ୍ଚାବନ୍ଧା ନିକଟରେ ଦୁଇଟି ଷଣ୍ଢ ଲଢ଼େଇ ଲାଗି ଅତର୍କିତ ଭାବେ ତାଙ୍କ ଆଡ଼କୁ ମାଡ଼ି ଆସିଥିଲେ। ଜୋର୍ରେ ବାଇକକୁ ଧକ୍କା ଦେବାରୁ ଉଭୟ ବାଇକ ଆରୋହୀ ଭାରସାମ୍ୟ ହରାଇ ରାସ୍ତାକଡ଼ରେ ପଡ଼ିଯାଇଥିଲେ। ପରେ ଯୁବତୀଙ୍କ ଉପରେ ଦୁଇ ଷଣ୍ଢ ମାଡ଼ି ଚାଲିଯିବାରୁ ଗୁରତର ଆହତ ହୋଇଥିଲେ। ରକ୍ତାକ୍ତ ଅବସ୍ଥାରେ ସ୍ଥାନୀୟ ଲୋକେ ଉଦ୍ଧାର କରି ପିଆରଏମ ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ଯୁବତୀଙ୍କୁ ମୃତ ଘୋଷଣା କରିଥିଲେ।

- ବାଣ ଓ ବିସ୍ଫୋରକ ବିରୋଧରେ ପୁଲିସର ଅଭିଯାନ

# ୧୫ ଦିନରେ ୧୮୪ ମାମଲା, ୧୩୩ ଗିରଫ

କଟକ,୨୯।୯(ସମିସ): ଆଗାମୀ ଉତ୍ସବ ଋତୁକୁ ଦୃଷ୍ଟିରେ ରଖି ବେଆଇନ ଭାବେ ବାଣ ତଥା ବିସ୍ଫୋରକ ସାମଗ୍ରୀ ସଂରକ୍ଷଣ, ଅନଧିକୃତ ପରିବହନ ଓ ବିକ୍ରୟକୁ ରୋକିବା ପାଇଁ ପୁଲିସ ପକ୍ଷରୁ ରାଜ୍ୟବ୍ୟାପୀ ଏନଫୋର୍ସମେଣ୍ଟ କରାଯାଉଛି। ଡିଜିପିଙ୍କ ନିର୍ଦ୍ଦେଶକ୍ରମେ ଗତ୧୪ ତାରିଖରୁ ୨୭ ସେପ୍ଟେମ୍ବର ପର୍ଯ୍ୟନ୍ତ ଓଡ଼ିଶା "ଅଗ୍ନି" ନାମକ ଏହି ରାଜ୍ୟସ୍ତରୀୟ ସ୍ୱତନ୍ତ୍ର ଡ୍ରାଇଭ୍ କରାଯାଇଥିଲା। ଉପରୋକ୍ତ ୧୫ ଦିନରେ ମୋଟ ୧୮୪ଟି ମାମଲା ପଞ୍ଜିକୃତ ହୋଇଥିବା ବେଳେ ୧୩୩ଜଣ ଗିରଫ ହୋଇଛନ୍ତି । ସେହିଭଳି ୮କୋଟି ୨୪ଲକ୍ଷ ୬୦ହଜାର ଟଙ୍କାର ସାମଗ୍ରୀ ଜବତ କରାଯାଇଥିବା ବେଳେ ୪୫ଜଣଙ୍କୁ ନୋଟିସ ଜାରି ହୋଇଛି। ଏହି ସଚେତନତା ଅଭିଯାନ ଜାରି ରହିବ। ସ୍ୱତନ୍ତ୍ର ଅଭିଯାନ ସମୟରେ ଅନୁଗୁଳ ଜିଲ୍ଲାରେ ୧୭ଟି ମାମଲାରେ ୧୩ଜଣଙ୍କୁ ଗିରଫ କରାଯାଇଛି। ୫୭୩୦ କିଲୋଗ୍ରାମ ବିସ୍ଫୋରକ ଜବତ ହୋଇଛି। କେନ୍ଦୁଝରରେ ୨୧ଟି ମାମଲାରେ ୨୧ଜଣ ଗିରଫ ହୋଇଛନ୍ତି। ଗଞ୍ଜାମରେ ୧୪ ଓ ବୌଦରେ ୧୦ଟି ମାମଲା ପଞ୍ଜିକତ ହୋଇଛି।


**AFFIDAVIT**
I, NAKAFODI OJHA AT/PO- INDIPUR, PS- SADAR, DHENKANAL- 759025, ODISHA DECLARE BY THIS AFFIDAVIT NO- 1852, DATE- 24. 09.2025. THAT NOW ONWARDS, I SHALL BE KNOWN AS **NAKAPHODI OJHA** FOR ALL FUTURE PURPOSES.

**AFFIDAVIT**
By virtue of an affidavit CF No.121, dtd.25.09.2025 before the Executive Magistrate, Bhubaneswar, I, Ranjeeta Sahoo, W/o- Chitta Ranjan Sahoo, resident of Bhubaneswar, declare that in my daughter Bishnupriya Sahoo's school records my name has been wrongly mentioned as Ranjita Sahoo instead of Ranjeeta Sahoo. Both names refer to the same person i.e., myself. Hence, my correct name is **Ranjeeta Sahoo** for all future purposes.
Sd/-Ranjeeta Sahoo

**AFFIDAVIT**
By an affidavit Before the Notary, Cuttack on Dt.29.09.2025 I, **Tapan Kumar Maulik,** S/o.: Late Birendra Nath Maulik, aged about 56 years, At: Netaji Nagar, PO.: Tulsipur, Dist.: Cuttack-753008 declare that in my actual name is Tapan Kumar Maulik which has been written in my aadhar card but my name which has been written in my Passport bearing No.: N0330673 as Tapan Maulik. Tapan Kumar Maulik and Tapan Maulik is one and same person. I shall be known as **Tapan Kumar Maulik** for all future purposes. That the facts stated above are true to the best of my knowledge and belief.

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**Antares Systems Ltd.**
Ph:080-45982100/033-46046611
e-mail: esale@etenderwizard.com
Tender Wizard
e-Auction for disposal of Burnt Oil, Old, Used & Unserviceable Items of Mahanadi Coalfields Limited, Sambalpur. Website: www.tenderwizard.com/ESALE.
Auction No's
1) ASL/MCL/DISPOSAL/25-26/05 Auction Date: 08-10-2025
2) ASL/MCL/DISPOSAL/ 25-26/06 Auction Date: 09-10-2025
3) ASL/MCL/DISPOSAL/ 25-26/07 Auction Date: 09-10-2025
4) ASL/MCL/DISPOSAL/25-26/08 Auction Date: 10-10-2025
For further information, contact Helpdesk at the above address.
Refer Sale notice for further details.

**AFFIDAVIT**
I, Prasant Kumar Samantaray S/o -Benudhar Samantaray, Resident of Village -PDN Horizon, Flat No-107, PO/PS - Khandagiri, Dist - Khurdha, Odisha, declare by this affidavit No.26 dtd 13.08.2025 that now onwards I shall be known as **PRASANTA KUMAR SAMANTARAY** for all future purposes.

**AFFIDAVIT**
By virtue of an affidavit before the Executive Magistrate, Bhubaneswar, I, PRABHA VATI SHARMA, D/O- Rampukar Sharma, W/O- Shiv Shakti Sharma, resident of At- Plot No. 64/1631, Shree Kshetra Nagar, Kesura, PO- Bankual, PS- Saheednagar, Bhubaneswar, Dist.- Khordha, Odisha, Pin- 751002, declare by this affidavit No.15AA274132 dated 22.09.2025 that now onwards I shall be known as **PRABHAWATI SHARMA** for all future purposes.

**AFFIDAVIT**
By virtue of an affidavit sworn before the Executuve Magistrate, Nabarangpur, dated. 25.09.2025, I Dalimbo Bhatra, W/o- Late. Padman Bhatra, Vill.- Sindhiguda, Po.- Sindhiguda, Ps.- Nabarangpur, Dist.- Nabarangpur, Odisha, Pin - 764063, declare that I have changed the name of my Daughter from **BINATI BHATRA** to **JAMUNA BHATRA**. Henceforth, she shall be known as **JAMUNA BHATRA** for all purposes.
Sd/- Dalimbo Bhatra

**AFFIDAVIT**
By virtue of an affidavit sworn before the Sub-Divisional Magistrate/Assistant Collector/ Sub Collector, Nabarangpur, dated. 26.09.2025, I Namita Mohanty, W/o- Patnala Danteswar Achary, at- Hanuman Nagar, Back side Ram Mandir Nabarangpur, Post/Ps./Dist.- Nabarangpur, declare that, I have changed the name of my daughter from **P.Kiran Mohi** to **Patanala Kiran Mahi Achary**. Henceforth, she shall be known as **Patanala Kiran Mahi Achary** for all purposes.
Sd/- Dalimbo Bhatra

**AFFIDAVIT**
I, Pritendu Satapathy, S/o- Lingaraj Satapathy , resident of At- Achyutapur, Po- Garhrupas,Ps-Konark, Dist- Puri, Pin- 752111, Odisha declared by this affidavit No.795, dtd- 29/09/2025 that now onwards I shall be known as **PRITINDU SATAPATHY** for all future purposes.

ସକାଳ
THE SAKALA



ମା' ଆସୁଛନ୍ତି

# ମନ ମୋହୁଛି ଆଦିବାସୀ ସଂସ୍କୃତି ମେଢ



■ ୨୭ ବର୍ଷରେ ତକତପୁର ସାର୍ବଜନୀନ ଦୁର୍ଗାପୂଜା
■ ଭସାଣିରେ ବିଶେଷ ଆକର୍ଷଣ ଲୋକବାଦ୍ୟ

ବାରିପଦା, ୨୯ ।୯ (ସମିସ): ପାର୍ବଣ ଋତୁରେ ମା' ଦୁର୍ଗା ମୃଣ୍ମୟୀ ରୂପରେ ଅବତାରଣା ହୋଇ ଧରାପୃଷ୍ଠରେ ପୂଜା ପାଉଛନ୍ତି। ଦୁର୍ଗତି ନାଶିନୀ ମା' ଦୁର୍ଗାଙ୍କ ପୂଜାର୍ଚ୍ଚନା ନିମନ୍ତେ ପୂଜା ମଣ୍ଡପଗୁଡିକ ଚଳଚଞ୍ଚଳ ହୋଇ ଉଠିଛି। ବାରିପଦା ସହରର ପୂଜା ମଣ୍ଡପଗୁଡିକ ମଧ୍ୟରୁ ତକତପୁର ସାର୍ବଜନୀନ ଦୁର୍ଗାପୂଜା କମିଟିର ପୂଜା ଅନ୍ୟତମ। ଅଞ୍ଚଳବାସୀଙ୍କ ଉଦ୍ଧ୍ୟମରେ ୧୯୯୮ ମସିହାରେ ପୂଜା ଆରମ୍ଭ ହୋଇଥିବା ବେଳେ ଚଳିତ ଥର ୨୭ ବର୍ଷରେ ପଦାର୍ପଣ କରିଛି। ଏଠାରେ ମା' ଦୁର୍ଗାଙ୍କ ପୂଜାରେ ସ୍ୱତନ୍ତ୍ରତା ରହିଛି। ତକତପୁରରୁ ବିଶ୍ୱବିଦ୍ୟାଳୟ ରାସ୍ତାରେ ପୂଜା ଅନୁଷ୍ଠିତ ହେଉଥିବା ବେଳେ ଚଳିତ ବର୍ଷ ପୂଜା ସାଜସଜ୍ଜା ସ୍ୱତନ୍ତ୍ରତା ବାରି ହେଉଛି। ଆଦିବାସୀ ସଂସ୍କୃତିକୁ ନେଇ ମେଢ ଓ ମୂର୍ତ୍ତି ସ୍ୱତନ୍ତ୍ର ଭାବେ ନିର୍ମିତ ହୋଇଛି। ପଶ୍ଚିମବଙ୍ଗର କାରିଗର ମା' ସମେତ ଦେବାଦେବୀଙ୍କ ମୂର୍ତ୍ତି ନିର୍ମାଣ ଜୀବନ୍ତ ରୂପ ଦେଇଛନ୍ତି। ପୂଜା କମିଟିର ସଭାପତି ଭାବେ ଗଣେଶ ଚନ୍ଦ୍ର ସିଂହ, ଉପ ସଭାପତି ଭାବେ ପୁରୁଷୋତ୍ତମ ସେଠୀ, ସିପୁନ ସାମଲ ଓ ଅଜିତ କୁମାର ପାତ୍ର, ସମ୍ପାଦକ ଭାବେ ଶଙ୍କର୍ଷଣ ପଣ୍ଡା, ସହ ସମ୍ପାଦକ ଶୁଭଙ୍କର ମଲ୍ଲ ଓ କୋଷାଧ୍ୟକ୍ଷ ଭାବେ ବାବି ଦାସ ଏବଂ ସହ କୋଷାଧ୍ୟକ୍ଷ ଭାବେ ସଞ୍ଜୟ କୁମାର ଦାସଙ୍କ ଉଦ୍ୟମରେ ପୂଜା କରାଯାଉଛି। ବାରିପଦା ସହର ପୁରାତନ ଦୁର୍ଗା ପୂଜା ଭାବେ ଏହି ମଣ୍ଡପ ପରିଚିତ। ରବିବାରରେ ଷଷ୍ଠୀ ଓ ସୋମବାର ସପ୍ତମୀ ପୂଜା ଆରମ୍ଭ ହୋଇଛି। ପୂଜାର ତୋରଣ, ସାଜସଜ୍ଜା, ଆନୁଷଙ୍ଗିକ ବ୍ୟବସ୍ଥା ଓ ମୂର୍ତ୍ତି ନିର୍ମାଣରେ ବ୍ୟବସ୍ଥା ବାରି ହେଉଛି। ପୂଜାକୁ ବେଶ୍ ଶାନ୍ତିଶୃଙ୍ଖଳାର ସହ ଆକର୍ଷଣୀୟ ଭାବେ ପାଳନ କରିବାକୁ ପୂଜା କମିଟି ସଦସ୍ୟମାନେ ବେଶ ସକ୍ରିୟ ରହିଛନ୍ତି। ପୂଜାର ନିର୍ଘଣ୍ଟ ଅନୁଯାୟୀ ଘଟ ଉତ୍ତୋଳନ ଠାରୁ ଆରମ୍ଭ କରି ପୂଜାବିଧି, ଢ଼ାକି ଆଦି ଚଣ୍ଡି ପାଠକଙ୍କ ଦ୍ୱାରା ପୂଜାକାର୍ଯ୍ୟ ସମ୍ପାଦିତ ହୋଇଥାଏ। ପ୍ରାୟ ସପ୍ତାହକ ଧରି ମଣ୍ଡପ ପାଖରେ ସାଂସ୍କୃତିକ କାର୍ଯ୍ୟକ୍ରମ, ମେଲୋଡି ଆଦି ଅନୁଷ୍ଠିତ ହେବ। ବିସର୍ଜନ ସମୟରେ ଡିଜେ ବଦଳରେ ପାରମ୍ପରିକ ବାଦ୍ୟକୁ ପ୍ରାଧାନ୍ୟ ଦେଇ ବିସର୍ଜନ କରାଯିବ। ଭସାଣିରେ ଲୋକବାଦ୍ୟ ବିଶେଷ ଆକର୍ଷଣ ରହିବ ବୋଲି କମିଟି ପକ୍ଷରୁ କୁହାଯାଇଛି।



## ଦୁର୍ବଳ ନେଟୱର୍କ ଯୋଗୁଁ ଗ୍ରାହକ ହନ୍ତସନ୍ତ

କରଞ୍ଜିଆ, ୨୯।୯ (ସମିସ): ପ୍ରଧାନମନ୍ତ୍ରୀ ଓଡ଼ିଶା ଗସ୍ତରେ ଆସି ରାଜ୍ୟରେ ଦୂରସଞ୍ଚାର ନିଗମର ଉନ୍ନତ ସେବା ଯୋଗାଇବା ଉଦ୍ଦେଶ୍ୟରେ ୪ଜି ଇଣ୍ଟରନେଟ ସେବାକୁ ଉଦ୍‌ଘାଟନ କରି ଓଡ଼ିଶାବାସୀଙ୍କୁ ପୂଜା ଉପହାର ଦେଇ ଚାଲିଗଲେ। କରଞ୍ଜିଆର ବିଭିନ୍ନ ଅଞ୍ଚଳବାସୀ ଖୁସି ହେବା କଥା; କିନ୍ତୁ ସେମାନଙ୍କ ଖୁସି ବେଶୀ ସମୟ ରହି ନ ଥିଲା। ପୂର୍ବପରି ଇଣ୍ଟରନେଟ ବ୍ୟବସ୍ଥା ଅତି ଦୁର୍ବଳ ହୋଇରହିଛି। ବିଶେଷକରି କରଞ୍ଜିଆ ୮, ୭, ୬, ୧୧ ନମ୍ବର ୱାର୍ଡରେ ନେଟୱାର୍କ ଜମା ରହୁନାହିଁ। କେତେବେଳେ ନେଟୱାର୍କ ରହୁଛି ତ କେତେବେଳେ ଦୁର୍ବଳ ରହୁଛି। ଗ୍ରାହକ ମୋବାଇଲ ନେଟୱାର୍କ ପାଇଁ ଘରୁ ବାହାରି ରାସ୍ତା ଉପରକୁ ଆସିବା ପାଇଁ ବାଧ୍ୟ ହେଉଛନ୍ତି। ଭାରତୀୟ ଦୂର ସଞ୍ଚାର ନିଗମର ଉଚ୍ଚ କର୍ତ୍ତୃପକ୍ଷ ଗ୍ରାହକଙ୍କ ସେବା ଉପରେ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ମୁଣ୍ଡାରୀ ଭାଷାର ସାମ୍ବିଧାନିକ ସ୍ୱୀକୃତି ଦାବି ନେଇ ଏକାଠିହେଲେ ୧୭ ସଂଗଠନ



ବାରିପଦା, ୨୯ ।୯ (ସମିସ): ମୁଣ୍ଡାରୀ ଭାଷାର ସାମ୍ବିଧାନିକ ସ୍ୱୀକୃତି ହାସଲ ନିମନ୍ତେ ସୋମବାର ବାରିପଦା ସ୍ଥିତ ଅବସରପ୍ରାପ୍ତ କର୍ମଚାରୀ ଭବନରେ ୧୭ଟି ସଂଗଠନର ପ୍ରତିନିଧିଙ୍କୁ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଭାରତ ମୁଣ୍ଡା ସମାଜ, ମୁଣ୍ଡାରୀ ସମାଜ ସାଓଁୱାର୍ ଜାମଡା, ମୁଣ୍ଡା ଯୁବ ସଂଗଠନ, ଓଡ଼ିଶା ମୁଣ୍ଡାରୀ ଛାତ୍ର ସଂଗଠନ, ଓଡ଼ିଶା ପାହାନ୍ ଗୁଟୁଗାମ୍, ବିର୍ସା ମୁଣ୍ଡା ମେମୋରିଆଲ କ୍ଲବ, ମୁଣ୍ଡା ସମାଜ ବରିଷ୍ଠ ନାଗରିକ ମଞ୍ଚ, ମୁଣ୍ଡାରୀ ବାନି ଶିକ୍ଷକ ସଂଘ, ମୁଣ୍ଡାରୀ ବହୁଭାଷୀ ଶିକ୍ଷକ ସଂଘ, ମୁଣ୍ଡାରୀ ୟୁଟ୍ୟୁବର୍ସ ପ୍ରଡ୍ୟୁସର୍ସ ଆର୍ଟିଷ୍ଟ ଆସୋସିଏସନ୍, ଲେପେଲ୍ ନାପାମ୍ ସଂଗଠନ, ଏଲା ମୁଣ୍ଡାରୀ ଶିମିଳିପାଳ, ସେନ୍ ଗେ ସୁସୁନ୍, ମୁଣ୍ଡାରୀ ଭାଷା ସମନ୍ୱୟ କମିଟିର ପ୍ରତିନିଧିମାନେ ଉପସ୍ଥିତ ଥିଲେ। ମୁଣ୍ଡାରୀ ଭାଷାର ସାମ୍ବିଧାନିକ ସ୍ୱୀକୃତି ହାସଲ ନିମନ୍ତେ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣି ପ୍ରକୋଷ୍ଠରେ ଦାବିପତ୍ର ପ୍ରଦାନ କରିବା, ମୁଖ୍ୟମନ୍ତ୍ରୀଙ୍କୁ ପ୍ରତ୍ୟକ୍ଷ ଭାବରେ ସାକ୍ଷାତ କରି ଦାବିପତ୍ର ପ୍ରଦାନ କରିବା, ଭୁବନେଶ୍ୱର ଏବଂ ଦିଲ୍ଲୀର ଯନ୍ତରମନ୍ତରଠାରେ ବିଶାଳ ଗଣ ଆନ୍ଦୋଳନ କରିବା, ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଏବଂ ଗୃହମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରତ୍ୟେକ ଗ୍ରାମର ଗ୍ରାମସଭାରୁ ଦସ୍ତଖତ କରି ପ୍ରେରଣ କରିବା ଆଦି କାର୍ଯ୍ୟକ୍ରମ କରାଯିବା ପାଇଁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ହୋଇଛି। ବୈଠକରେ ମୁଣ୍ଡାରୀ ଭାଷା ସମନ୍ୱୟ କମିଟିର କେନ୍ଦ୍ରୀୟ ଆବାହକ ବୀରବଲ ସିଂ ସଭାପତିତ୍ୱ କରିଥିଲେ। ସାଧାରଣ ସମ୍ପାଦକ ଇଂ ସୁନାରାମ ସିଂ ଧନ୍ୟବାଦ ଅର୍ପଣ କରିଥିଲେ।

## ସାମ୍ବାଦିକ ମଦନ ସାହୁଙ୍କ ବିୟୋଗରେ ଶୋକ

କରଞ୍ଜିଆ, ୨୯।୯ (ସମିସ): କରଞ୍ଜିଆ ପ୍ରେସ କ୍ଲବ୍‌ର କୋଷାଧ୍ୟକ୍ଷ ମଦନ କୁମାର ସାହୁଙ୍କ ସୋମବାର ସନ୍ଧ୍ୟାରେ ରାଜାଜୀ ମାର୍ଗସ୍ଥିତ ବାସଭବନରେ ପରଲୋକ ହୋଇଯାଇଛି। ସେ ଭୁବନେଶ୍ୱର ସ୍ଥିତ ଏକ ଘରୋଇ ହସ୍‌ପିଟାଲରେ ଚିକିତ୍ସିତ ହେଉଥିଲେ। ଆଜି ସେ ଘରେ ପହଞ୍ଚିବାର ଅଧଘଣ୍ଟାଏ ପରେ ତାଙ୍କ ମୃତ୍ୟୁ ଘଟିଛି। ପ୍ରେସ କ୍ଲବ୍ ସଭାପତି ଧରଣୀ ଧର ପ୍ରଧାନ, ସମ୍ପାଦକ କର୍ଣ୍ଣାର୍ଜୁନ ସାହା, ଗୌରୀଶଙ୍କର ସିହ୍ନା, ଅରୁଣ କୁମାର ବେହେରା, ଦୀପକ କୁମାର ମହାନ୍ତ, ତନ୍ମୟ କୁମାର ଦାସ, ପାଞ୍ଚପିଢ଼ ପ୍ରେସ କ୍ଲବ ସଭାପତି ଉମା ଶଙ୍କର ଦାସ, ସାମ୍ବାଦିକ ସୁରଜ ସିଂ, ଆମେ ୭୯ ଅନୁଷ୍ଠାନର ମନୋଜ କୁମାର ରାମ, ଅନୁପ କୁମାର ଚୌଧୁରୀ, ସୁରେଶ ଅଗ୍ରୱାଲା, ଅଜିତ ବେହେରା, ଟୁଟୁ ସାହୁ, ବନମାଳି ସାହୁ, ଗୋବିନ୍ଦ ସାମନ୍ତରାୟ, ସଜ୍ଜନ ଅଗ୍ରୱାଲା, ସୁମନ୍ତ ମିଶ୍ର, ଚନ୍ଦ୍ର ମହନ ପାତ୍ର, ହରେକୃଷ୍ଣ ମହନ୍ତ, ଡାକ୍ତର ଲକ୍ଷ୍ମୀକାନ୍ତ ମହନ୍ତ, ଡାକ୍ତର ସୁଲୋଚନା ନାଏକ, ଡାକ୍ତର ପୂର୍ଣ୍ଣଓମ ନାଏକ, ଉମେଶ ଅଗ୍ରୱାଲ, ଭୁବନ ବିହାରୀ ସାହୁ ଓ ସହରର ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିଥିଲେ। ମୃତ୍ୟୁଶଯ୍ୟା ନିକଟରେ ଆତ୍ମିୟସ୍ୱଜନ ଉପସ୍ଥିତ ଥିଲେ। ବୈତରଣୀ କୂଳରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ସାନ ଝିଅ ସ୍ନେହା ସାହୁ ମୁଖାଗ୍ନି ଦେଇଥିଲେ।



## ଓପିଏସସି ପରୀକ୍ଷାରେ ଭୀମସେନଙ୍କୁ ୩୮୦ ର୍ୟାଙ୍କ

ବଡ଼ସାହି, ୨୯।୯ (ସମିସ): ବଡସାହି ବ୍ଲକ ଚନ୍ଦନପୁର ପଞ୍ଚାୟତ ଶଙ୍କୁଚା ଗ୍ରାମର ମେଧାବୀ ଛାତ୍ର ଭୀମସେନ ପ୍ରସାଦ ଟୁଡୁ ଓଡ଼ିଶା ସିଭିଲ ସର୍ଭିସ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇ ୩୮୦ ର୍ୟାଙ୍କ ପାଇଛନ୍ତି। ସେ ନବୋଦୟ ପାଇବା ପରେ ସେଠାରୁ ସଫଳତାର ସହିତ ଉତ୍ତୀର୍ଣ୍ଣ ହୋଇ କଟକ ଷ୍ଟିୱାର୍ଟ ସାଇନ୍ସ କଲେଜରେ +୨ ଓ +୩ ପଢୁଥିଲେ। ପାଠ ପଢ଼ିବା ସହିତ ଓପିଏସସି ପରୀକ୍ଷାରେ ସେ କିପରି କୃତକାର୍ଯ୍ୟ ହୋଇପାରିବେ ସେଥିପାଇଁ ଚେଷ୍ଟା ଜାରୀ ରଖିଥିଲେ। ପ୍ରତିଦିନ ସେ ୮ରୁ ୧୦ ଘଣ୍ଟା ପରିଶ୍ରମ କରୁଥିଲେ। ସେ ଜଣେ ରାଜ୍ୟସ୍ତରର ଭଲ ଫୁଟବଲ ଖେଳାଳି ଭାବେ ରାଜସ୍ଥାନ ଜୟପୁରରେ ଖେଳି ମଧ୍ୟ ସୁନାମ ଅର୍ଜନ କରିଛନ୍ତି। ବାପା ବଳରାମ ଟୁଡୁ ଓଡ଼ିଶା ପୁଲିସରେ ମାଆ ଜଣେ ଗୃହିଣୀ। ଏହି ଖବର ପ୍ରଚାରିତ ହେବା ପରେ ପଞ୍ଚାୟତବାସୀ, ଆଖପାଖ ଅଞ୍ଚଳରେ ଖୁସିର ଲହରୀ ଖେଳିଯାଇଛି। ବିଭିନ୍ନ ମହଲରୁ ତାଙ୍କୁ ଶୁଭେଚ୍ଛାର ସୁଅ ଛୁଟିଛି।



## ନିଖୋଜ ବୃଦ୍ଧଙ୍କ ମୃତଦେହ ନଦୀରୁ ଉଦ୍ଧାର

କୁଆମରା, ୨୯।୯ (ସମିସ): ଖୁଣ୍ଟା ଥାନା ଅଧୀନ କରକଟିଆ ଗ୍ରାମର ତିନି ଦିନ ତଳେ ନିଖୋଜ ହୋଇଥିବା ଅବସରପ୍ରାପ୍ତ ଶିକ୍ଷକ ସନ୍ନ୍ୟାସୀ ରାଉତ (୭୦)ଙ୍କ ମୃତଦେହ ନାଳୁହା ନଦୀରୁ ସୋମବାର ପୁଲିସ ଉଦ୍ଧାର କରିଛି। ସେ ଗତ ଶୁକ୍ରବାର ଅପରାହ୍ନରେ ଗଡ଼ି ଗାଁ ସାପ୍ତାହିକ ହାଟକୁ ଆସି ଆଉ ଘରକୁ ଫେରି ନ ଥିଲେ। ପରିବାର ଲୋକେ ବହୁ ଖୋଜାଖୋଜି କରି ନ ପାଇବାରୁ ଥାନାରେ ଅଭିଯୋଗ କରିଥିଲେ। ତେବେ ଆଜି ସକାଳେ ଘର ନିକଟରୁ ପ୍ରାୟ ୧ କିମି ଦୂର ନାଳୁହା ନଦୀର ମାଠିଆଭଙ୍ଗା ନିକଟରେ ଏକ ଗଛ କରୋଡରେ ଲାଗି ଭାସୁଥିବା ସ୍ଥାନୀୟ ଲୋକେ ଦେଖିବାକୁ ପାଇଥିଲେ। ପରେ ପୁଲିସ ଓ ଅଗ୍ନିଶମ ବିଭାଗ ପହଞ୍ଚି ମୃତଦେହକୁ ଉଦ୍ଧାର କରିଥିଲେ। ପୁଲିସ ଏ ନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି। ଶୌଚ ହେବାକୁ ଯାଇ ନଦୀର ଗଭୀର ଜଳରେ ଗୋଡ ଖସିଯିବାରୁ ସେ ବୁଡିଯାଇଥିବା ପୁଲିସ ଅନୁମାନ କରୁଛି। ବ୍ୟବଚ୍ଛେଦ ରିପୋର୍ଟ ଆସିଲେ ମୃତ୍ୟୁର କାରଣ ଜଣାପଡ଼ିବ।

## ଚିତ୍ରଡା ପାଇଁ ଗୌରବ ଆଣିଲେ ଲଳିତେନ୍ଦୁ



ମୋରଡ଼ା, ୨୯।୯ (ସମିସ): ମୋରଡା ବ୍ଲକ ଚିତ୍ରଡା ଗ୍ରାମର ଲଳିତେନ୍ଦୁ କୁମାର ବେହେରା ଓପିଏସ୍ ପରୀକ୍ଷାରେ ୩୧୪ ର୍ୟାଙ୍କ ରଖି ଅଞ୍ଚଳର ଗୌରବ ବଢ଼ାଇଛନ୍ତି। ସେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଗହନ କୁମାର ବେହେରା ଏବଂ ଗାୟତ୍ରୀ ବେହେରାଙ୍କ ପୁଅ। ସିଭିଲ ଇଞ୍ଜିନିୟରିଂରେ ବିଟେକ ପାସ କରିବା ପରେ ସେ ଓଏଏସ ପାଇଁ ପ୍ରସ୍ତୁତି ଆରମ୍ଭ କରିଥିଲେ। ଦୈନିକ ୯ରୁ ୧୦ ଘଣ୍ଟା ପରିଶ୍ରମ କରୁଥିଲେ। ବାପା, ମାଆ ଓ ପରିବାରର ପ୍ରେରଣା ପାଇ ସେ ଆଗକୁ ବଢ଼ିଥିଲେ ବୋଲି ପ୍ରକାଶ କରିଛନ୍ତି। ଓପିଏସସି ପରୀକ୍ଷା ଫଳ ପ୍ରକାଶ ପାଇବା ପରେ ୩୧୪ ର୍ୟାଙ୍କରେ ପୁଅ ରହିଥିବା ଜାଣି ପରିବାରରେ ଖୁସିର ଲହରୀ ଖେଳିଯାଇଛି। ସେ ଚିତ୍ରଡାର ପ୍ରଥମ ଓପିଏସ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିବାରୁ ବିଭିନ୍ନ ମହଲରୀ ଶୁଭେଚ୍ଛାର ସୁଅ ଛୁଟିଛି।

## ଆଦର୍ଶ ବିଦ୍ୟାଳୟରେ ବିଶ୍ୱ ଜଳାନ୍ତକ ଦିବସ



ମୋରଡା, ୨୯।୯ (ସମିସ): ଦିନକୁ ଦିନ ବୁଲା କୁକୁରଙ୍କ ଦୌରାତ୍ମ୍ୟ ବଢ଼ି ଚାଲିଥିବା ବେଳେ ଲୋକେ କୁକୁର ଆକ୍ରମଣର ଶିକାର ହୋଇ ଜଳାନ୍ତକ ରୋଗରେ ସଂକ୍ରମିତ ହେଉଛନ୍ତି। ଏହି କ୍ରମରେ ରବିବାର ମୋରଡା ବ୍ଲକ ଆଦର୍ଶ ବିଦ୍ୟାଳୟ ପରିସରରେ ବିଶ୍ୱ ଜଳାନ୍ତକ ଦିବସ ପାଳିତ ହୋଇଯାଇଛି। ଜଳାନ୍ତକ ବିଷୟରେ ଛାତ୍ରଛାତ୍ରୀ ଏବଂ ସାଧାରଣ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବା ଉକ୍ତ କାର୍ଯ୍ୟକ୍ରମର ମୁଖ୍ୟ ଉଦେଶ୍ୟ ଥିଲା। ଏହି ପରିପ୍ରେକ୍ଷୀରେ ପୋଷା କୁକୁରଙ୍କ ପାଇଁ ମାଗଣା ଜଳାନ୍ତଙ୍କ ଟିକାକରଣ ଶିବିର, ଛାତ୍ରଛାତ୍ରୀଙ୍କ ପାଇଁ କୁଇଜ୍ ଓ ରଚନା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ବ୍ଲକ ଭେଟନାରୀ ଅଫିସର ପଙ୍କଜ କୁମାର ଜେନା, ଆସିଷ୍ଟାଣ୍ଟ ସର୍ଜନ ସତ୍ୟଜିତ ପ୍ରଧାନ, ଆଦର୍ଶ ବିଦ୍ୟାଳୟର ଅଧ୍ୟକ୍ଷ ସଂଗ୍ରାମ କେଶରୀ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

## ସାର୍ ସାଗୁନ୍ ସାର୍ନା ସେମଲେଦ ପକ୍ଷରୁ ଦାଶାଁୟ ନାଚ ପ୍ରତିଯୋଗିତା ଉଦ୍‌ଯାପିତ

ବହଳଦା, ୨୯।୯ (ସମିସ): ମୟୂରଭଞ୍ଜ ଜିଲ୍ଲା ତିରିଂବ୍ଲକ ଅନ୍ତର୍ଗତ ପଡ଼ାଚାକଡି ଗ୍ରାମରେ ସାର୍ ସାଗୁନ୍ ସାରନା ସେମଲେଦ ସଂଘ ପକ୍ଷରୁ ୪୩ତମ ବାର୍ଷିକ କ୍ରୀଡା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଦାଶାଁୟ ନାଚ ଏବଂ ଫୁଟବଲ ପ୍ରତିଯୋଗିତା ସହ ମେଣ୍ଢା ଲଢେଇ ହୋଇଥିଲା। ଦଶହରା ଅବସରରେ ଆଦିବାସୀ ସାନ୍ତାଳ ସମ୍ପ୍ରଦାୟ ପକ୍ଷରୁ ଗାଁ ଦାଣ୍ଡରେ ଦାଶାଁୟ ନାଚ ନାଚିବାର ପରମ୍ପରା ରହିଛି। ଏହା ଆଦିବାସୀଙ୍କ ବିଶ୍ୱାସ ଓ ମାନ୍ୟତା ଅନୁସାରେ ଦଶହରା ବା ଦୁର୍ଗାପୂଜା ସହିତ ଜଡିତ। ପଡ଼ାଚାକଡି ଗ୍ରାମର ସାର୍ ସାଗୁନ୍ ସାରନା ସେମଲେଦ୍ ସଂଗଠନ ପକ୍ଷରୁ ଏହି ପରମ୍ପରାକୁ ଉଜ୍ଜିବିତ ରଖିବା ଉଦ୍ଦେଶ୍ୟରେ ଦାଶାଁୟ ନାଚ ପ୍ରତିଯୋଗିତା ଆୟୋଜିତ କରିଆସୁଛନ୍ତି। ଚଳିତବର୍ଷ ୨୭ ତାରିଖରେ ଏହି କ୍ରିଡା ପ୍ରତିଯୋଗିତା ଉତ୍ସବର ପ୍ରଥମାର୍ଦ୍ଧରେ ସଂଗଠନ ପକ୍ଷରୁ ମେଣ୍ଢା ଲଢେଇ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ନିଶ୍ଚିତପୁର (ଓଡ଼ିଶା) ଦଳ ସହ ଝାଡଖଣ୍ଡ ଅଞ୍ଚଳର ପତଲ ଗ୍ରାମର ମେଣ୍ଢା ଏବଂ ସ୍ଥାନୀୟ ଅଞ୍ଚଳର ତାଲସା ଓ ରେଙ୍ଗଲବେଡା ଗ୍ରାମର ମେଣ୍ଢା ମଧ୍ୟରେ ଲଢେଇ ଅନୁଷ୍ଠିତ ହୋଇଥିଲା। ଏହାପରେ ଦାଶାଁୟ ନାଚ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଦ୍ୱିତୀୟ ଦିବସ ୨୮ ତାରିଖରେ ଫୁଟବଲ ପ୍ରତିଯୋଗିତାରେ କୟମଡିହି ଦଳ ପ୍ରଥମ, ବିରଲା ଏଫସି ସାଲଇ ଦଳ ଦ୍ୱିତୀୟ, ପଟମବେଡା ଦଳ ତୃତୀୟ ଏବଂ ଆର୍ମୀ ଏଫସି ଜଂଘିଆ (ଶଶ ସାହି) ଦଳ ଚତୁର୍ଥ ସ୍ଥାନ ଅଧିକାର କରି ପୁରସ୍କୃତ ହୋଇଥିଲେ। ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ତିରିଂବ୍ଲକ ୨୦ ନଂ ଜୋନ୍ ଜିଲ୍ଲା ପରିଷଦ ପରେଶଚନ୍ଦ୍ର ମୁଣ୍ଡା, ସମିତି ସଭ୍ୟ ବଳଦେବ ହେମ୍ବ୍ରମ ମୁଖ୍ୟବକ୍ତା ଓ ସମ୍ମାନିତ ଅତିଥି ଭାବେ ଗ୍ରାମ ମାଝୀବାବା ବିନ୍ଦୁ ସୋରେନ୍, ନାଏକେ ବାବା ସାନ ପାଲୁରାମ ମୁର୍ମୁ ଏବଂ ସମାଜସେବୀ ମେଘ୍ରାୟ ମୁର୍ମୁ ପ୍ରମୁଖ ଯୋଗ ଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ।

## ଜଳାନ୍ତକ ସଚେତନତା ବୈଠକ

ବଡ଼ସାହି, ୨୯।୯ (ସମିସ): ମୟୂରଭଞ୍ଜ ପ୍ରାଣୀ ସମ୍ପଦ ବିକାଶ ବିଭାଗ ଓ ବଡସାହି ପ୍ରାଣୀ ସମ୍ପଦ ବିଭାଗ ସହଯୋଗରେ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଏକ ସଚେତନତା ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଭିଓ ଡାକ୍ତର ମନୋଜ କୁମାର ସେଠୀ, ଭିଏସ ସୌରଭ ମିଶ୍ର, ଅତିରିକ୍ତ ଭିଏସ ଶିବାଜୀ ମହାପାତ୍ର




ବଡସାହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ରବିନାରାୟଣ ସ୍ୱାଇଁ ପ୍ରମୁଖ ଯୋଗଦେଇ ବିଲୁଆ, ଗଧିଆ, କୁକୁର, ନେଉଳ, ବାଦୁଡି ଆଦି ପ୍ରାଣୀକୁ ସଂକ୍ରମଣ କରୁଥିବା ଏକ ଭୂତାଣୁ ଜନିତ ରୋଗ ହେଉଛି ଜଳାନ୍ତଙ୍କ କହିବା ସହିତ ଏହି ପ୍ରାଣୀମାନେ ମନୁଷ୍ୟକୁ କାମୁଡିଲେ ବା ତାଙ୍କର ଲାଳ ସଂସ୍ପର୍ଶରେ ଆସିଲେ ମନୁଷ୍ୟ ସଂକ୍ରମିତ ହେବା ସହିତ ମୃତ୍ୟୁର ସମ୍ଭାବନା ଅଧିକ ଥାଏ। ତେଣୁ କିପରି ମାଂସଭୋଜି ବନ୍ୟପ୍ରାଣୀଙ୍କଠାରୁ ସାବଧାନରେ ରହିବା ଏବଂ ଏହାର ଲକ୍ଷଣ ଓ ରକ୍ଷା ପାଇବାର ଉପାୟ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଶିକ୍ଷକ ଦେବାଶିଷ ମହାପାତ୍ର, ଦେବେନ୍ଦ୍ରନାଥ ସିଂ ଓ ବିଶ୍ୱରଞ୍ଜନ ଦଣ୍ଡପାଟ ପରିଚାଳନାରେ ସହଯୋଗ କରିଥିଲେ।

## ଜିଲ୍ଲାସ୍ତରୀୟ ପରଖ ରାଷ୍ଟ୍ରୀୟ ସର୍ବେକ୍ଷଣ କାର୍ମଶାଳା

ବାରିପଦା, ୨୯ ।୯ (ସମିସ): ମୟୂରଭଞ୍ଜ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନ ଆନୁକୂଲ୍ୟରେ ଦୁଇଦିନିଆ ଜିଲ୍ଲାସ୍ତରୀୟ ପରଖ ରାଷ୍ଟ୍ରୀୟ ସର୍ବେକ୍ଷଣ କାର୍ମଶାଳା ଅଧକ୍ଷ ପ୍ରମୋଦ କୁମାର ଡାକୁଆଙ୍କ




ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ, ମୟୂରଭଞ୍ଜ ବିନୋଦ ସିଂ, ପ୍ରତିଷ୍ଠାନର ପୂର୍ବତନ ଅଧକ୍ଷ ଅନାଦି ଚରଣ ବିନ୍ଧାଣୀ, ପ୍ରତିଷ୍ଠାନର ଆକଳନ ସେଲର ମୁଖ୍ୟ ଅଭିମନ୍ୟୁ ବେହେରା, ସମସ୍ତ ଶିକ୍ଷକ ପ୍ରଶିକ୍ଷକ/ପ୍ରଶିକ୍ଷକା ଯୋଗଦାନ କରି କାର୍ଯ୍ୟକ୍ରମକୁ ଆରମ୍ଭ କରିଥିଲେ। ଗତ ୨୦୨୪ ମସିହା ୪ ଡିସେମ୍ବରରେ ଅନୁଷ୍ଠିତ ହୋଇଥିବା ପରଖ ରାଷ୍ଟ୍ରୀୟ ସର୍ବେକ୍ଷଣରେ ତୃତୀୟ, ଷଷ୍ଠ, ନବମ ଶ୍ରେଣୀର ଭାଷା, ଗଣିତ, ବିଜ୍ଞାନ ଓ ସାମାଜିକ ବିଜ୍ଞାନ ବିଷୟରେ ମୟୂରଭଞ୍ଜ ଜିଲ୍ଲାର ପ୍ରଦର୍ଶନ ତଥା ଶିକ୍ଷଣ ଫଳାଫଳକୁ ବିଶ୍ଳେଷଣ କରି ଆଲୋଚନା କରାଯାଇଥିଲା। ଏହି କର୍ମଶାଳାରେ ଆଗାମୀ ଦିନରେ ହେବାକୁ ଥିବା ପରଖ ରାଷ୍ଟ୍ରୀୟ ସର୍ବେକ୍ଷଣରେ ଛାତ୍ରଛାତ୍ରୀ କିଭଳି ଉନ୍ନତ ପ୍ରଦର୍ଶନ କରିବେ ସେଥିପାଇଁ ଜିଲ୍ଲାସ୍ତରୀୟ ଚୂଡ଼ାନ୍ତ ରୂପରେଖ ପ୍ରସ୍ତୁତି ଉପରେ ଆଲୋଚନା କରାଯାଇଥିଲା। କର୍ମଶାଳାକୁ ସାଧନକର୍ମୀ ତଥା ଶିକ୍ଷକ ପ୍ରଶିକ୍ଷକ ଆଶିଷ କୁମାର ଦାସ ମହାପାତ୍ର, ସାଗର କୁମାର ଦଳନାଏକ, ହରପ୍ରିୟା ନାୟକ, ରୂପାଲି ରଚନା ପାତ୍ର ପରିଚାଳନା କରିଥିଲେ। ଜିଲ୍ଲାର ପ୍ରତ୍ୟେକ ବ୍ଲକରୁ ୨ ଜଣ ଲେଖାଏଁ ମୋଟ ୫୨ ଜଣ ଜିଲ୍ଲା ସାଧନ କର୍ମୀ ଯୋଗଦେଇଥିଲେ।

## ଅକ୍ଟୋବର ପାଇଁ ଯୁଗ୍ମ ଜନଶୁଣାଣି ଶିବିର କାର୍ଯ୍ୟସୂଚୀ

ବାରିପଦା, ୨୯ ।୯ (ସମିସ): ମୟୂରଭଞ୍ଜ ଜିଲ୍ଲାପାଳ ଓ ଜିଲ୍ଲା ଆରକ୍ଷୀ ଅଧୀକ୍ଷକଙ୍କ ତତ୍ତ୍ୱାବଧାନରେ ଅକ୍ଟୋବର ମାସରେ ଅନୁଷ୍ଠିତ ହେବାକୁ ଥିବା ଯୁଗ୍ମ ଜନଶୁଣାଣି ଶିବିର ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ କାର୍ଯ୍ୟସୂଚୀ ନିର୍ଦ୍ଧାରିତ ହୋଇଛି। ଅକ୍ଟୋବର ମାସର ପ୍ରଥମ ସୋମବାର ୬ତାରିଖ ସଦର ଉପଖଣ୍ଡ ବାରିପଦା ପାଇଁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସ୍ଥିତ ସମ୍ମିଳନୀ କକ୍ଷରେ ପୂର୍ବାହ୍ନ ୧୦ଟାରୁ ଶୁଣାଣି ହେବ। ସେହିପରି ଦ୍ୱିତୀୟ ସୋମବାର ୧୩ତାରିଖ ବାମନଘାଟି ଉପଖଣ୍ଡ ପାଇଁ ବାମନଘାଟି ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ରାଇରଙ୍ଗପୁରରେ, ତୃତୀୟ ସୋମବାର ୨୦ତାରିଖ ପାଞ୍ଚପୀଢ଼ ଉପଖଣ୍ଡ ପାଇଁ କରଞ୍ଜିଆ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଏବଂ ଚତୁର୍ଥ ସୋମବାର ୨୭ ତାରିଖ କପ୍ତିପଦା ଉପଖଣ୍ଡ ପାଇଁ କପ୍ତିପଦା ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ଉଦଳା ଠାରେ ପୂର୍ବାହ୍ନ ୧୦ ଘଟିକା ଠାରୁ ଜନ ଶୁଣାଣି ଶିବିର ଅନୁଷ୍ଠିତ ହେବ। ଅନୁଷ୍ଠିତ ହେବାକୁ ଥିବା ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଶିବିରରେ ସମସ୍ତ ଜିଲ୍ଲା/ଉପଖଣ୍ଡ/ବ୍ଲକ ସ୍ତରୀୟ ଅଧିକାରୀ, ଲାଇନ ବିଭାଗ ଅଧିକାରୀ ଏବଂ ବିଡିଓ, ତହସିଲଦାର ସିଡିପିଓଙ୍କ ଉପସ୍ଥିତିରେ ସାଧାରଣ ଜନତାଙ୍କ ଆପତ୍ତି ଅଭିଯୋଗପତ୍ର ଗୁଡିକର ଶୁଣାଣି କରି ସମାଧାନ ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ନିଆଯିବ। ଧାର୍ଯ୍ୟ ତାରିଖ ଓ ସ୍ଥାନରେ ଅନୁଷ୍ଠିତ ହେବାକୁ ଥିବା ଜନ ଅଭିଯୋଗ ଶୁଣାଣି ଶିବିର କାର୍ଯ୍ୟକ୍ରମରେ ସମ୍ପୃକ୍ତ ଉପଖଣ୍ଡର ଜନସାଧାରଣ ନିଜ ନିଜର ବ୍ୟକ୍ତିଗତ ଓ ସାମୂହିକ ଅଭିଯୋଗନେଇ ନିଜେ ଉପସ୍ଥିତ ରହି ଜଣାଇପାରିବେ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି।

# 'ଆଦିବାଣୀ ଆପ୍'ରେ ହୋ ଆଦିବାସୀ ଭାଷାକୁ ମିଳିଲାନି ସ୍ଥାନ

ଶରତ, ୨୯।୯ (ସମିସ): କୃତ୍ରିମ ବୁଦ୍ଧିମତାକୁ ଆଧାର କରି ଆଦିବାସୀ ଭାଷାର ଅନୁବାଦ ନିମନ୍ତେ ଉଦ୍ଦିଷ୍ଟ ଆପ୍ ଆଦିବାଣୀକୁ ସେପ୍ଟେମ୍ବର ୧ ତାରିଖରେ ପ୍ରଚଳନ କରାଯାଇଛି। ଦେଶର ସବୁ ଆଦିବାସୀ ଅଧ୍ୟୁଷିତ ଜିଲ୍ଲାରେ 'ଆଦି କର୍ମଯୋଗୀ' ଅଭିଯାନର ଅଂଶବିଶେଷ ଭାବେ ଏହି ଆପକୁ ଆଦିବାସୀ ବ୍ୟାପାର ମନ୍ତ୍ରଣାୟ ଦ୍ୱାର କାର୍ଯ୍ୟକାରୀ କରାଯାଇଛି। ଯଦ୍ୱାରା ଆଦିବାସୀଙ୍କ ଭାଷା ହିନ୍ଦୀ କିମ୍ବା ଇଂରାଜୀରେ ଅନୁବାଦ କରାଯିବ ଏବଂ ବିଶ୍ୱବାସୀ ଏ ସମ୍ପର୍କରେ ଜାଣିପାରିବେ। ସେଥିରେଭିଲ୍ଲି, ମୁଣ୍ଡାରୀ, ଗୋଣ୍ଡି, ସାନ୍ତାଳୀ, କୁଇ ଏବଂ ଗାରୋ ୬ଟି ଆଦିବାସୀ ଭାଷା ସ୍ଥାନ ପାଇଛି। ଯେଉଁଥିରେ ହୋ ଭାଷାକୁ ସ୍ଥାନିତ କରାଯାଇ ନ ଥିବାରୁ ଅସନ୍ତୋଷ ବୃଦ୍ଧି ପାଇଛି। ଯଦିଓ ଏହା ପରୀକ୍ଷାମୂଳକଭାବେ ପ୍ରୟଜନୀୟ। ତଥାପି ଖବର ପ୍ରସାରିତ ହେଉଥିବାପରେ ହୋ ସମ୍ପ୍ରଦାୟକୁ ମ୍ରିୟମାଣ କଲା। ରାଜନୈତିକ ପ୍ରତିନିଧିଙ୍କ ଉପରେ ଏବଂ ଭାଷା ଆନ୍ଦୋଳନ ପୁରୁଖାମାନଙ୍କ ଉପରେ ପ୍ରଶ୍ନ ଉଠାଇଲେ। ଏ କଥା ସୋସିଆଲ ମିଡ଼ିଆରେ ଘୂରି ବୁଲିଲା। ପ୍ରତିନିଧିମାନେ ଏହାର ପ୍ରତିଉତ୍ତର ଦେଲେ ନାହିଁ କି ଆଶ୍ୱାସନା ମଧ୍ୟ ମିଳିଲା ନାହିଁ। ହୋ' ରାଜନେତାମାନେ ପରେ ଦେବେ କି ନାହିଁ, ତାହା ଶାସକ ଦଳ ଏବଂ ବିରୋଧୀ ଦଳରେ ଥିବା ପୁରୁଖା ରାଜନେତା ହୋ ଗମକେ ବା ମୁଖିଆମାନେ ପରେ ଭାବିବେ। ତେବେ ଏ ପ୍ରସଙ୍ଗରେ କେତୋଟି କଥାବସ୍ତୁ ବିଚାରକୁ ନିଆଯାଇପାରେ। ପ୍ରଥମ କଥା, ଭାଷା ପ୍ରତି ଆନ୍ତରିକତା ଓ ସଚେତନତା। ହୋ ଭାଷାରେ କଥାବାର୍ତ୍ତା ହେବା, ଲେଖିବା, ପ୍ରଚାର ପ୍ରସାର କରିବା, ଏହାର ଲିପି ଜାଣିବା, ଲେଖିବା ଏବଂ ଏଥିରେ ଆତ୍ମସନ୍ତୋଷ ଲାଭ କରିବା ଆଦି ଆବଶ୍ୟକତା ରହିଛି। ଏଥିସହିତ ରାଜନୀତିଗତ ପ୍ରଭାବ ଓ ପରିପକ୍ୱତାର ଆବଶ୍ୟକତା ମଧ୍ୟ ରହିଛି। ସରକାରୀ ଦଳକୁ ପ୍ରତିନିଧିତ୍ୱ କରୁଥିବା ରାଜନେତାଙ୍କ ଇଚ୍ଛାଶକ୍ତି ଓ ସହାୟତାର ଆବଶ୍ୟକତା ମଧ୍ୟ ରହିଛି। ଏକ ନିର୍ଦ୍ଦିଷ୍ଟ ସମ୍ପ୍ରଦାୟର ଲୋକଙ୍କ ସ୍ୱାର୍ଥ ସାଧନ ନିମନ୍ତେ ଯେଉଁ ଲଢେଇ ଦରକାର ତାହା ଦେଖାଯାଉଛି। କାରଣ ଦଳ ଗତ ନିର୍ବିଶେଷରେ ହୋ ସମ୍ପ୍ରଦାୟ ଏକ ହୋଇ ଏକ ସ୍ୱରରେ ସରକାରଙ୍କ ନିକଟରେ ଅନବରତ ଦାବି ଉପସ୍ଥାପନ କରିଛି।

ନେତାମାନେ ବ୍ୟକ୍ତିଗତ ସ୍ୱାର୍ଥ ସାଧନ ପରିବର୍ତ୍ତେ ସମାଜର ଲକ୍ଷ୍ୟ ସାଧନ ନିମନ୍ତେ ଉତ୍ସର୍ଗୀକୃତ। ସେହିପରି ନିଜ ସମ୍ପ୍ରଦାୟ ଭାଷା ସଂଶ୍ଳିଷ୍ଟ ନଥିପତ୍ର ଯାହା ଉକ୍ତ ସମ୍ପ୍ରଦାୟର ଭାଷା ପ୍ରତି ଥିବା ଆବଶ୍ୟକତାର ଗଭୀରତାକୁ ଇଙ୍ଗିତ କରେ ତାହା ମଧ୍ୟ ଅତୀତରେ ଦେଖାଯାଇଛି। ନିରନ୍ତର ଭାଷା ଆନ୍ଦୋଳନ ୭ ଦଶନ୍ଧି ଧରି ଅନେକ ଥର ଭାରତ ବର୍ଷରେ ଦେଖାଦେଇଛି। ଯେଉଁ ଆନ୍ଦୋଳନରେ ହୋ ସମ୍ପ୍ରଦାୟ ଦିନରାତି ଖରାବର୍ଷା ଶୀତକାକର ଏକ କରିଛି। ପଲ୍ଲୀରୁ ଦିଲ୍ଲୀ ଯାଇଛି; କିନ୍ତୁ ଉପରୋକ୍ତ କିଛି ଭାଷାର ସରକାରୀ ମାନ୍ୟତା ଦିଆଯାଇ ନାହିଁ କି ହୋ ସମ୍ପ୍ରଦାୟ ତୁଳନାରେ ଆନ୍ଦୋଳନ ମଧ୍ୟ ଦେଖା ଦେଇନାହିଁ। ତଥାପି ସେଗୁଡିକ ପାଇଁ ଆଦିବାଣୀ ଆପରେ ସ୍ଥାନ ଲାଭ କରୁଥିବା ବେଳେ ହୋ ଭାଷାକୁ ସ୍ଥାନିତ କରାଯାଇନାହିଁ। ଭବିଷ୍ୟତରେ ସ୍ଥାନ ପାଇବ କି ନାହିଁ ତାହା ସରକାରଙ୍କ ଉତ୍ତରଦାୟିତ୍ୱ। ।ରଣ ହୋ ଭାଷା ଆନ୍ଦୋଳନ ବିଷୟରେ ସାରା ଦେଶ ଜାଣିଛି। ସରକାର ମଧ୍ୟ ଗୁରୁତ୍ୱାରୋପ କରିଛନ୍ତି। ଆଗାମୀଦିନରେ ସରକାରୀ ମାନ୍ୟତା ପ୍ରଦାନ କରାଯିବ ବୋଲି ଦେଶବାସୀଙ୍କୁ ସୂଚନା ଦେଇଛନ୍ତି। ତଥାପି ଆଦିବାଣୀ ଅପରେ ସ୍ଥାନ ନ ମିଳିବା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଦୁର୍ଗାପୂଜାକୁ ନେଇ କେନ୍ଦୁଝର ସହରରେ ଭକ୍ତିମୟ ପରିବେଶ

# ମା'ଙ୍କର ଦୁର୍ଲଭ ବେଶ ଦର୍ଶନ ପାଇଁ ପୂଜାମଣ୍ଡପରେ ଭକ୍ତଙ୍କ ଭିଡ଼










କେନ୍ଦୁଝର,୨୯।୯(ସମିସ)

କେନ୍ଦୁଝର ସହର ସମେତ ବିଭିନ୍ନ ଅଞ୍ଚଳରେ ଦୁର୍ଗତିନାଶିନୀ ମା' ଦୁର୍ଗାଙ୍କର ମହାସପ୍ତମୀ ପୂଜା ଧୁମଧାମରେ ପାଳିତ ହେବାସହ ଜିଲ୍ଲାରେ ଶାରଦୀୟ ଦୁର୍ଗାପୂଜାକୁ ନେଇ ଭକ୍ତିମୟ ପରିବେଶ ସୃଷ୍ଟି ହୋଇଛି। ମଣ୍ଡପରେ ମା'ଙ୍କର ଦୁର୍ଲଭ ସିଂହବାହିନୀ ଓ ମହିଂସାମର୍ଦ୍ଦୀନି ରୂପ ଦର୍ଶନ ପାଇଁ ସମସ୍ତ ପୂଜାମଣ୍ଡପରେ ଶ୍ରଦ୍ଧାଳୁଙ୍କ ଭିଡ ଦେଖିବାକୁ ମିଳୁଛି। ରଙ୍ଗୀନ ଆଲୋକ, ସୁଉଚ୍ଚ ତୋରଣ ଓ ପାଶ୍ୱର୍ ଦେବାଦେବୀଙ୍କୁ ନେଇ ପୂଜାମଣ୍ଡପ ଅଧିକ ଆକର୍ଷଣୀୟ ହୋଇଛି। ଚଳିତ ବର୍ଷ ଏହାକୁ ଧୁମଧାମରେ କରିବାକୁ ଏବଂ ଏହାକୁ ଅଧିକ

## ଆକର୍ଷଣୀୟ ତୋରଣରେ ସଜେଇ ହୋଇଛି ପୂଜାମଣ୍ଡପ

ଆକର୍ଷଣୀୟ କରିବା ପାଇଁ ବିଭିନ୍ନ ପୂଜା କମିଟି ପକ୍ଷରୁ ପ୍ରସ୍ତୁତି କରାଯାଇଛି। ଦୁର୍ଗାପୂଜା ଅବସରରେ କେନ୍ଦୁଝର ସହରର ପୁରୁଣାବଜାର ସାର୍ବଜନୀନ ଶ୍ରୀ ଦୁର୍ଗାସୋବ କଲଚରାଲ କମିଟି, ଆଟୋପୁର, ଗାନ୍ଧୀଛକ ସାର୍ବଜନୀନ ଦୁର୍ଗାପୂଜା କମିଟି, ମାଇନିଂ ନିଉ କଲୋନୀ ଡେଭେଲପମେଣ୍ଟ ସୋସାଇଟି, ଜଗନ୍ନାଥପୁର ସାର୍ବଜନୀନ ମା' ଦୁର୍ଗାପୂଜା କମିଟି, କେନ୍ଦୁଝର ରିଜର୍ଭ ପୁଲିସ, ଡେଲି ମାର୍କେଟ ରାସ ପଡିଆସ୍ଥିତ ସାର୍ବଜନୀନ ଦୁର୍ଗାପୂଜା କମିଟି ଆଦି ସ୍ଥାନମାନଙ୍କରେ ମା'ଙ୍କ ମୃଣ୍ମୟୀ ମୂର୍ତ୍ତି ପୂଜା ପାଉଛନ୍ତି। ସୋମବାର ମହାସପ୍ତମୀ ପୂଜା ଅନୁଷ୍ଠିତ ହୋଇଥିବା ବେଳେ ମଙ୍ଗଳବାର ମହାଷ୍ଟମୀ ପୂଜା, ବୁଧବାର ମହାନବମୀ ପୂଜା ଓ ଗୁରୁବାର ଦଶହରା ପର୍ବ ପାଳନ ହେବ ବୋଲି ଆୟୋଜକମାନଙ୍କ ତରଫରୁ ଜଣାପଡିଛି। ଏଥିସହ ବିଭିନ୍ନ ଦେବୀପୀଠମାନଙ୍କରେ ପୀଠରେ ମହାଷ୍ଟମୀ ପୂଜା ଅନୁଷ୍ଠିତ ହୋଇଥିବା ବେଳେ ଜିଲ୍ଲାର ବିଭିନ୍ନ ଦେବୀପୀଠରେ ଭକ୍ତଙ୍କ ଗହଳି ପରିଲକ୍ଷିତ ହୋଇଥିଲା। ଘଟଗାଁ ମା' ତାରିଣୀଙ୍କ ପୀଠ, ପୁରୁଣା ରାଜଉଆସରେ ଥିବା ଦଣ୍ଡଦେବୀ, ଗଡତାରିଣୀ, ହାଟଡିହିର ଗଡଚଣ୍ଡି, ପୁରୁଣା ବାନ୍ଧଗୋଡାର ମା' ଧନେଇ, ହୁଣ୍ଡାର ମହାପାଟ, ଗୋନାସିକାର ବ୍ରହ୍ମତାରିଣୀ ଓ ବିଭିନ୍ନ ଗ୍ରାମଦେବୀ ପୀଠରେ ପୂଜା ଅନୁଷ୍ଠିତ ହୋଇଛି। କେନ୍ଦୁଝର ସହରର ସରକାରୀ ବସଷ୍ଟାଣ୍ଡ ନିକଟରେ ଥିବା ମା' ଦୁର୍ଗାଙ୍କ ମନ୍ଦୀରରେ ଷୋଡଶ ଦିନାତ୍ମକ ପୂଜା ପାଳିତ ହେଉଛି। ସେହିପରି କେନ୍ଦୁଝର ସହରର ମଣ୍ଡୁଆଠାରେ ନୂତନ ଭାବେ ଦୁର୍ଗତିନାଶିନୀ ପୂଜା କମିଟି ପକ୍ଷରୁ ପ୍ରଥମ କରି ମା' ଦୁର୍ଗାଙ୍କ ପୂଜା ଧୁମଧାମରେ ପାଳିତ ହେଉଛି। ଏଥିସହ ଟେଲିଫୋନ ଏକ୍ସଚେଞ୍ଜ ନିକଟସ୍ଥ ବଙ୍ଗାଳୀ ସମାଜ ପକ୍ଷରୁ ମା' ଦୁର୍ଗାଙ୍କ ପୂଜା ପାଳିତ ହେଉଛି। ପୂଜାମଣ୍ଡପଗୁଡିକୁ ଭକ୍ତମାନଙ୍କୁ ଆକର୍ଷିତ କରିବା ପାଇଁ ଆୟୋଜକମାନଙ୍କ ତରଫରୁ ରଙ୍ଗୀନ ଆଲୋକମାଳା, ସୁସଜ୍ଜିତ ତୋରଣ ସାଙ୍ଗକୁ ସନ୍ଧ୍ୟାରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ମେଳା ବୁଲିବା ପାଇଁ ଭକ୍ତମାନେ ଗହଳି ଜମାଉଥିବା ପରିଲକ୍ଷିତ ହେଉଛି। ବିଭିନ୍ନ ମଣ୍ଡପଗୁଡିକରେ ମାଗଣା ପ୍ରସାଦସେବନର ବ୍ୟବସ୍ଥା କରାଯାଇଛି। ପୂଜା ଅବସରରେ କେନ୍ଦୁଝର ସହରର ବିଭିନ୍ନ ମଣ୍ଡପମାନଙ୍କରେ ଭକ୍ତଙ୍କର ଗହଳି ଲାଗି ରହିଥିବାବେଳେ ପୁଲିସ ପ୍ରଶାସନ ତରଫରୁ ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରାଯାଇଛି।

## ଅଣା ଗ୍ରାମରେ ଶାରଦୀୟ ଦୁର୍ଗାପୂଜା



ହାଟଡ଼ିହୀ,୨୯।୯(ସମିସ): ହାଟଡିହୀ ବ୍ଲକ୍ ଅଣା ଗ୍ରାମରେ ଅତି ଆଡ଼ମ୍ବର ସହକାରେ ପାଳିତ ହେଉଛି ଶାରଦୀୟ ଦୁର୍ଗାପୂଜା। ସ୍ୱର୍ଗତ ଦାମୋଦର ମଲ୍ଲିକଙ୍କ ଉଦ୍ୟମରେ ୮୦ବର୍ଷ ପୂର୍ବେ ଆରମ୍ଭ ହୋଇଥିଲା ଏହି ଦୁର୍ଗାପୂଜା। ସୁନ୍ଦର ସାଜସଜ୍ଜା ଓ ଆଲୋକ ମାଳାରେ ସୁସଜ୍ଜିତ ହୋଇ ଆରମ୍ଭ ହୋଇଥିବା ମା'ଙ୍କ ପୂଜା ଗତ ରବିବାର ବିଲ୍ୱାଧୀବାସ କରାଯାଇଥିବା ବେଳେ ସୋମବାର ପୂର୍ବାହ୍ନରେ ନିକଟସ୍ଥ ଜଳାଶୟରୁ ଘଟ ଉତ୍ତୋଳନ କରାଯିବା ପରେ ମହାସପ୍ତମୀ ପୂଜା କରାଯାଉଛି। ପଣ୍ଡିତ ଉମାକାନ୍ତ ପଣ୍ଡା ଓ ମଙ୍ଗୁଳି ଚରଣ ପଣ୍ଡାଙ୍କ ଦ୍ୱାରା ରୀତିନୀତି ଅନୁଯାୟୀ ବେଦମନ୍ତ୍ରରେ ମା'ଙ୍କ ପୂଜା କରାଯାଉଅଛି। ଆସନ୍ତା ମଙ୍ଗଳବାର ମହାଷ୍ଟମୀ ପୂଜା, ସନ୍ଧିପୂଜା କରାଯିବା ସହିତ ବୁଧବାର ନବମୀପୂଜା, ବଳିଦାନ ପୂଜା ଅନୁଷ୍ଠିତ ହେବ। ଶେଷରେ ଗୁରୁବାର ଦଶହରାରେ ମା'ଙ୍କ ଶେଷ ପୂଜା ସମ୍ପନ୍ନ ହେବ। ଏଥିପାଇଁ ଶହଶହ ଶ୍ରଦ୍ଧାଳୁ ଓ ବ୍ରତଧାରୀ ସାମିଲ ହୋଇ ମାନସିକ ପୂଜାର୍ଚ୍ଚନା କରୁଥିବା ଦେଖିବାକୁ ମିଳିଛି। ପିତାମ୍ବର ମଲ୍ଲିକ, ପରମେଶ୍ୱର ମଲ୍ଲିକ, ପ୍ରଭାକର ମଲ୍ଲିକ, କନକ ମଲ୍ଲିକ, ସବିତା ମଲ୍ଲିକ ଓ ସ୍ୱାଗତିକା ମଲ୍ଲିକ ପ୍ରମୁଖ ପୂଜାରେ କର୍ତ୍ତାଭାବେ ଦାୟିତ୍ୱ ତୁଲାଇଥିଲେ। ପଣ୍ଡିତଙ୍କ ବେଦମନ୍ତ୍ରରେ ମା'ଙ୍କ ପୂଜା ଚାଲୁଥିବା ବେଳେ ମନୋଜ ମଞ୍ଜରୀ ମଲ୍ଲିକ, ହରେକୃଷ୍ଣ ବେହେରା, ବୈଷ୍ଣମ୍ବ ମଲ୍ଲିକ, ମହେଶ୍ୱର ମଲ୍ଲିକ, ଶୁଭଲକ୍ଷ୍ମୀ ମଲ୍ଲିକ, ମାତୃପ୍ରସାଦ ମଲ୍ଲିକ, ସ୍ୱାଗତ ମଲ୍ଲିକ, ସାଇ ପ୍ରସାଦ ମଲ୍ଲିକ, ଆଦିତ୍ୟ ମଲ୍ଲିକ ପ୍ରମୁଖ ପୂଜାକାର୍ଯ୍ୟ ପରିଚାଳନା କରୁଥିବା ବେଳେ ଗ୍ରାମବାସୀ ଆଗ୍ରହ ସହିତ ସହଯୋଗ କରୁଛନ୍ତି।

ପାର୍ବଣ ପାଇଁ ଚମ୍ପୁଆ ଉତ୍ସବମୁଖର

## ଆକର୍ଷଣୀୟ ତୋରଣରେ ଝଲସୁଛି ପୂଜାମଣ୍ଡପ




ଚମ୍ପୁଆ,୨୯।୯(ସମିସ): ଧରାପୃଷ୍ଟରେ ଅବତର କରିଛନ୍ତି ମା' ଜଗଜ୍ଜନନୀ। ମା'ଙ୍କ ପାଇଁ ଚମ୍ପୁଆ ସହର ଉତ୍ସବ ମୁଖର ହୋଇଉଠିଛି। ସାର୍ବଜନୀନ ଦୁର୍ଗାପୂଜା କମିଟି ତରଫରୁ ମଣ୍ଡପରେ ରଷ୍ଟ୍ରପତି ଭବନ ଆକୃତିର ତୋରଣ ଏବଂ ମା'ଜଗତଜନନୀ ଦୁର୍ଗାପୂଜା କମିଟି ଦ୍ୱାରା ସୁନ୍ଦରତୋରଣବିହୋଇଛି।ଚମ୍ପୁଆସହରରେଦୁଇଟିମଣ୍ଡପରେମା'ଙ୍କ ଦୁର୍ଗା ମେଢ ହେବା ସହ ମୃଣ୍ମୟ ମୂର୍ତ୍ତି, ସୁଦୃଶ ତୋରଣ ,ଆକର୍ଷଣୀୟ ଲାଇଟ ସାଜସଜ୍ଜାରେ ମଣ୍ଡପଗୁଡିକ ଝଟକୁଛ। ମଣ୍ଡପଗୁଡିକରେ ଆକର୍ଷଣୟ ତୋରଣ ସାଜସଜ୍ଜାକୁ ନିଜ ନିଜ ମୋବାଇଲରେ କଏଦ କରିବକୁ ଯୁବଗୋଷ୍ଠୀଙ୍କ ମଧ୍ୟରେ ବେଶ୍ ଉତ୍ସାହ ଦେଖିବାକୁ ମିଳୁଛି। ଆଜି ପ୍ରତ୍ୟୁଷରୁ ପାରମ୍ପରିକ ରୀତିନୀତି ଅନୁସାରେ ମହାସପ୍ତମୀ ପୂଜା



ଅନୁଷ୍ଠିତ ହେବା ସହ ଚଣ୍ଡୀପାଠ ସୁଲଳିତନାଦ ପରିବେଶକୁ ଆଧାତ୍ମିକ ପରିବେଶ ସୃଷ୍ଟି ହୋଇଛି। ଆଜି ଅଷ୍ଟମୀରେ ମହାଷ୍ଟମୀ ଓ ସନ୍ଧିପୂଜା ହେବ। ଏହି ଅବସରରେ ମନୋରଞ୍ଜନ ପାଇଁ କମିଟି ପକ୍ଷରୁ ଅଷ୍ଟମୀ, ନବମୀ ଓ ଦଶମୀ ପାଇଁ ରାଜ୍ୟର ନାମିଦାମି ସାଂସ୍କୃତିକ ଦଳ ତରଫରୁ ମେଲୋଡି କାର୍ଯ୍ୟକ୍ରମ ହେବାସହ ମିନାବଜାର ଓ ଦୋଳି ବସିଥିବା ସାର୍ବଜନୀନ ଦୁର୍ଗାପୂଜା କମିଟିର ଦିନେଶ ମାହାନ୍ତ ଓ ସମ୍ପାଦକ ସୁବ୍ରତ କୁମାର ସାହୁ ପ୍ରକାଶ କରିଛନ୍ତି। ମା'ଜଗଜ୍ଜନନୀ ଦୁର୍ଗାପୂଜା କମିଟିର ସମ୍ପାଦକ ଗିରିଜା ଶଙ୍କର ସାହୁ ଭାଇଚାରାର ସହର ଚମ୍ପୁଆରେ ଏପର୍ବକୁ ସୋହାର୍ଦ୍ଦ୍ୟମୟ ବାତାବରଣ ଭିତରେ ପାଳନ କରିବାକୁ ସମସ୍ତଙ୍କୁ ଅପିଲ କରିଛନ୍ତି। ମା' ଜଗଜ୍ଜନନୀ ଦୁର୍ଗାପୂଜା ମଣ୍ଡପଠାରେ ମଧ୍ୟ ମିନା ବଜାର ବସିଛି। ମେଢ ଦର୍ଶନ, ଶାନ୍ତିଶୃଙ୍ଖଳା ଓ ଭିଡକୁ ଦୃଷ୍ଟିରେ ରଖି ଚମ୍ପୁଆ ପୁଲିସ ପକ୍ଷରୁ ବ୍ୟାପକ ବ୍ୟବସ୍ଥା କରାଯାଇଛି।

୧୫୮ ବର୍ଷର ଫକିରପୁରର ଆଦ୍ୟ ଦୁର୍ଗା ଦେବୀ ଅନୁଷ୍ଠାନ

## ଚାନ୍ଦୀ ମେଢ଼ରେ ପୂଜା ପାଉଛନ୍ତି ମା'

ଆନନ୍ଦପୁର,୨୯।୯(ସମିସ): ଆନନ୍ଦପୁର ପୌରାଞ୍ଚଳର ଫକୀରପୁର ଗ୍ରାମରେ ୧୮୬୭ ମସିହାରେ ସ୍ଥାପିତ ହୋଇ ପୂଜା ପାଇଆସୁଛନ୍ତି ମା' ଆଦ୍ୟ ଦୁର୍ଗା ଦେବୀ। ୨୦୧୨ ମସିହାରୁ ଚାନ୍ଦୀ ମେଢ଼ରେ ମୃଣ୍ମୟୀ ଦେବୀ ପୂଜାପାଉଛନ୍ତି। ଫକିରପୁର ଗ୍ରାମବାସୀଙ୍କ ସହଯୋଗରେ ଅତି ଧୁମ୍‌ଧାମରେ ଦଶହରା ପାଳନ ହୁଏ। ଏଠି ମା' ଚଳନ୍ତି ଦେବୀ ଏବଂ ପ୍ରତ୍ୟେକ୍ଷ ଦେବୀ ରୂପେ ପ୍ରତିଷ୍ଠା ଲାଭ କରିଛନ୍ତି। ପଣ୍ଡିତ ଗୋପିନାଥ ପଣ୍ଡା, ବାବୁଲି ମିଶ୍ର, ସୁଶାନ୍ତ ମିଶ୍ର ଏବଂ କୁନା ପଣ୍ଡା ପୂଜକ ରୂପେ ମାଆଙ୍କ ପୂଜା ନୀତି ଦାୟୀତ୍ୱରେ ରହି ଅତ୍ୟନ୍ତ ଭାବ ଓ ଭକ୍ତିରେ ପୂଜାର୍ଚ୍ଚନା କରିଥାନ୍ତି। ଏହି ଅନୁଷ୍ଠାନର ବିଶେଷତ୍ୱ ଏହା ଯେ ମା'ଙ୍କର ଭସାଣୀରେ ହଜାର ହଜାର ଭକ୍ତ ସାମିଲ ହୋଇଥାନ୍ତି। ମା'ଙ୍କ ମୂର୍ତ୍ତିଙ୍କୁ ନିଜ କାନ୍ଧରେ ଧରି ହଜାର ହଜାର ଭକ୍ତ ନିଜକୁ ସମର୍ପଣ ସହ ଭସାଣୀରେ ସାମିଲ କରିଥାନ୍ତି।



## ସାଇଁକୁଲରେ ୭୦ ବର୍ଷ ଧରି ପୂଜା ପାଉଛନ୍ତି ମା'ଦୁର୍ଗା

ରାମଚନ୍ଦ୍ରପୁର,୨୯।୯(ସମିସ): ଜଗଜ୍ଜନନୀ ମା'ଦୁର୍ଗାଙ୍କ ସୋମବାର ଥିଲା ସପ୍ତମୀ ପୂଜା। ଏଥିପାଇଁ ଘଷିପୁରା ବ୍ଲକ୍ ସାଇଁକୁଳ ଅଞ୍ଚଳ ଚଳଚଞ୍ଚଳ ହୋଇଉଠିଛି। ସାଇଁକୁଳ ଦୁର୍ଗାମଣ୍ଡପରେ ଶାରଦୀୟ ଦୁର୍ଗା ପୂଜା ମହାଆଡ଼ମ୍ବରରେ ପାଳିତ ହେଉଛି। ଏଠାରେ ପ୍ରାୟ ୭୦ ବର୍ଷରୁ ଅଧିକ ବର୍ଷ ହେବ ମା'ଦୁର୍ଗା ପୂଜା ପାଇ ଆସୁଥିବା ବେଳେ ଏହି ପୂଜାମଣ୍ଡପକୁ ବହୁ ଦୂରଦୂରାନ୍ତରୁ ଭକ୍ତ ଆସି ମା'ଙ୍କ ନିକଟରେ ମାନସିକ ରଖିଛନ୍ତି। ତେବେ ଏଠାରେ ୫ ଦିନ ଧରି ପୂଜା ଧୁମଧାମରେ ପାଳନ କରାଯାଉଥିବା ବେଳେ ଜନ ସାଧାରଣଙ୍କ ମନୋରଞ୍ଜନ ପାଇଁ ମିନାବଜାର, ଦୋଳି ସହ ଅପେରା ପରିବେଷଣ କରାଯାଉଛି। ଗତକାଲି ସନ୍ଧ୍ୟାରେ ଓଡିଶାର ପ୍ରତିଷ୍ଠିତ ପାଲା ଗାୟକ ସନାତନ ଦାସ ଏବଂ ସାଥି ପାଲା ପରିବେଷଣ କରିଥିଲେ। ପୂଜାରେ ମୁଖ୍ୟ କର୍ତ୍ତା ଭାବେ ବ୍ରହ୍ମାନନ୍ଦ ପଟ୍ଟନାୟକ ନିଷ୍ଠାର ସହ ବ୍ରତ ରଖିଥିବା ବେଳେ ଶ୍ରଦ୍ଧାଳୁ ହରମୋହନ ପରିଡା, ଦିବାକର ନାୟକ, ଅଶୋକ ଘଡେଇ, ମହେନ୍ଦ୍ର ଚକ୍ର, କୂଳମଣୀ ପରିଡା, ଟୁନା ଜେନା, ଅଭିମନ୍ୟୁ ଚକ୍ର ଓ ପ୍ରାଣକୃଷ୍ଣ ପରିଡା



ପ୍ରମୁଖ ବ୍ରତ ରଖିଥିଲେ। ଆଚାର୍ଯ୍ୟ ଚନ୍ଦ୍ରଶେଖର ମିଶ୍ର, ଚନ୍ଦ୍ରମଣୀ ପଣ୍ଡା, ଲକ୍ଷ୍ମଣ ଦାସ, ରୁଦ୍ରାଂଶୁ ପଣ୍ଡା ମା'ଙ୍କ ନିକଟରେ ବିଲ୍ୱବରଣ, ଷଷ୍ଠି ଏବଂ ସପ୍ତମୀ ପୂଜା ବିଧି ମୁତାବକ ସମ୍ପାଦନ କରୁଛନ୍ତି। କଳସ ପୂଜା ତଥା ଉତ୍ସବ ପରିଚାଳନାରେ କଳାକାର ସାମଲ, ଚିତ୍ତରଂଜନ ପରିଡା, ସନ୍ତୋଷ କୁମାର ସ୍ୱାଇଁ, ସନତ ରଥ, ତ୍ରିଲୋଚନ ପରିଡା, ରଞ୍ଜନ ବିଶ୍ୱାଳ,ବିଷ୍ଣୁ ସାମଲ, ବସନ୍ତ ସାମଲ, କାଳନ୍ଦି ପଟ୍ଟନାୟକ, ହାଡିବନ୍ଧୁ ପରିଡା, ସୁରେଶ ଚକ୍ର, ପାବନ ପରିଡାଙ୍କ ସମେତ ଅନେକ ସଦସ୍ୟ ଉପସ୍ଥିତ ରହି ସହଯୋଗ କରୁଛନ୍ତି।

## ଆନନ୍ଦପୁରରେ ସାର୍ବଜନୀନ ଦୁର୍ଗାପୂଜା

ଆନନ୍ଦପୁର,୨୯।୯(ସମିସ): ଆନନ୍ଦପୁର ସାର୍ବଜନୀନ ଦୂର୍ଗାପୂଜା କମିଟି ପକ୍ଷରୁ ଆୟୋଜିତ ହୋଇ ଆସୁଥିବା ଶାରଦୀୟ ଦୁର୍ଗା ପୂଜାର ବିଲ୍ୱବରଣ ତଥା ଷଷ୍ଠି ପୂଜା ଅବ୍ୟବହିତ ପୂର୍ବରୁ ମୃଣ୍ମୟୀ ମୂର୍ତ୍ତୀକୁ ଆକର୍ଷଣୀୟ ମେଢରେ ସୁସଜ୍ଜିତ କରାଯାଇଛି। ଚଳିତ ବର୍ଷ ଦୂର୍ଗତୀ ନାଶିନୀ ମା'ଦୁର୍ଗା ଙ୍କ ସମେତ ପାଶ୍ୱର୍ ଦେବାଦେବୀଙ୍କ ସାଜସଜା ବେଶ ଆକର୍ଷଣୀୟ ହୋଇଛି। ସ୍ଥାନୀୟ ଅଞ୍ଚଳର ସର୍ବପୁରାତନ ଏହି ଏହି ଦୁର୍ଗା ପୂଜା ଅନୁଷ୍ଠାନ ପ୍ରତିବର୍ଷ ପରି ଚଳିତ ବର୍ଷ ବଡ ଧୁମଧାମରେ ପାଳିତ ହେବାକୁ ଯାଉଛି। ପୂଜାର ମାହୋଲକୁ ସରଗରମ କରିବା ଲାଗି ପୂଜାମଣ୍ଡପକୁ ଆକର୍ଷଣୀୟ ତୋରଣ ସହ ରଙ୍ଗବେରଙ୍ଗ ଆଲୋକ ମାଳାରେ ସୁସଜିତ କରାଯାଇଛି। ପ୍ରତିଦିନ ସାଂସ୍କୃତିକ କାର୍ଯ୍ୟକ୍ରମ ପାଇଁ ପ୍ରବଳ ଜନଗହଳି ଲାଗିରହିଛି।



## ଓଏଏସ୍ ପରୀକ୍ଷାରେ ଦେବବ୍ରତ ସାହୁଙ୍କ ବାଜିମାତ

ଆନନ୍ଦପୁର,୨୯।୯(ସମିସ): ଆନନ୍ଦପୁର ଉପଖଣ୍ଡର ବାରିଗାଁର ଦେବବ୍ରତ ସାହୁ ଓଡିଶା ପ୍ରଶାସନିକ ସେବା ପରୀକ୍ଷାରେ ସମଗ୍ର ରାଜ୍ୟରେ ୮୩ ତମ ସ୍ଥାନରେ ରହି ଅଞ୍ଚଳ ପାଇଁ ଗୌରବ ଆଣିଛନ୍ତି। ସେ ସାଇଁକୁଳ ପତିତପାବନ ମହାବିଦ୍ୟାଳୟରୁ ଯୁକ୍ତଦୁଇ ଏବଂ କେନ୍ଦୁଝର ଧରଣୀଧର ମହାବିଦ୍ୟାଳୟରୁ +୩ ପାସ୍ ପରେ ଓଡିଶା ପ୍ରଶାସନିକ ସେବା ପାଇଁ ଇଚ୍ଛା ପ୍ରକାଶ କରିଥିଲେ। ନିଜର ଅଧ୍ୟବସାୟ ବଳର ପ୍ରଥମ ପ୍ରଚେଷ୍ଟାରେ ଉତ୍ତିର୍ଣ୍ଣ ହୋଇ ନିଜ ପାଇଁ ତଥା ଆନନ୍ଦପୁର ପାଇଁ ଗୌରବ ଆଣିଛନ୍ତି। ଦେବବ୍ରତଙ୍କ ଏହି ସଫଳତା ପାଇଁ ପତିତପାବନ ମହାବିଦ୍ୟାଳୟର ଅଧ୍ୟକ୍ଷ ଅମୂଲ୍ୟ ବିଶ୍ୱାଳଙ୍କ ସମେତ ସମସ୍ତ ଅଧ୍ୟାପକ ତାଙ୍କୁ ଶୁଭେଚ୍ଛା ସହ ଅଭିନନ୍ଦନ ଜଣାଇଛନ୍ତି।



## ମା'ଙ୍କ ଆଗମନରେ ଶୋଭା ବଢ଼ାଉଛି କାଶତଣ୍ଡୀ

ହାଟଡ଼ିହୀ,୨୯।୯(ସମିସ): ମା'ଙ୍କ ଆଗମନରେ ହାଟଡ଼ିହୀର ବିଭିନ୍ନ ସ୍ଥାନ କାଶତଣ୍ଡୀରେ ଭରପୁର ହୋଇ ଚତୁଃର୍ଦିଗ ଶୋଭା ବୃଦ୍ଧି କରୁଛି। ଶରତର ଆଗମନ ସହ ଶୁଭ୍ର ପୋଷାକ ପରିଧାନ କରି ଧରଣୀର ଧରାବକ୍ଷରେ ହସୁଛି ରୂପ ନଗରୀର ଅପୂର୍ବା ରାଣୀ କାଶତଣ୍ଡୀ। ଆଉ ମନ ଭିତରର ମୁରୁକି ହସରେ ପାର୍ବଣ ଆଗମନର ଧୀରେ ଧୀରେ ମା'ଙ୍କ ଧରାବତରଣର ବାର୍ତ୍ତା ଦେଉଛି। ମାଆ ଦୁର୍ଗାଙ୍କୁ ସ୍ୱାଗତ କରିବା ପାଇଁ ସତେ ଯେମିତି ଧରାପୃଷ୍ଠକୁ ଓହ୍ଲାଇ ଆସିଛି କାଶତଣ୍ଡୀ ଫୁଲ। ସତେ ଯେମିତି ଚାରିଆଡ଼େ ବିଛାଇ ହୋଇପଡ଼ିଛି ଶୁଭ୍ରଚାଦର। ପାର୍ବଣର ଶୁଭ ଆଗମନର ସୂଚନା ଦିଏ ଏହି କାଶତଣ୍ଡୀ। ଜଗତଜନନୀଙ୍କ ବାର୍ତ୍ତା ଦେଉଛି ପ୍ରକୃତିର ଏହି ନୈସର୍ଗିକ ସୃଷ୍ଟି। ମା' ଆସୁଛନ୍ତି ବୋଲି ତ ସେ ହସୁଛି ଆଉ ଖେଳୁଛି। କାହିଁ କେଉଁ ଯୁଗରୁ ଶାରଦୀୟ ଶୋଭା ବର୍ଦ୍ଧନର ଏକ ମାଧ୍ୟମ ହୋଇଆସୁଛି କାଶତଣ୍ଡୀ। ଧରଣୀ ବକ୍ଷରେ ଧୋବ ଫର୍‌ଫର୍ ଗାଲିଚା ବିଛାଇ ଚାହିଁ ରହିଥାଏ ମାଆଙ୍କ ଆସିବା ବାଟକୁ। ଶୀତଳତା ଓ ସ୍ନିଗ୍ଧତାରେ ପରିପୂର୍ଣ୍ଣ ରାତିର ଜହ୍ନ ଆଲୁଅରେ ଆଉ ଟିକେ ବେଶୀ ଫୁଲି ଫୁଲି ଫୁଲେଇ ହୋଇ ହସିଥାଏ କାଶତଣ୍ଡୀ। ଶରତ ଋତୁରେ ନୀଳ ଗଗନର ନୀଳିମା ତଳେ ବିକିରଣ କରି ସମସ୍ତଙ୍କୁ ଆହ୍ଲାଦିତ କରିବା ସହ କବି ଓ ଲେଖକଙ୍କ ଲେଖନୀ ମୁନରେ ତା'ର ପୂର୍ଣ୍ଣ ଯୌବନର ସମ୍ଭାର ଅଜାଡ଼ି ଦେଇଥାଏ। ଆଉ ପ୍ରକୃତିର ଏହି ପ୍ରାକୃତିକ ଶୋଭାରେ ବିମୋହିତ ହୋଇ ମନର ମାନସପଟରୁ ଆପେ ଆପେ ଝର ଝର ଝରିଆସେ କବିତାର ଝରଣା।











ରାଇରଙ୍ଗପୁର ପୌରାଞ୍ଚଳର ବିଭିନ୍ନ ସ୍ଥାନରେ ପୂଜା ପାଉଛନ୍ତି ମା' ଦୁର୍ଗା

## ବିଦ୍ୟୁତ୍ ଟ୍ରାନ୍ସଫର୍ମରେ ଆଘାତ ପାଇ ଜଣେ ମୃତ, ୨ଗୁରୁତର

ଆନନ୍ଦପୁର,୨୯।୯ (ସମିସ): ଜାତୀୟ ରାଜପଥ ଘସିପୁରା ମା' ମଙ୍ଗଳା ହୋଟେଲ ନିକଟସ୍ଥ ଏକ କୋରିଅର କମ୍ପାନୀ କାର୍ଯ୍ୟାଳୟ ପାଖରେ ଥିବା ଟ୍ରାନ୍ସଫର୍ମରରେ ଆଘାତ ପାଇ ଜଣେ କର୍ମଚାରୀଙ୍କ ମୃତ୍ୟୁ ଘଟିଥିବା ବେଳେ ଦୁଇ କର୍ମଚାରୀ ଗୁରୁତର ହୋଇଥିବା ଜଣାପଡ଼ିଛି। ଗୁରୁତର ଦ୍ୱୟଙ୍କୁ ଆନନ୍ଦପୁର ଉପଖଣ୍ଡ ଡାକ୍ତରଖାନାରେ ଭର୍ତି ହୋଇଥିବା ଜଣାଯାଇଛି। ୨୦ ନଂ ଜାତୀୟରାଜପଥର ଘଷିପୁରା ବାଇପାସ୍ ଠାରେ ଡେଲିଭରି କୋରିଅର କମ୍ପାନୀର କାର୍ଯ୍ୟାଳୟଠାରେ ମାଲ୍ ଅନଲୋଡ କରୁଥିବା ସମୟରେ ଏଭଳି ଅଘଟଣ ଘଟିଛି। ମୃତକ ସ୍ଥାନୀୟ ମଙ୍ଗଳପୁର ଗାଁର ସୁଶାନ୍ତ କୁମାର ଦାସ ଓ ଦୁଇ ଗୁରୁତର ହେଲେ ପଦ୍ମପୁର ଗାଁର କବିନ୍ଦ୍ର ଦାସ ଓ ଫକରପୁର ଗାଁର ରଞ୍ଜନ କୁମାର ଶର୍ମା। ଖବରପାଇ ଘଷିପୁରା ପୁଲିସ ଘଟଣାସ୍ଥଳରେ ପହଁଞ୍ଚି ତଦନ୍ତ ଆରମ୍ଭ କରିଛି।

### କ୍ଷତିପୂରଣ ଦାବିରେ ସଂସ୍ଥା କାର୍ଯ୍ୟାଳୟ ଘେରିଲେ ଗ୍ରାମବାସୀ

ବେଲବାହାଳି: କଣ୍ଟେନରରୁ ପାର୍ସଲ କାଢ଼ିବା ବେଳେ ବିଦ୍ୟୁତ୍ ଆଘାତଲାଗି କର୍ମଚାରୀ ସୁଶାନ୍ତ ଦାସଙ୍କ ମୃତ୍ୟୁ ଘଟଣାରେ ପରିବାରକୁ କ୍ଷତିପୂରଣ ଦାବିରେ ଡେଲିଭେରି କୋରିଅର ସଂସ୍ଥା କାର୍ଯ୍ୟାଳୟ ଘେରିଛନ୍ତି ଗ୍ରାମବାସୀ। ମୃତ ସୁଶାନ୍ତ ଜଣେ ଅତି ଗରିବ ପରିବାରର ହୋଇଥିବାରୁ ଶବ ସତ୍କାର ପାଇଁ ଅର୍ଥସହ ପରିବାରକୁ କମ୍ପାନୀ ତରଫରୁ କ୍ଷତିପୂରଣ ରାଶି ପ୍ରଦାନ ପାଇଁ ଦାବି ନେଇ ଶହେରୁ ଅଧିକ ଗ୍ରାମବାସୀ କାର୍ଯ୍ୟାଳୟ ଘେରଉ କରିଥିଲେ। ପରେ କର୍ତ୍ତୃପକ୍ଷ ସେମାନଙ୍କ ସହ ଆଲୋଚନା କରି କମ୍ପାନୀ ତରଫରୁ ଉପଲବ୍ଧ ସମସ୍ତ ସୁବିଧା ସହାୟତା ସହ ବିମା ଅର୍ଥ ପରିବାର ଲୋକେ କିଭଳି ଶୀଘ୍ର ପାଇବେ ସେ ଦିଗରେ ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଛନ୍ତି।

■ ଡକାୟତି ପୂର୍ବରୁ ମାଡ଼ିବସିଲା ପୁଲିସ

## ୫ କୁଖ୍ୟାତ ଅପରାଧୀ ଗିରଫ

ରାମଚନ୍ଦ୍ରପୁର,୨୯।୯ (ସମିସ): ଡକାୟତି ପାଇଁ ସଜବାଜ ହେଉଥିବା ପୂର୍ବରୁ ମାଡି ବସିଲା ରାମଚନ୍ଦ୍ରପୁର ପୁଲିସ। କେନ୍ଦୁଝର ଜିଲ୍ଲା ରାମଚନ୍ଦ୍ରପୁର ଥାନା ଅଧୀନ ଜରଦା ଗାଁ ନିକଟରୁ ୫ ଜଣ କୁଖ୍ୟାତ ଅପରାଧୀକୁ ଗିରଫ କରିଛି ପୁଲିସ। ଏହି ଅପରାଧୀମାନେ କୌଣସି ଡକାୟତି ଘଟଣା ପାଇଁ ଯୋଜନା କରୁଥିବା ସମୟରେ ଧରାପଡିଯାଇଛନ୍ତି। ତେବେ କୌଣସି ବିଶେଷ ସୂତ୍ରରୁ ଖବର ପାଇ ରାମଚନ୍ଦ୍ରପୁର ଥାନା ଅଧିକାରୀ ମନୋଜ ସ୍ୱାଇଁ ସମେତ ପୁରା ପୁଲିସ ଟିମ ଏହି ଚଢଉରେ ସାମିଲ ହୋଇ ଅପରାଧିଙ୍କୁ କାବୁ କରିବାରେ ସମର୍ଥ ହୋଇଥିବା ସୂଚନା ମିଳିଛି। ଏହି ଅପରାଧୀମାନେ ଯାଜପୁର ଜିଲ୍ଲା କୋରେଇ ଥାନା ପୂର୍ବକୋଟ ତେଲେଙ୍ଗା ବସ୍ତୀର କରଣ ପ୍ରଧାନ (୨୦), ଆହୁଲା ତରକ(୨୭), ମିଚେଲ୍ ରାହୁଲ (୨୧)ଆହୁଲା ଲକ୍ଷ୍ମଣ ରାଓ(୨୭) ଏବଂ ଆହୁଲାନନ୍ଦ ରାଓ(୨୦)। ସେମାନଙ୍କ ନିକଟରୁ ୩ଟି ବାଇକ, ଗୋଟିଏ ଲୁହା କଟର, କାତି, ଲୁହାରଡ଼ ଓ ମୋବାଇଲ ଆଦି ନାରେ ଏକାଧିକ ଅପରାଧିକ ମାମଲା ରହିଛି। ତେବେ ୨୯୭/୨୫ରେ ମାମଲା ରୁଜୁକରି ଆଜି ସମସ୍ତ ଅପରାଧୀଙ୍କୁ ଆନନ୍ଦପୁର ବିଚରାଧୀନ ଜେଲ ହାଜତକୁ ପଠାଇ ଦିଆଯାଇଛି।

■ ପିଆରଏମ ହସ୍‌ପିଟାଲରେ ଅଘଟଣ

## ଛାତରୁ ଖସିଲା ସିଲିଂ; ଅଳ୍ପକେ ବର୍ତ୍ତିଲେ ଶିଶୁ

ବାରିପଦା, ୨୯।୯ (ସମିସ): ସୋମବାର ପିଆରଏମ ହସ୍ପିଟାଲ ଛାତରୁ ସିଲିଂ ଖସିପଡିଛି। ଫଳରେ ଅଳ୍ପକେ ବର୍ତ୍ତି ଯାଇଛନ୍ତି ଶିଶୁରୋଗୀ। ରକ୍ଷଣାବେକ୍ଷଣ ଅଭାବରୁ ପୂର୍ବରୁ ହସ୍ପିଟାଲର ଛାତରୁ ପ୍ଲାଷ୍ଟର ଖସି ପଡିଥିବା ବେଳେ ଏବେ ଛାତରୁ ସିଲିଂ ଖସି ପଡିଛି। ଚିକିତ୍ସିତ ହେଉଥିବା ଶିଶୁ ରୋଗୀ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ଜିଲ୍ଲାର ସଦର ମହକୁମା ବାରିପଦା ସ୍ଥିତ ପଣ୍ଡିତ୍ ରଘୁନାଥ ମୁର୍ମୁ ମେଡିକାଲ କଲେଜ ଏବଂ ହସ୍ପିଟାଲର ଶିଶୁ ଚିକିତ୍ସା ୱାର୍ଡରେ ଉକ୍ତ ଘଟଣା ଘଟିଛି। ୱାର୍ଡର ୩୪ନମ୍ବର ବେଡ଼ ନିକଟରେ ସିଲିଂ ଖସି ପଡ଼ିଛି। ସୋମବାର ପୂର୍ବାହ୍ନ ସମୟରେ ହଠାତ ହସ୍ପିଟାଲ ଛାତରୁ ସିଲିଂ ଖସି ପଡିଥିଲା। ତେବେ ଭାଗ୍ୟବଶତଃ ଖଣ୍ଡଟି ଶିଶୁଙ୍କ ବେଡ଼ କଡ଼କୁ ପଡ଼ିଥିବା ବେଳେ ଅଳ୍ପକେ ବର୍ତ୍ତି ଯାଇଥିଲେ। କର୍ତ୍ତୃପକ୍ଷ ହସ୍ପିଟାଲର ଠିକ ଭାବେ ରକ୍ଷଣାବେକ୍ଷଣା କରୁନଥିବାରୁ ବାରମ୍ବାର ଏଭଳି ଅଘଟଣ ଘଟୁଛି ବୋଲି ଚିକିତ୍ସିତ ଶିଶୁଙ୍କ ପରିବାର ଅଭିଯୋଗ କରୁଛନ୍ତି। ପୂର୍ବରୁ ଚକ୍ଷୁ ବିଭାଗ ଓ ପୁରୁଷ ସର୍ଜିକାଲ ବିଭାଗରେ ପ୍ଲାଷ୍ଟର ଖସିଥିବା ବେଳେ ସିଲିଂ ଓ ଛାତରୁ ଫ୍ୟାନ୍ ଗଳି ପଡିଥିବାର ନଜିର ରହିଛି। ରକ୍ଷଣାବେକ୍ଷଣ ଅଭାବ ପାଇଁ ଏହିପରି ଘଟଣା ଘଟୁଥିବାରୁ ଅସନ୍ତୋଷ ପ୍ରକାଶ ପାଇଛି। ଏଭଳି ଘଟଣା ପରେ ରୋଗୀ ଭୟଭୀତ ହୋଇ ରହିଥିବା ନେଇ ୱାର୍ଡରେ ଚିକିତ୍ସିତ ସମସ୍ତ ରୋଗୀ ଓ ସେମାନଙ୍କ ସମ୍ପର୍କୀୟ କହିଛନ୍ତି। ଉକ୍ତ ୱାର୍ଡରେ ଶିଶୁମାନେ ଚିକିତ୍ସିତ ହୋଇଥାନ୍ତି। ଲଘୁଚାପ ପ୍ରଭାବରେ ୨/୩ ଦିନ ହେବ ଲଗାଣ ବର୍ଷା ହେଉଥିବାରୁ ସିଲିଂ ଖସି ପଡିଥିବା ନେଇ ଆଶଙ୍କା କରାଯାଉଛି। ଏହି ଘଟଣାର ତୁରନ୍ତ ଯାଞ୍ଚ କରିବାକୁ ଦାବି ହେଉଛି।



## ଚୌକିଦାରକୁ ବାନ୍ଧି ସ୍କୁଲରେ ଡକାୟତି ଉଦ୍ୟମ

ଯୋଡା,୨୯।୯ (ସମିସ): କେନ୍ଦୁଝର ଜିଲ୍ଲା ଯୋଡାସ୍ଥିତ କିଡଜି ସ୍କୁଲରେ ରବିବାର ରାତିରେ ୬ ଜଣ ଦୁର୍ବୃତ୍ତ ଡକାୟତି ଉଦ୍ୟମ କରିଥିଲେ। ଚୌକିଦାରଙ୍କ ହାତ ଓ ମୁହଁରେ ରୁମାଲ ବାନ୍ଧି ଡକାୟତି ଉଦ୍ୟମ ସହରରେ ଚାଞ୍ଚଲ୍ୟ ସୃଷ୍ଟି ହୋଇଛି। ସ୍କୁଲ ପରିସରରେ ମନୋଜ ପାତ୍ର ଓ ନିର୍ମଳ ବେହେରା ଚୌକିଦାର ଭାବେ କାର୍ଯ୍ୟ କରୁଥିଲେ। ବିଳମ୍ବିତ ରାତ୍ରୀ ୧ଟା ୩୦ରେ ୬ ଜଣ ଦୁର୍ବୃତ୍ତ ଗାଡ଼ିରେ ଆସି ସ୍କୁଲ ଭିତରକୁ ପଶିଥିଲେ। ଦୁର୍ବୃତ୍ତମାନେ ମୁହଁରେ ରୁମାଲ ବାନ୍ଧିଥିଲେ ଓ ହାତରେ ପିସ୍ତଲ ଧରିଥିଲେ। ଦୁର୍ବୃତ୍ତମାନେ ଚୌକିଦାର ଦ୍ୱୟଙ୍କୁ କାବୁକରି ତାଙ୍କ ହାତ ବାନ୍ଧିବା ସହିତ ମୁହଁରେ ସେଲୋଟେପ୍ ଲଗାଇ ସ୍କୁଲ ଘରର ତାଲା ଭାଙ୍ଗିଥିଲେ। ସେହି ସମୟରେ କୌଶଳକ୍ରମେ ମନୋଜ ପାତ୍ର ପଛ ପଟ ଗେଟ୍‌ଦେଇ ଦୌଡି ପଳାଇବା ସହିତ ଖୁବ୍ ଜୋର୍‌ରେ ଚିତ୍କାର କରିଥିଲେ। ଚିତ୍କାର ଶୁଣି ଦୁର୍ବୃତ୍ତମାନେ ସେଠାରୁ ତୁରନ୍ତ ଗାଡ଼ିରେ ଫେରାର ହୋଇଯାଇଥିଲେ। ଫେରାର ସମୟରେ ଦୁର୍ବୃତ୍ତମାନେ ଡକାୟତି ପାଇଁ ବ୍ୟବହାର କରିବାକୁ ଆଣିଥିବା ସାମଗ୍ରୀ ଛାଡ଼ି ଚାଲି ଯାଇଥିଲେ। ସୋମବାର ଯୋଡା ଆଇଆଇସି ପ୍ରଶାନ୍ତ କୁମାର ସାମଲ ଖବର ପାଇ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଏନେଇ ସ୍କୁଲ ପକ୍ଷରୁ ଯୋଡା ଥାନାରେ ଲିଖିତ ଅଭିଯୋଗ କରାଯାଇଛି।

## ଟାଟା ଷ୍ଟିଲ ଯୋଡ଼ା ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ

ଯୋଡା,୨୯।୯ (ସମିସ): ବିଶ୍ୱ ହୃଦୟଦିବସ ଅବସରରେ ଟାଟା ଷ୍ଟିଲ ଯୋଡା ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ଡା. ଭଗବାନ ପାଣିଗ୍ରାହୀ, ଡା. ବିବେକ ଗୌରବ, ଡା. ରେହମାନ ଖାନ ଏବଂ ଡା. ବିବେକ ଗୌରବଙ୍କ ପକ୍ଷରୁ ଟାଟା ମେନ୍ ହସ୍ପିଟାଲ ଯୋଡା, ଖଣ୍ଡବନ୍ଧ, ବିଛାକୁଣ୍ଡି ଏବଂ ଯୋଡା ଇଷ୍ଟ ଆଇରନ୍ ମାଇନ୍‌ରେ ସଚେତନତା ସଭାଗୁଡିକ ଆୟୋଜନ କରାଯାଇଥିଲା। ବହୁ ସଂଖ୍ୟକ ଅଧିକାରୀ, କର୍ମଚାରୀ ଓ ଶ୍ରମିକମାନେ ସଭାରେ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ସୁସ୍ଥ ଜୀବନଶୈଳୀ ବିଷୟରେ ଆଲୋଚନା କରାଯାଇଥିଲା। ବିଶ୍ୱ ହୃଦୟ ଦିବସ ପ୍ରତିବର୍ଷ ୨୯ ସେପ୍ଟେମ୍ବରରେ ପାଳିତ ହୋଇଥାଏ। ଯାହା ଲୋକମାନଙ୍କୁ ହୃଦରୋଗ ବିରୋଧରେ ଏକତ୍ର କରେ ଏବଂ ସୁସ୍ଥ ହୃଦୟ ଜୀବନଶୈଳୀକୁ ପ୍ରୋତ୍ସାହନ ଦିଏ।

## ଡକାୟତି ଉଦ୍ୟମ ପଣ୍ଡ, ୭ ଗିରଫ

ବଡ଼ବିଲ,୨୯।୯ (ସମିସ): ବଡ଼ବିଲ ଥାନା ଅଞ୍ଚଳର ବିଭିନ୍ନ ପେଟ୍ରୋଲ ପମ୍ପ ସହିତ ବ୍ୟବସାୟିକ ଅନୁଷ୍ଠାନଗୁଡ଼ିକରେ ଡକାୟତି ପାଇଁ ଯୋଜନା କରୁଥିବା ବେଳେ ମାଡ଼ିବସିଲା ପୁଲିସ। ଗିରଫ ଅଭିଯୁକ୍ତମାନେ ବଡ଼ବିଲ ଥାନା ଅଞ୍ଚଳର ଟିଟୁ ପାତ୍ର, ଶଙ୍କର ସାହୁ, ଯୋଗେନ୍ଦ୍ର କେଶରୀ, ବିରେନ୍ଦ୍ର ଲୋହାର, ଆକାଶ ନାଏକ ଓ ଯୋଡ଼ା ଥାନା ଅଞ୍ଚଳର ରାଜୁ ସ୍ୱର୍ଣ୍ଣକାର, ଶିବ ପାତ୍ର। ସୂଚନାନୁଯାୟୀ, ଆଜି ଭୋର୍ ସମୟରେ ବଡ଼ବିଲ ପୌରାଞ୍ଚଳ ୧୪ ନମ୍ବର ୱାର୍ଡ କଳିଙ୍ଗ ଓଏମସି କମ୍ପାନୀର କର୍ମଚାରୀ କଲୋନୀର ଏକ ପରିତ୍ୟକ୍ତ ଘରେ ଡକାୟତି ପାଇଁ ଯୋଜନା କରୁଥିବା ବେଳେ ସୂତ୍ରରୁ ଖବର ପାଇଁ ସମ୍ରାଟ ଗ୍ୟାଙ୍ଗର ୭ଜଣଙ୍କୁ ବଡ଼ବିଲ ପୁଲିସ ଗିରଫ କରିଛି। ଅନ୍ଧାରର ସୁଯୋଗ ନେଇ କିଛି ଦୁର୍ବୃତ୍ତ ଫେରାର ହୋଇଯାଇଥିଲେ। ସେମାନଙ୍କ ନିକଟରୁ ଗୋଟିଏ ତେଲେଙ୍ଗା କଟୁରୀ, ୨ ଟି ଦେଶୀ କଟୁରୀ, ୪ ଟି ସୁତୁଲି ବୋମା, ଦଉଡ଼ି, ୮ ଗୋଟି ବିଅର୍ ବୋତଲ, ଲଙ୍କାଗୁଣ୍ଡ ଓ ଦିଆସିଲି ଜବତ ହୋଇଥିବା ପୁଲିସ ପକ୍ଷରୁ ସୂଚନା ଦିଆଯାଇଛି। ଏନେଇ ବଡ଼ବିଲ ଥାନାରେ ମାମଲା ନମ୍ବର ୩୧୫/୨୫, ଦଫା ୩୧୦(୪), ୩୧୦(୫), ଭାରତୀୟ ନ୍ୟାୟ ସଂହିତା ୨୫/୨୭, ଆର୍ମସ୍ ଆକ୍ଟ ୯(ବି),୧(ବି) ଆଇଇ ଧାରାରେ ୭ ଡକାୟତଙ୍କୁ କୋର୍ଟ ଚାଲାଣ କରାଯାଇଛି ବୋଲି ଥାନା ଅଧିକାରୀ ଅଶୋକ ନାୟକ ସୂଚନା ଦେଇଛନ୍ତି।

## ସିଂହ ସାହିରେ ଗ୍ରିଲ୍‌ଭାଙ୍ଗି ଲୁଟପାଟ

ଆନନ୍ଦପୁର,୨୯।୯ (ସମିସ): ଆନନ୍ଦପୁର ପୌରାଞ୍ଚଳର ୧୩ନମ୍ବର ୱାର୍ଡ ସିଂହସାହି ନିବାସୀ ତଥା ଶାଳପଡା ଜଳସେଚନ ବିଭାଗର କିରାଣୀଙ୍କ ଘରୁ ଗ୍ରିଲ ଭାଙ୍ଗି ଦୁର୍ବୃତ୍ତମାନେ ଲୁଟପାଟ କରିଥିବା ଜଣାଯାଇଛି। ଅପରାହ୍ନ ପ୍ରାୟ ୪ଟାରେ ଶ୍ରୀ ବୋଷଙ୍କ ଘରର ମୁଖ୍ୟ କବାଟ ଭଙ୍ଗା ଯାଇଥିବା ଜଣାପଡିଥିଲା। ଘର ଭିତରେ ତିନିଟି କୋଠରୀର ତାଲା ଭଙ୍ଗାଯାଇଛି। ଘର ଭିତରେ ଥିବା ତିନିଟି ଆଲମିରା ଭାଙ୍ଗି ଦୁର୍ବୃତ୍ତ ମାନେ ଲୁଟପାଟ କରିଥିବା ଥାନାରେ ଅଭିଯୋଗ ହୋଇଛି।

## ବୁଦାମୂଳରୁ ଯୁବକଙ୍କ ମୃତଦେହ ଉଦ୍ଧାର

ତୁରୁମୁଙ୍ଗା,୨୯।୯ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅଧୀନ ସାହାରପଡା-ମାଟିଆଗୁନି ରାସ୍ତାର ସାହାରପଡା କଲେଜ ନିକଟସ୍ଥ ରାସ୍ତାକଡ଼ ବୁଦାମୂଳରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର ହୋଇଛି। ମୃତକ ହେଲେ ଠାକୁରମୁଣ୍ଡା ଥାନା ଜଡିବିଲ ଗାଁର ବିରଞ୍ଚି ନାରାୟଣ ମହାନ୍ତ (୪୦)। କେହି ହତ୍ୟା ପରେ ଏଠାରେ ଫିଙ୍ଗି ଦେଇଯାଇଥିବା ସନ୍ଦେହ କରାଯାଉଛି। ଘଟଣାସ୍ଥଳରେ ସାହାରପଡା ଫାଣ୍ଡି ପୁଲିସ ପହଞ୍ଚି ମୃତଦେହକୁ ଜବତ କରି ଘଟଣାର ତଦନ୍ତ କରୁଛି।

## ଜନସେବା କେନ୍ଦ୍ରରୁ ଚୋରି

ତୁରୁମୁଙ୍ଗା,୨୯।୯ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ସାହାରପଡ଼ା ବ୍ଲକ୍ ଖୁଣ୍ଟାପଡା ପଞ୍ଚାୟତ ନିକଟରେ ଥିବା ଏକ ଜନ ସେବା କେନ୍ଦ୍ରରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଦୁର୍ବୃତ୍ତମାନେ ଇଲେକ୍ଟ୍ରୋନିକ ସରଞ୍ଜାମ ସହ ଟଙ୍କା ଲୁଟି ନେଇଛନ୍ତି। ଚୋରି ହୋଇଥିବା ସାମଗ୍ରୀର ମୂଲ୍ୟ ୬୦ହଜାର ଟଙ୍କାରୁ ଅଧିକ ହେବ ବୋଲି ଦୋକାନୀ ମାଲିକ କହିଛନ୍ତି। ଦୋକାନରୁ ଏକ ଲାପଟୋପ ନଗଦ ୪ହଜାର ଟଙ୍କା ଓ ଇଲେକ୍ଟ୍ରିକ ସରଞ୍ଜାମ ଚୋରାଇ ନେଇଯାଇଛନ୍ତି। ଦୋକାନ ମାଲିକ ବୀରେନ୍ଦ୍ର ମୁଣ୍ଡା ଏନେଇ ସୋମବାର ସାହାରପଡା ଫାଣ୍ଡି ଅଧିକାରୀ ପତ୍ରଓରାମଙ୍କୁ ଲିଖିତ ଅଭିଯୋଗ କରିଥିଲେ।

● ପ୍ରଥମ ବାର୍ଷିକ ଦୁଇଦିନିଆ ଫୁଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ

## ଜେଆର୍‌ଏଫ୍‌ସି ବଡ଼ବିଲ ଚାମ୍ପିଅନ

ତୁରୁମୁଙ୍ଗା,୨୯।୯ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ଯମୁନାପଶି ପଞ୍ଚାୟତ ଗୋଡିପଖରୀ ଗ୍ରାମର ଜୀବନଦୀପ କ୍ଲବ୍ ଆନୁକୂଲ୍ୟରେ ପ୍ରଥମ ବାର୍ଷିକ ଦୁଇଦିନିଆ ଫୁଟବଲ୍ ଟୁର୍ଣ୍ଣାମେଣ୍ଟ ସୋମବାର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ ମ୍ୟାଚ ରାମ ବ୍ରଦର୍ସ ଖିରେଇଟାଙ୍ଗିରୀ ଏବଂ ଜେଆରଏଫସି ବଡ଼ବିଲ ସହ ସଙ୍ଘର୍ଷ ପୂର୍ଣ୍ଣ ମ୍ୟାଚ ହୋଇଥିଲା। ଏଥିରେ ୧/୦ ଗୋଲରେ ରାମ ବ୍ରଦର୍ସ ଖିରେଇଟାଙ୍ଗିରୀକୁ ହରାଇ ଜେଆରଏଫସି ବଡ଼ବିଲ ଚାମ୍ପିଅନ ହୋଇଛି। ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟଅତିଥି ଭାବରେ ପାଟଣା ବିଧାୟକ ଅଖିଳ ଚନ୍ଦ୍ର ନାଏକ ଏବଂ ସମ୍ମାନିତ ଅତିଥି ଭାବରେ ପୂର୍ବତନ ବ୍ଲକ ବିଶ୍ୱନାଥ ନାଏକ, ଡ. ସଞ୍ଜୀବ କୁମାର ଘଣା, ଡ. ହିମାଂଶୁ ନାଏକ, ଭାରତୀୟ ନୌସେନା ଅଧିକାରୀ ବସନ୍ତ କୁମାର ନାଏକ, ରଜନୀକାନ୍ତ ମିଶ୍ର ପ୍ରମୁଖ ଯୋଗଦେଇ ଚାମ୍ପିଅନ ଦଳକୁ ୩୦ ହଜାର ସହ ଉପବିଜେତା ଦଳକୁ ୨୦ ହଜାର ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯାଇଥିଲା। ଖେଳକୁ ରେଫରି ସନ୍ତୋଷ ମହାକୁଡ଼ ଯତୀନ ମହାନ୍ତ, ଶଙ୍କର୍ଷଣ ନାଏକ, ଧନେଶ୍ୱର ସର୍ଦ୍ଦାର, ପରିଚାଳନା କରିଥିଲେ। ଭାଷ୍ୟକାର ଅରୁଣ କୁମାର ମହାନ୍ତ ଖେଳର ଧାରା ବିବରଣୀ ପ୍ରଦାନ କରିଥିଲେ। କ୍ଲବର ସଭାପତି ଭକ୍ତବନ୍ଧୁ ନାଏକ, ସମ୍ପାଦକ ହୃଷିକେଶ ନାଏକ, ହାପି ନାଏକ, ନିହାର ନାଏକ, ନାଗା ନାଏକ, କେଦାର ମୋନାଜ୍ ନାଏକ, ଜପ ନାଏକ, ଇନ୍ଦ୍ର ନାଏକ, ସୋନୁ ନାଏକ, ବାବୁଲା ନାଏକ, ଗୁଲୁ ନାଏକ, କୁଳଦୀପ ନାଏକ ପ୍ରମୁଖ ଖେଳ ପରିଚାଳନାରେ ସହଯୋଗ କରିଥିଲେ।



### ୬୯ତମ ଓଡିଶା ରାଜ୍ୟ ବିଦ୍ୟାଳୟ ସମୂହ ଭାରତ୍ତୋଳନ ପ୍ରତିଯୋଗିତା

## ହରିଶଙ୍କର ଓ ଆକାଶ ଜିଲ୍ଲାର ଗୌରବ

ବାରିପଦା, ୨୯।୯ (ସମିସ): ବ୍ରହ୍ମପୁରସ୍ଥିତ ମହାତ୍ମାଗାନ୍ଧୀ ଷ୍ଟାଡିୟମରେ ଅନୁଷ୍ଠିତ ୧୪ବର୍ଷ ଏବଂ ୧୭ବର୍ଷରୁ କମ୍ ୬୯ତମ ଓଡିଶା ରାଜ୍ୟ ବିଦ୍ୟାଳୟ ସମୂହ ଭାରତ୍ତୋଳନ, ବାସ୍କେଟବଲ ଓ ହ୍ୟାଣ୍ଡବଲ ପ୍ରତିଯୋଗିତା-୨୦୨୫ରେ ଅଂଶଗ୍ରହଣ କରି ନଙ୍ଗଳକଟାସ୍ଥିତ ଶକ୍ତିମାନ ଜିମ୍ନାସିୟମର ହରିଶଙ୍କର ମହାନ୍ତ ଏବଂ ଆକାଶ ମହାନ୍ତ କୃତିତ୍ୱ ହାସଲ କରି ମୟୂରଭଞ୍ଜ ଜିଲ୍ଲା ପାଇଁ ଗୌରବ ଆଣିଛନ୍ତି। ଉଭୟ ୧୪ବର୍ଷ ବର୍ଗରେ ଭାରତ୍ତୋଳନ କରି ସମସ୍ତ ପ୍ରତିଯୋଗୀଙ୍କୁ ପଛରେ ପକାଇ ଯଥାକ୍ରମେ ସ୍ୱର୍ଣ୍ଣ ଏବଂ ରୌପ୍ୟପଦକ ହାସଲ କରି ସମଗ୍ର ଜିଲ୍ଲା ସମେତ ଶକ୍ତିମାନ ଜିମ୍ନାସିୟମ ଆଣିଦେଇଛନ୍ତି ଗର୍ବ ଏବଂ ଗୌରବ। ଶକ୍ତିମାନ ଜିମ୍ନାସିୟମର ପ୍ରତିଷ୍ଠାତା ତଥା ଦକ୍ଷ ସଂଗଠକ ପରେଶଚନ୍ଦ୍ର ମହାନ୍ତଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଭାରତ୍ତୋଳନ ପାଇଁ ପ୍ରଶିକ୍ଷଣ ନେଉଥିବା ହରିଶଙ୍କର ମହାନ୍ତ ଏବଂ ଆକାଶ ମହାନ୍ତ ୧୪ବର୍ଷ ବର୍ଗରେ ଭରତ୍ତୋଳନରେ ଅଂଶଗ୍ରହଣ କରିଥିଲେ। ଏଥିରେ ହରିଶଙ୍କର ମହାନ୍ତ ୬୦କେଜି ବର୍ଗରେ ସ୍ନାଚ୍ ୯୨କେଜି ଏବଂ କ୍ଲିନ ଆଣ୍ଡ ଜର୍କ ୧୦୮ କେଜି ଓଜନକୁ ସଫଳତାର ସହିତ ଉତ୍ତୋଳନ ପୂର୍ବକ ୨୦୦କେଜି ଭାରତ୍ତୋଳନ କରି ସମସ୍ତ ପ୍ରତିଯୋଗୀଙ୍କୁ ପଛରେ ପକାଇ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଅନୁରୂପ ଭାବେ ଆକାଶ ମହାନ୍ତ ୬୫କେଜି ବର୍ଗରେ ସ୍ନାଚ୍ ୮୧କେଜି ଏବଂ କ୍ଲିନ ଆଣ୍ଡ ଜାର୍କ ୧୦୫ କେଜି ଏହିପରି ମୋଟ ୧୮୬ କେଜି ଭାରଉତ୍ତୋଳନ କରି ରୌପ୍ୟପଦକ ହାସଲ କରିବାରେ ସଫଳ ହୋଇଛନ୍ତି। ଶକ୍ତିମାନ ଜିମ୍ନାସିୟମର ଏହି ଦୁଇ ପ୍ରଶିକ୍ଷାର୍ଥୀ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ସଫଳତା ପରେ ପ୍ରଶିକ୍ଷକ ତଥା ଜିମ୍ନାସିୟମର ପ୍ରତିଷ୍ଠାତା ଶ୍ରୀ ମହାନ୍ତଙ୍କ ସମେତ ଦୁଇ ଖେଳାଳୀଙ୍କୁ ମୟୂରଭଞ୍ଜ ୱେଟଲିଫ୍ ଆସୋସିଏସନର ସଭାପତି ତଥା ରାଜ୍ୟସରକାରଙ୍କ ମାନ୍ୟବର ଗୃହ ଓ ନଗରଉନ୍ନୟନ ବିଭାଗମନ୍ତ୍ରୀ ଡ. କୃଷ୍ଣଚନ୍ଦ୍ର ମହାପାତ୍ର, କାର୍ଯ୍ୟକାରୀ ସଭାପତି ନବକୁମାର ସାହୁ, ଉପସଭାପତି ବିଜୟ ମିଶ୍ର, ଜୀତେନ୍ଦ୍ର ବେହେରା, ସୁଗ୍ମସମ୍ପାଦକ ତରୁଣ ମହାନ୍ତି, କୋଷାଧ୍ୟକ୍ଷ ବିଜୟ ଦାସଙ୍କ ସମେତ ଉପଦେଷ୍ଟା ଶଙ୍କର କର, ମନୋଜ ରାଉତ, ପ୍ରିୟବ୍ରତ ଦାସ, ଆନ୍ତର୍ଜାତୀୟ ଭାରତ୍ତୋଳନକାରୀ ମନ୍ଦାକିନୀ ମହାନ୍ତ, ଶକ୍ତିମାନ ଜିମ୍ନାସିୟମର ଶୁଜୁଲ ମୁର୍ମୁ, ସଂଗ୍ରାମକେଶରୀ ଦେବ, ରତିକାନ୍ତ ମହାନ୍ତ, ନଳୀନ୍ ଚନ୍ଦ୍ର ବେହେରା, ଦନାର୍ଦ୍ଦନ ମହାନ୍ତ, ଅଜୟ ଜେନା, ସୁରଜ ଲୋହାର, ମନୋଜ ମହାନ୍ତ, ଜାତୀୟ ଖେଳାଳୀ ଅଭିଶେକ ମହାନ୍ତ, ସୁଷମା ରାୟ ପ୍ରମୁଖ ଉଭୟ କୃତୀ ଖେଳାଳୀଙ୍କ"ସମେତ କୋଚ୍ ଶ୍ରୀ ମହାନ୍ତଙ୍କୁ ଅସୁମାରି ଶୁଭେଚ୍ଛା ଏବଂ ଶୁଭକାମନା ଜଣାଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଅଫିସ୍ କାର୍ଯ୍ୟ ପ୍ରଭାବିତ ହେବ। ଖାଦ୍ୟପାନୀୟ ପ୍ରତି ଧ୍ୟାନ ରଖିବେ। ମହିଳାଙ୍କଠାରେ ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେବ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ ।

**ବୃଷ:** ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ବ୍ୟବସାୟରେ ସମସ୍ୟାକୁ ସାମ୍ନା କରିବେ। ଆର୍ଥିକ କ୍ଷେତ୍ରରେ ଉନ୍ନତି ପରିଲକ୍ଷିତ ହେବ। ମନ ପ୍ରସନ୍ନ ରହିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ମିଥୁନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ବିଦେଶ ଯାତ୍ରା ଯୋଗ ରହିଛି। ପରିବାର ସହିତ ହସଖୁସିରେ ସମୟ ଅତିବାହିତ କରିବେ।

**କର୍କଟ:** ଶାନ୍ତ ଓ ଖୁସି ମନରେ ସମସ୍ତ କାମ ପୂରା କରିବେ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ଜୀବନସାଥୀଙ୍କ ସହ ବୁଲିବାକୁ ଯିବେ। ଆଇଟି କ୍ଷେତ୍ରରେ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ।

**ସିଂହ:** ବ୍ୟବସାୟରେ ବିରୋଧୀଙ୍କୁ ସାମ୍ନା କରିବେ। ନୂଆ କାମରେ ବନ୍ଧୁ ତଥା ପରିବାର ସଦସ୍ୟଙ୍କ ସହଯୋଗ ମିଳିବ। ବିବାହ ପ୍ରସ୍ତାବ ସ୍ଥିର ହେବ। ଦେବ କାର୍ଯ୍ୟରେ ମନୋଯୋଗ ଦେବେ।

**କନ୍ୟା:** ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ବିଦ୍ୟାର୍ଥୀ ପ୍ରବେଶିକା ପରୀକ୍ଷା ପାଇଁ ପ୍ରସ୍ତୁତି କରିବେ।

**ତୁଳା:** କୋର୍ଟକଚେରୀ ମାମଲାରେ ବିଜୟ ଲାଭ କରିବେ। ପାରିବାରିକ ବିବାଦ ଦେଖା ଦେବ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ବିଛା:** ଅନଲାଇନ୍ ବ୍ୟବସାୟୀଙ୍କୁ ଲାଭ ମିଳିବ। ପୈତୃକ ସମ୍ପତ୍ତିକୁ ନେଇ ବିବାଦ ଦେଖା ଦେବ। ଭାଇ-ଭଉଣୀଙ୍କ ସମ୍ପର୍କ ମଜଭୁତ ହେବ। ଦାମ୍ପତ୍ୟ ଜୀବନ ଅଶାନ୍ତି ଭିତରେ ଗତି କରିବ।

**ଧନୁ:** କର୍ମ ଚଞ୍ଚଳ ରହିବେ। ଧାର୍ମିକ କାର୍ଯ୍ୟ ପ୍ରତି ରୁଚି ବଢ଼ିବ। ଅଫିସ୍ କାର୍ଯ୍ୟରେ ସମସ୍ୟା ଆସିବ। ସମୟ ପୂର୍ବରୁ କାମ ଶେଷ କରିବେ। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ।

**ମକର:** ଆୟଠୁ ଅଧିକ ବ୍ୟୟ ହେବ। ପରିବାର ସଦସ୍ୟଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ। ସ୍ୱାସ୍ଥ୍ୟ ପ୍ରତି ସଚେତନ ହେବେ। ଅଯଥା ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**କୁମ୍ଭ:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳ ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ମୀନ:** ଦିନଟି ବ୍ୟସ୍ତତା ଭିତରେ କଟିବ। ପରିବାରରେ ହସଖୁସିର ପରିବେଶ ରହିବ। ଖେଳାଳୀଙ୍କ ପାଇଁ ଅନୁକୂଳ ସମୟ। ଧନଲାଭ ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୯୩୯ - ଜର୍ମାନୀ ଓ ରୁଷ୍ ପୋଲାଣ୍ଡ ବିଭାଜନ ପାଇଁ ରାଜି ହେଲେ।
- ୧୯୬୭ - ଅନ୍ତରାଷ୍ଟ୍ରୀୟ ମୁଦ୍ରାକୋଷ ତା'ର ମୌଦ୍ରିକ ପ୍ରଣାଳୀରେ ସୁଧାର ଆଣିଲା।
- ୧୯୯୩-ମହାରାଷ୍ଟ୍ରର ଲାଟୁର ଭୂମିକମ୍ପରେ ୧୦ ହଜାର ଲୋକ ମୃତ, ୩୦ ହଜାରରୁ ଅଧିକ ଆହତ।
- ୨୦୦୧- କଂଗ୍ରେସ ନେତା ମାଧବ ରାଓ ସିନ୍ଧିଆଙ୍କ ବିମାନ ଦୁର୍ଘଟଣାରେ ମୃତ୍ୟୁ।

# ନମସ୍ତେଽସ୍ତୁ ଦୁର୍ଗେ

(ଛନ୍ଦଃ- ଭୁଜଙ୍ଗପ୍ରୟାତମ୍)

**ନମସ୍ତେଽସ୍ତୁ ଦୁର୍ଗେ ମମ ତ୍ୱଂ ପ୍ରସୀଦ ପ୍ରଣମ୍ରେ ମଦୀୟେଽନ୍ତରେ ସନ୍ନିଷୀଦ।**
**କୃପାପାଙ୍ଗଭଙ୍ଗ୍ୟା ସଦା ମାଂ ପୁନୀହି କ୍ଷଣେନାଘବାଟୀଂ ମଦୀୟାଂ ଲୁନୀହି ॥୧॥**

ହେ ମାତଃ ଦୁର୍ଗେ ! ତୁମକୁ ନମସ୍କାର। ତୁମେ ମୋ ଉପରେ ପ୍ରସନ୍ନା ହୁଅ। ମୋର ବିନମ୍ରହୃଦୟରେ ତୁମେ ନିବାସ କର। ତୁମର କୃପାକଟାକ୍ଷ ଦ୍ୱାରା ମୋତେ ସର୍ବଦା ପବିତ୍ର କର ଏବଂ ମୋର ପାପ ସମୂହକୁ କ୍ଷଣକ ମଧ୍ୟରେ ନଷ୍ଟ କର।

**ମନସ୍ତାଲପୃଷ୍ଠାସନେ କୁଙ୍କୁମାଭେ ଭବ ତ୍ୱଂ ସହାୟା ଭବେ ଭଦ୍ରଲାଭେ।**
**ଅବ କ୍ଳୃପ୍ତପାଦାଶ୍ରିତାଶାପ୍ରପୂର୍ତ୍ତେ ସମସ୍ତାମରାଭାପରିସ୍ଫୂର୍ତ୍ତମୂର୍ତ୍ତେ ॥୨॥**

ହେ କୁଙ୍କୁମବର୍ଣ୍ଣେ ! ମନସ୍ତାଲନାମକ ସିଂହପୃଷ୍ଠରେ ଆସୀନେ !
ମୋର ଶୁଭ ଲାଭ ପାଇଁ ସହାୟ ହୁଅ । ପଦାଶ୍ରିତମାନଙ୍କର ଆଶା ପୂର୍ଣ୍ଣ କରୁଥିବା ଏବଂ ସମସ୍ତ ଦେବତାଙ୍କର କାନ୍ତିରେ ଉଜ୍ଜ୍ୱଳ ମୂର୍ତ୍ତି ବିଶିଷ୍ଟା, ହେ ଦେବି ! ତୁମେ ରକ୍ଷା କର ।

**ତ୍ୱମେକା ସୁବିଦ୍ୟାସୁଧାସଂବିଧାତ୍ରୀ କବୀନ୍ଦ୍ରାନୁକୂଳକ୍ରିୟାଶକ୍ତିଦାତ୍ରୀ।**
**ଜଡତ୍ୱାନ୍ଧକାରାବସାନେ ପ୍ରବୀଣା ସରସ୍ୱତ୍ୟଭିଖ୍ୟେ ବସାନ୍ତଃ ସବୀଣା ॥୩॥**

ତୁମେ ଏକମାତ୍ର ଶ୍ରେଷ୍ଠ ବିଦ୍ୟାରୂପକ ଅମୃତ ପ୍ରଦାନ କରୁଥିବା ଦେବୀ, କବିମାନଙ୍କୁ କ୍ରିୟାଶକ୍ତି ପ୍ରଦାନ କରୁଥିବା ଦେବୀ, ଜଡ଼ତାରୂପୀ ଅନ୍ଧକାରକୁ ଦୂର କରିବାରେ ନିପୁଣା, ହେ ସରସ୍ୱତି ! ତୁମେ ମୋ ହୃଦୟରେ ବୀଣା ସହିତ ବାସ କର।

**ଧନାନାଂ ତ୍ୱମେକା ଜଗତ୍ୟାଂ ପ୍ରଣେତ୍ରୀ ଜନାନାମଭାବକ୍ଷୁଧାନାଂ ବିନେତ୍ରୀ।**
**ସରୋଜାସନସ୍ଥାଽର୍ଥଦାନେ ପଟିଷ୍ଠା ମୟି ସ୍ୟା ରମାଖ୍ୟେ କୃପାଦୃଷ୍ଟିନିଷ୍ଠା ॥୪॥**

ତୁମେ ଏକମାତ୍ର ଏହି ଜଗତରେ ଧନର ଅଧିଷ୍ଠାତ୍ରୀ ଦେବୀ। ଲୋକମାନଙ୍କର ଅଭାବ ଓ କ୍ଷୁଧାକୁ ଦୂର କରୁଥିବା ଦେବୀ। ପଦ୍ମାସନରେ ବିରାଜମାନ କରି ଧନ ଦେବାରେ ଅତ୍ୟନ୍ତ ନିପୁଣା, ହେ ରମେ (ଲକ୍ଷ୍ମୀ) ! ତୁମେ ମୋ ଉପରେ ସ୍ଥିରକୃପାଦୃଷ୍ଟିନିଷ୍ଠ ହୁଅ ।

**ମହାଭୀମରୂପା ନବାମ୍ଭୋଦନୀଳା ଚତୁର୍ବାହୁଦୃପ୍ତା କୃତୋଦଗ୍ରଲୀଳା ।**
**ମୁଖୋଲ୍ଲମ୍ବିଜିହ୍ୱା ଲସନ୍ମୁଣ୍ଡମାଳା-ଧରା ପାହି ମାଂ କାଲ୍ୟଭିଖ୍ୟେ କରାଳା ॥୫॥**

ମହାଭୟଙ୍କର ରୂପଧାରିଣୀ, ନୂତନ ମେଘ ସଦୃଶ ନୀଳବର୍ଣ୍ଣା, ଚାରି ବାହୁରେ ଶୋଭିତା, ଉଗ୍ର ଲୀଳାକାରିଣୀ, ମୁଖରୁ ଲମ୍ବିଥିବା ଜିହ୍ୱାଧାରିଣୀ ଏବଂ ଶୋଭାୟମାନ ମୁଣ୍ଡମାଳା ଧାରିଣୀ ତଥା କରାଳା ହେ କାଳି ! ତୁମେ ମୋତେ ରକ୍ଷା କର ।

**ଗଦାଖଡ୍ଗଚାପାଙ୍କୁଶେଷୂନ୍ ଦଧାନା ତ୍ରିଶୂଳାଦିନାନାୟୁଧୈ ରାଜମାନା।**
**ନିଶୁମ୍ଭୋଗ୍ରଶୁମ୍ଭସ୍ଫୁରନ୍ମୁଣ୍ଡଚଣ୍ଡାନ୍ ଦ ଳନ୍ତ୍ୟମ୍ବ ରକ୍ଷାସୁରାନେବ ଚଣ୍ଡାନ୍ ॥୬॥**


ଗଦା, ଖଡ୍ଗ, ଧନୁ, ଅଙ୍କୁଶ ଓ ବାଣ ଧାରଣ କରିଥିବା, ତ୍ରିଶୂଳ ଆଦି ବିଭିନ୍ନ ଅସ୍ତ୍ରରେ ଶୋଭା ପାଉଥିବା, ନିଶୁମ୍ଭ ଓ ଶୁମ୍ଭ ତଥା ଉଗ୍ର ଚଣ୍ଡ ଓ ମୁଣ୍ଡଙ୍କ ସହ ବଳିଷ୍ଠ ଅସୁରମାନଙ୍କୁ ବିନାଶ କରୁଥିବା ହେ ମାତଃ ! ତୁମେ ମୋତେ ରକ୍ଷା କର।

**ହରୌ ଯୋଗନିଦ୍ରାସ୍ୱରୂପାଽତିଦକ୍ଷା ମଧୁଧ୍ୱଂସନେ କୈଟଭକ୍ଷେପଲକ୍ଷ୍ୟା।**
**ସମାଧୌ ପ୍ରସନ୍ନା ସୁମେଧଃପ୍ରଣମ୍ୟା ପ୍ରରକ୍ଷେଃ ଶିବେ ରତ୍ନମାଳାତିରମ୍ୟା ॥୭॥**

ଭଗବାନ ହରିଙ୍କର ଯୋଗନିଦ୍ରା ସ୍ୱରୂପା, ମଧୁ ଓ କୈଟଭ ରାକ୍ଷସଙ୍କୁ ନଷ୍ଟ କରିବାରେ ଅତି ଦକ୍ଷା, ସମାଧିନାମକ ବୈଶ୍ୟଙ୍କ ଠାରେ ପ୍ରସନ୍ନା, ମେଧା ଋଷିଙ୍କ ନମସ୍ୟା, ଅତ୍ୟନ୍ତ ରମଣୀୟ ରତ୍ନମାଳା ଧାରଣ କରିଥିବା ହେ ଶିବେ ! ତୁମେ ମୋତେ ରକ୍ଷା କର ।

**ଜଗତ୍ସୃଷ୍ଟିସଂପାଳନଧ୍ୱଂସହେତୁ-ର୍ଭବାଗାଧବାଧାମ୍ବୁଧିତ୍ରାଣସେତୁଃ।**
**ଦୟାଭକ୍ତିଶକ୍ତିତ୍ରୟାଧାରମୂର୍ତ୍ତିଃ ପ୍ରପାହ୍ୟମ୍ବ ନିଷ୍ପନ୍ନସର୍ବାର୍ଥପୂର୍ତ୍ତିଃ ॥୮॥**

ଜଗତର ସୃଷ୍ଟି, ପାଳନ ଓ ବିନାଶର କାରଣ ସ୍ୱରୂପା, ଅଗାଧ ସଂସାରରୂପକ ସାଗରକୁ ପାର କରିବା ପାଇଁ ସେତୁ ସ୍ୱରୂପା, ଦୟା, ଭକ୍ତି ଓ ଶକ୍ତି – ଏହି ତିନିଗୋଟିର ଆଧାର ମୂର୍ତ୍ତି, ସମସ୍ତ ମନୋକାମନା ପୂର୍ଣ୍ଣ କରୁଥିବା ହେ ମାତଃ ! ତୁମେ ମୋତେ ରକ୍ଷା କର ।



**କୃତଂ ଶ୍ରୀମତା ବିପ୍ରକୃଷ୍ଣେନ ନବ୍ୟଂ ପବିତ୍ରୋତ୍ତମଂ ସ୍ତୋତ୍ରମତ୍ୟନ୍ତଭବ୍ୟମ୍।**
**ଇଦଂ ନୂନମଧ୍ୟେତି ପଦ୍ୟାଷ୍ଟକଂ ଯଃ ସ ସଂୟାତି ଦୁର୍ଗାକୃପାପୁଞ୍ଜମଞ୍ଜୀଃ ॥ ଭଣିତିଃ**

ଶ୍ରୀମାନ୍ ବିପ୍ର କୃଷ୍ଣ (କୃଷ୍ଣକେଶବ)ଙ୍କ ଦ୍ୱାରା ରଚିତ ଏହି ନୂତନ, ପବିତ୍ର ଓ ଅତ୍ୟନ୍ତ ମଙ୍ଗଳକାରୀ ଅଷ୍ଟକ ସ୍ତୋତ୍ରକୁ ଯିଏ ନିଶ୍ଚିତ ଭାବରେ ପାଠ କରିବେ, ସେ ଶୀଘ୍ର ଦୁର୍ଗାଙ୍କର ଅପାର କୃପା ଲାଭ କରିବେ ।

ଡାକ୍ତର କୃଷ୍ଣକେଶବ ଷଡଙ୍ଗୀ
ମୋ- ୯୪୩୭୫୬୬୩୨୪



# ପୁଣି ଏକାଠି ଦେଖାଗଲ ସାମନ୍ଥା-ରାଜ୍

ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତ୍ରୀ ସାମନ୍ଥା ରୁଥ୍ ପ୍ରଭୁ ଏବେ ତାଙ୍କ ପ୍ରେମ ସମ୍ପର୍କକୁ ନେଇ ଚର୍ଚ୍ଚାରେ। ନିର୍ଦ୍ଦେଶକ ରାଜ୍ ନିଦିମୋରୁଙ୍କୁ ସେ ଡେଟ୍ କରୁଥିବା ଚର୍ଚ୍ଚା ହେଉଛି। ଇତିମଧ୍ୟରେ ସାମନ୍ଥା ଓ ରାଜ୍‌ଙ୍କର ଏକ ଭିଡିଓ ଭାଇରାଲ ହୋଇଛି। ଯେଉଁଥିରେ ଉଭୟ ବାନ୍ଦ୍ରାସ୍ଥିତ ଏକ ଜିମ୍‌ରୁ ବାହାରୁଥିବାର ଦେଖାଯାଉଛି। ଅବଶ୍ୟ ଦୁହେଁ ଏକାଠି ବାହାରି ନ ଥିଲେ। ପ୍ରଥମେ ଜିମ୍‌ରୁ ସାମନ୍ଥା ବାହାରିଥିଲେ, ଏହାର କିଛି ସମୟ ପରେ ରାଜ୍ ଆସିଥିଲେ। ଉଭୟ ଗଣମାଧ୍ୟମକୁ କୌଣସି ପ୍ରତିକ୍ରିୟା ନ ଦେଇ ସିଧା କାର୍‌ରେ ପଳାଇ ଯାଇଥିଲେ। ତେବେ ପ୍ରଥମ ଥର ପାଇଁ ରାଜ୍ ଓ ସାମନ୍ଥାଙ୍କୁ ଏକାଠି ଦେଖାଯାଇ ନାହିଁ। ଏହାପୂର୍ବରୁ ମଧ୍ୟ ଅନେକ ଥର ସେମାନଙ୍କୁ ଏକାଠି ଦେଖାଯାଇଛି। ନିକଟରେ ସାମନ୍ଥା ଇନ୍‌ଷ୍ଟାଗ୍ରାମ୍‌ରେ ଏକ ଫଟୋ ସେୟାର୍ କରିଥିଲେ। ଏଥିରେ ସେ ଜଣକର ହାତ ଧରିଥିଲେ। ଉକ୍ତ ବ୍ୟକ୍ତିଙ୍କର ମୁହଁ ଦେଖାଯାଉ ନ ଥିଲା। ଦର୍ଶକେ ସେ ରାଜ୍‌ଙ୍କ ହାତ ଧରିଥିବା ଅନୁମାନ କରିଥିଲେ। ଅବଶ୍ୟ ସେମାନଙ୍କ ପ୍ରେମ ସମ୍ପର୍କକୁ ନେଇ ଦୁହେଁ ବିଧିବଦ୍ଧ ଭାବେ କିଛି କହି ନାହାନ୍ତି। ସାମନ୍ଥା, ରାଜ୍‌ଙ୍କ ସହ 'ଦ ଫ୍ୟାମିଲି ମ୍ୟାନ୍- ସିଜିନ୍ ୨' ଓ 'ସିଟାଡେଲ: ହନିବନି'ରେ କାମ କରିଛନ୍ତି।



# ସୁବର୍ଣ୍ଣା

## ମତ୍ସ୍ୟଚାଷୀଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ ଟିପ୍‌ସ

**ବର୍ତ୍ତମାନ ସମୟଟି ମାଛ ପାଳନ ପାଇଁ ଗୁରୁତ୍ୱପୂର୍ଣ୍ଣ ସମୟ। ଏବେ ମାଛ ଶରୀରର ବୃଦ୍ଧି ଓ ପୋଖରୀର ଯତ୍ନ ନେବା ପାଇଁ ମତ୍ସ୍ୟଚାଷୀମାନେ କିଛି ଗୁରୁତ୍ୱପୂର୍ଣ୍ଣ ଟିପ୍‌ସ ଆପଣାଇ ପାରିବେ। ତା ସହିତ ପାଣିରେ ସୂକ୍ଷ୍ମ ଶୈବାଳ ବୃଦ୍ଧି ପାଇଲେ ତଥା ଅମ୍ଳଜାନ ହ୍ରାସ ପାଇଲେ କ'ଣ କରିବେ ଜାଣି ରଖନ୍ତୁ।**



ଅଧିକାଂଶ ଲୋକ ଅଧିକ ଲାଭ ଆଶାରେ ମାଛ ପୋଖରୀରେ ମାତ୍ରାଧିକ ରାସାୟନିକ ସାର ପକାନ୍ତି। ଏହା ପାଣିର ଗୁଣବତ୍ତାକୁ ଖରାପ କରେ। ତେଣୁ ସର୍ବଦା ମତ୍ସ୍ୟବିଶେଷଜ୍ଞଙ୍କ ପରାମର୍ଶ ନେଇ ଅନୁମୋଦିତ ହାରରେ ସାର ପ୍ରୟୋଗ କରନ୍ତୁ।

- ଯଦି ପୋଖରୀର ପାଣି ହାଲୁକା ନୀଳ ହୋଇଯାଏ, ଏହା ସୂକ୍ଷ୍ମ ଶୈବାଳ ବୃଦ୍ଧିର ସୂଚନା ଦିଏ। ଏନେଇ ୧୬ କେଜି ଫିଟିକିରି ପ୍ରତି ଏକର ପିଛା ୧୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରିପାରିବେ। ଏହା ପାଣିକୁ ସଫା କରିବା ସହ ବିଷାକ୍ତ ତତ୍ତ୍ୱ ଦୂର କରେ। ସେହିପରି ବର୍ଷା ସମୟରେ ପୋଖରୀରେ ଶୁଖିଲା ପତ୍ର, ଅନ୍ୟାନ୍ୟ ବର୍ଜ୍ୟବସ୍ତୁକୁ ସଫା କରିବା ଆବଶ୍ୟକ।
- ପୋଖରୀରେ ଦ୍ରବୀଭୂତ ଅମ୍ଳଜାନ ପରିମାଣ କମିଗଲେ ମାଛମାନେ ପାଣି ଉପରକୁ ଆସି ପାଟି ପାକୁ ପାକୁ କରି ମରିଯାନ୍ତି। ତେବେ ମାଛ ପୋଖରୀ ପାଣିରେ ଦ୍ରବୀଭୂତ ଅମ୍ଳଜାନ ପରିମାଣ ଲିଟର ପ୍ରତି ୪ରୁ୫ ମିଲିଗ୍ରାମ ରହିବା ଉଚିତ। ପାଣିର ଅମ୍ଳଜାନ ବୃଦ୍ଧି ପାଇଁ ଏରେଟର ମେସିନ୍ ବ୍ୟବହାର କରିପାରିବେ। ନଚେତ୍ ପାଣିକୁ ବଦଳାଇ ପାରିବେ। ପୋଖରୀ ପାଣିରେ ଅମ୍ଳଜାନର ପରିମାଣ ସଠିକ୍ ମାତ୍ରାରେ ରଖିବା ପାଇଁ ଏକ ପମ୍ପ ବ୍ୟବହାର କରି ପୋଖରୀର ପାଣିକୁ ପୁନଃଚକ୍ରୀକରଣ କରିପାରିବେ। ପ୍ରତି ୧୫ ଦିନ କିମ୍ବା ମାସିକ କିସ୍ତିରେ ଫିଙ୍ଗାଜାଲ ପକାଇ ମାଛଙ୍କୁ ଧରି ସେମାନଙ୍କ ହାରାହାରି ଓଜନ ଓ ସ୍ୱାସ୍ଥ୍ୟ ମଧ୍ୟ ଯାଞ୍ଚ କରିପାରିବେ।

## କୁଣ୍ଡରେ କଳା ଗାଜର



**ଗାଜର ମୁଖ୍ୟତଃ ଶୀତକାଳୀନ ଫସଲ। ଏହି ଚାଷ ପାଇଁ ଗଭୀର ଉର୍ବର, ଦୋରସା, ବାଲିଆ ମାଟି ଉପଯୁକ୍ତ। ସମସ୍ତ ରଙ୍ଗର ଗାଜର ତୁଳନାରେ କଳା ଗାଜର ଅଧିକ ସ୍ୱାଦିଷ୍ଟ ହୋଇଥାଏ। ଏହାକୁ କୁଣ୍ଡରେ ରଖି ବାଲ୍‌କୋନି କିମ୍ବା ଛାତରେ ସହଜରେ ଫଳାଯାଇପାରିବ।**

କଳା ଗାଜର ଲଗାଇବାକୁ ୧୨ରୁ ୧୫ ଗଭୀର ୧୦ରୁ ୧୨ ଇଞ୍ଚ ଚଉଡାର କୁଣ୍ଡ ଆବଶ୍ୟକ। ପାଣି ନ ଜମିବା ପାଇଁ କୁଣ୍ଡରେ କଣା ରହିଥିବା ଜରୁରି। ସେହିପରି ମାଟିର ଅମ୍ଳସ୍ତର ୬ରୁ ୭.୫ ହୋଇଥିଲେ ଭଲ। ଚାଷ ପାଇଁ ପ୍ରଥମେ ମାଟିକୁ ସମତଳ କରି ୦.୫ରୁ ୧ ସେମି ଗଭୀରରେ ବିହନ ପୋତିବା ଜରୁରି। ବିହନ ପକାଇ ଏହା ଉପରେ ହାଲୁକା ମାଟି ଚଳାଇ ଅଳ୍ପ ପାଣି ସିଞ୍ଚିପାରିବେ। ଦୈନିକ ମାଟିର ଆର୍ଦ୍ରତା ଅନୁସାରେ ଜଳ ସିଞ୍ଚନ ଆବଶ୍ୟକ। ୫ରୁ ୬ଘଣ୍ଟା ସୂର୍ଯ୍ୟକିରଣ ପଡୁଥିବା ସ୍ଥାନରେ କୁଣ୍ଡ ରଖିଲେ ବିହନ ବୁଣିବାର ୭ରୁ ୧୪ ଦିନ ମଧ୍ୟରେ ଚାରା ଅଙ୍କୁରିତ ହୋଇଥାଏ। ଚାରା ୩ରୁ ୪ ଇଞ୍ଚ ହୋଇଗଲେ, ଦୁର୍ବଳ ଗଛକୁ ଉପାଡି ଦେବା ଜରୁରି। ତେବେ ବିହନ ବୁଣିବାର ୯୦ରୁ ୧୦୦ ଦିନ ମଧ୍ୟରେ ଗାଜର ଫସଲ ଅମଳଯୋଗ୍ୟ ହୋଇଥାଏ।

## କୃଷି ପାଣିପାଗ



### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଅଣଧାନ ଫସଲ ଓ ପନିପରିବା ତଳିଘରାରୁ ଅତ୍ୟଧିକ ବର୍ଷା ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ।
- ଆଖୁ ଗଛ ନ ପଡ଼ିବା ପାଇଁ ୪ରୁ ୫ଟି ଗଛର ପତ୍ରଗୁଡ଼ିକ ଗୋଟିଏ ସ୍ଥାନରେ ବାନ୍ଧି ରଖନ୍ତୁ ଏବଂ ଡେରା ଦିଅନ୍ତୁ।
- କଖାରୁଜାତୀୟ ପନିପରିବା ଫସଲରେ କାଙ୍କେଡ଼ିଆ ପୋକର ପରିଚାଳନା ପାଇଁ ବର୍ଷା ଛାଡ଼ିଗଲା ପରେ ପ୍ରାଥମିକ ଅବସ୍ଥାରେ ପ୍ରତି ଲିଟର ପାଣିରେ ୩ ମିଲି ନିମ୍ବଜାତୀୟ କୀଟନାଶକ ୧୫୦୦ ପିପିଏମ୍‌କୁ ମିଶାଇ ସିଞ୍ଚନ କରନ୍ତୁ।
- ଆଖୁ ଫସଲରେ ନାଲିଶଢ଼ା ରୋଗର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ କାର୍ବେଣ୍ଡାଜିମ୍ ଏବଂ ମାଙ୍କୋଜେବ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- ଶୁଖିଲା ପାଗ ଦେଖି ଅମୃତଭଣ୍ଡା ଫସଲରେ ଦହିଆ / ଚୂର୍ଣ୍ଣ ପୃଷ୍ଠ ପୋକ ପରିଚାଳନା ପାଇଁ ପ୍ରତି ୧୦ ଲିଟର ପାଣିରେ ୩୦ ମିଲି ନିମ୍ବ ଆଧାରିତ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ। ଏହା ବ୍ୟତୀତ ସାବୁନ ଗୁଣ୍ଡ ମିଶ୍ରିତ ପାଣି ସିଞ୍ଚନ କରାଯାଇ ପାରିବ। ପୋକର ଆକ୍ରମଣ ଅଧିକ ହେଲେ ରାସାୟନିକ କୀଟନାଶକ ସିଞ୍ଚନ କରନ୍ତୁ।

## ସୌରଚାଳିତ ସିଞ୍ଚନ ଯନ୍ତ୍ର



ଫସଲରେ ସଠିକ୍ ସମୟରେ ରୋଗପୋକ ଚିହ୍ନଟ କରି ଔଷଧ ସିଞ୍ଚନ କଲେ ଫସଲର ଅଭିବୃଦ୍ଧି ହୋଇଥାଏ। ହେଲେ ଏଥିପାଇଁ ଚାଷୀଙ୍କୁ ଅଧିକ ସମୟ ଲାଗେ। ଖର୍ଚ୍ଚ ମଧ୍ୟ ବଢ଼ିଥାଏ। ତେଣୁ ଏବେ ଚାଷୀଙ୍କ ଏହି ସମସ୍ୟାକୁ ସମାଧାନ କରିବ ସୌରଚାଳିତ ସ୍ପ୍ରେୟର ତଥା ସିଞ୍ଚନ ଯନ୍ତ୍ର। ସୋଲାର ତଥା ସୌରଚାଳିତ ସ୍ପ୍ରେୟର ଯନ୍ତ୍ରଟି ନିୟୋ ଫାର୍ମ ଟେକ୍ ଦ୍ୱାରା ବିକଶିତ କରାଯାଇଛି। ଏହି ଯନ୍ତ୍ରଟି ସୂର୍ଯ୍ୟାଲୋକ ସାହାଯ୍ୟରେ କାର୍ଯ୍ୟକ୍ଷମ ହୁଏ। ଯନ୍ତ୍ରଟି ୬ଜଣ ଲୋକଙ୍କ କାମକୁ ଏକାକୀ କରିପାରେ। ଏକ ଏକର ଜମିରେ ଯନ୍ତ୍ର ଦ୍ୱାରା ତରଳଖାଦ୍ୟ ଏବଂ କୀଟନାଶକ ସିଞ୍ଚନ କରିବାକୁ ମାତ୍ର ୧୫ ମିନିଟ୍‌ରୁ ୩୦ ମିନିଟ୍ ସମୟ ଲାଗିଥାଏ। ଏହି ଯନ୍ତ୍ରରେ ଲାଗିଥିବା ଟାଙ୍କିର ଦକ୍ଷତା ୧୮ ଲିଟର ହୋଇଥାଏ। ବିଦ୍ୟୁତ୍ ବଦଳରେ ଏହା ସୌରଶକ୍ତି ଦ୍ୱାରା ଚାର୍ଜ ହୋଇଥାଏ। ଏହା ଚାର୍ଜ ହେବାକୁ ପାଖାପାଖି ୪ଘଣ୍ଟା ସମୟ ଲାଗିଥାଏ। ତେଣୁ ଗୋଟିଏ ଥର ଚାର୍ଜ ହେବା ଦ୍ୱାରା ଏହା ୪ରୁ ୫ ଏକର ଜମି ସିଞ୍ଚନ କରିପାରେ। ଯନ୍ତ୍ର ସାହାଯ୍ୟରେ ପାଖାପାଖି ୧୨ ଫୁଟ ପର୍ଯ୍ୟନ୍ତ ଔଷଧ ସିଞ୍ଚନ କରାଯାଏ। ବଜାରରେ ଏହି ଯନ୍ତ୍ରଟି ୧୦ରୁ ୧୨ ହଜାରରୁ ଊର୍ଦ୍ଧ୍ୱ ଟଙ୍କା ମୂଲ୍ୟରେ ଉପଲବ୍ଧ ରହିଛି। ତେବେ ଏହି ଯନ୍ତ୍ର ଦ୍ୱାରା କମ୍ ଖର୍ଚ୍ଚରେ ଅଧିକ ସମୟ କାମ କରିହୁଏ।

## ଆଜିଠୁ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍

# ପ୍ରଥମ ଟାଇଟଲ୍ ଲକ୍ଷ୍ୟରେ ଟିମ୍ ଇଣ୍ଡିଆ

ଗୌହାଟୀ, ୨୯ ।୯ (ଏଜେନ୍ସି)



ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ତ୍ରୟୋଦଶ ସଂସ୍କରଣ ମଙ୍ଗଳବାରଠାରୁ ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଆରମ୍ଭ ହେବାକୁଯାଉଛି । ଭାରତ ୪ର୍ଥଥର ଲାଗି ଏହି ମେଗା ଟୁର୍ଣ୍ଣାମେଣ୍ଟକୁ ଆୟୋଜନ କରିବାର ସୌଭାଗ୍ୟ ଲାଭ କରିଛି । ଏଥିପୂର୍ବରୁ ୧୯୭୮, ୧୯୯୭ ଓ ୨୦୧୩ ବିଶ୍ୱକପ୍ ସଂସ୍କରଣ ଭାରତରେ ଆୟୋଜିତ ହୋଇଥିଲା । ସେହିଭଳି ଶ୍ରୀଲଙ୍କା ପ୍ରଥମଥର ଲାଗି ବିଶ୍ୱକପ୍ ଆୟୋଜନ କରିବ । ରାଜନୈତିକ କାରଣ ଲାଗି ପାକିସ୍ତାନ ମହିଳା କ୍ରିକେଟ୍ ଦଳ ଭାରତରେ ବିଶ୍ୱକପ୍ ଖେଳିବାକୁ ରାଜି ହୋଇ ନ ଥିଲା । ଫଳରେ ଶ୍ରୀଲଙ୍କାକୁ ସହ-ଆୟୋଜକ ଅଧିକାର ପ୍ରଦାନ କରାଯାଇଥିଲା । ପାକିସ୍ତାନ ଦଳ ଏହାର ସମସ୍ତ ମ୍ୟାଚ୍ ଶ୍ରୀଲଙ୍କାରେ ଖେଳିବ । ବିଶ୍ୱ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସି ଏହି ମାମଲାରେ ଏକ ବଡ଼ ନିଷ୍ପତ୍ତି ନେଇଥିଲା । ୨୦୨୪ରୁ ୨୦୨୭ ମସିହା ମଧ୍ୟରେ ଯେକୌଣସି ଆଇସିସି ଇଭେଣ୍ଟ ଭାରତ କିମ୍ବା ପାକିସ୍ତାନରେ ଖେଳାଯିବ ଏକ ନିରପେକ୍ଷ ଭେନ୍ୟୁରେ ଉଭୟ ଦେଶ ଖେଳିବେ ।

### ରାଉଣ୍ଡ-ରବିନ ଫର୍ମାଟ୍‌ରେ ମ୍ୟାଚ୍

ଦୁଇ ଆୟୋଜକ ଦଳ ଭାରତ ଓ ଶ୍ରୀଲଙ୍କା ମଧ୍ୟରେ ଚଳିତ ବିଶ୍ୱକପ୍‌ର ଉଦ୍‌ଘାଟନୀ ଲଢ଼େଇ ଅନୁଷ୍ଠିତ ହେବ । ଗୌହାଟୀର ବର୍ଷାପରା ଷ୍ଟାଡିୟମରେ ମଙ୍ଗଳବାର ଅପରାହ୍ଣ ୩ଟାରୁ ଏହି ମ୍ୟାଚ୍ ଆରମ୍ଭ ହେବ । ହରମନପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ଘରୋଇ ମାଟିରେ ଟୁର୍ଣ୍ଣାମେଣ୍ଟ ଖେଳୁଥିବାରୁ ପ୍ରଥମଥର ବିଶ୍ୱକପ୍ ଜିତିବା ଲକ୍ଷ୍ୟରେ ରହିଛି । ଭାରତ ଏଥିପୂର୍ବରୁ ୨୦୦୫ ଓ ୨୦୧୭ ସଂସ୍କରଣରେ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ଉପବିଜେତା ରହିଥିଲା । ତେଣୁ ବିଶ୍ୱକପ୍‌ର ୫୨ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟାଇ ଭାରତୀୟ ମହିଳା ଦଳ ଏଥର ଟ୍ରଫି ଜିତିବା ଲକ୍ଷ୍ୟରେ ରହିଛନ୍ତି । ଭାରତ ଓ ଶ୍ରୀଲଙ୍କା ବ୍ୟତୀତ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ, ଗତଥରର ରନର୍ସଅପ୍ ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ନ୍ୟୁଜିଲାଣ୍ଡ, ବାଂଲାଦେଶ ଓ ପାକିସ୍ତାନ ଦଳ ଏଥର ବିଶ୍ୱକପ୍‌ରେ ଅଂଶଗ୍ରହଣ କରୁଛନ୍ତି । ଆଠଟି ଦଳ ମଧ୍ୟରେ ରାଉଣ୍ଡ-ରବିନ ଫର୍ମାଟ୍‌ରେ ମ୍ୟାଚ୍ ଖେଳାଯିବ । ପ୍ରତ୍ୟେକ ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ । ଏହାପରେ ପଏଣ୍ଟ ଆଧାରରେ ଶ୍ରେଷ୍ଠ-୪ଟି ଦଳ ମଧ୍ୟରେ ସେମିଫାଇନାଲ ଅନୁଷ୍ଠିତ ହେବ । ଅକ୍ଟୋବର ୨୯ ଓ ୩୦ରେ ଦୁଇଟିଯାକ ସେମିଫାଇନାଲ ଖେଳାଯିବ । ଯଦି ପାକିସ୍ତାନ ଦଳ ସେମିଫାଇନାଲରେ ପ୍ରବେଶ କରେ ତେବେ ପ୍ରଥମ ସେମିଫାଇନାଲ କଲମ୍ବୋରେ ଅନୁଷ୍ଠିତ ହେବ । ପାକିସ୍ତାନ ଯୋଗ୍ୟତା ହାସଲ କରି ନ ପାରିଲେ ପ୍ରଥମ ସେମିଫାଇନାଲ ଗୌହାଟୀରେ ଖେଳାଯିବ । ନଭେମ୍ବର ୨ରେ ଗ୍ରାଣ୍ଡ ଫାଇନାଲ ମ୍ୟାଚ୍ ନଭି ମୁମ୍ବାଇ କିମ୍ବା କଲମ୍ବୋରେ ଅନୁଷ୍ଠିତ ହେବ ।

### ଅଷ୍ଟ୍ରେଲିଆକୁ ରେକର୍ଡ ୭ଟାଇଟଲ୍

ମହିଳା ଦିନିକିଆ ବିଶ୍ୱକପ୍‌ର ଗତ ୧୨ଟି ସଂସ୍କରଣ ମଧ୍ୟରୁ ଅଷ୍ଟ୍ରେଲିଆ ଏକାକୀ ୭ଥର ଚାମ୍ପିଅନ ହୋଇଛି । ସେହିଭଳି ୧୯୭୩ରେ ଆୟୋଜିତ ପ୍ରଥମ ବିଶ୍ୱକପ୍‌କୁ ମିଶାଇ ଇଂଲଣ୍ଡ ୪ଥର ଟାଇଟଲ୍ ହାସଲ କରିଛି । ୨୦୦୦ ମସିହାରେ ନ୍ୟୁଜିଲାଣ୍ଡ ଟ୍ରଫି ଜିତିବାର ସୌଭାଗ୍ୟ ଲାଭ କରିଥିଲା । ଫଳରେ ଆଜି ପର୍ଯ୍ୟନ୍ତ କେବଳ ୩ଟି ଦଳ ବିଶ୍ୱକପ୍ ଜିତିପାରିଛନ୍ତି ।

### ଚାମ୍ପିଅନ ଦଳକୁ ୩୯.୭୩ କୋଟି

ଏଥର ମହିଳା ବିଶ୍ୱକପ୍ ଲାଗି ଆଇସିସି ରେକର୍ଡ ପୁରସ୍କାର ରାଶି ଘୋଷଣା କରିଛି । ବିଶ୍ୱକପ୍‌ରେ ଏଥର ମୋଟ୍ ୧୩.୮୮ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ୧୨୩ କୋଟି ୧୨ ଲକ୍ଷ ଟଙ୍କା) ପୁରସ୍କାର ରାଶି ପ୍ରଦାନ କରାଯିବ । ୨୦୨୨ରେ ଅନୁଷ୍ଠିତ ଶେଷ ସଂସ୍କରଣ ତୁଳନାରେ ଏଥର ପୁରସ୍କାର ରାଶିରେ ୪ଗୁଣା ବୃଦ୍ଧି ଘଟିଛି । ଗତ ସଂସ୍କରଣରେ ମୋଟ୍ ୩.୫ ମିଲିୟନ ଡଲାର ଅର୍ଥରାଶି ପ୍ରଦାନ କରାଯାଇଥିଲା । ଚଳିତ ସଂସ୍କରଣରେ ଚାମ୍ପିଅନ ଦଳ ୪.୪୮ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୩୯.୭୩ କୋଟି) ପୁରସ୍କାର ପାଇବ । ଯାହାକି ୨୦୨୩ ପୁରୁଷ ବିଶ୍ୱକପ୍ ଚାମ୍ପିଅନ ରାଶି ତୁଳନାରେ ଅଧିକ । ୨୦୨୩ରେ ବିଶ୍ୱକପ୍ ଜିତିଥିବା ଅଷ୍ଟ୍ରେଲିଆ ଦଳ ୪ ମିଲିୟନ ଡଲାର ଅର୍ଥରାଶି ପାଇଥିଲା ।

### ହରମନପ୍ରୀତ୍‌ଙ୍କ ପଞ୍ଚମ ବିଶ୍ୱକପ୍

ଘରୋଇ ଭାରତୀୟ ଦଳ ହରମନପ୍ରୀତ୍ କୌରଙ୍କ ନେତୃତ୍ୱରେ ଏଥର ବିଶ୍ୱକପ୍ ଖେଳିବ । ଘୋଷିତ ୧୫ ଜଣିଆ ଦଳରେ ସ୍ମୃତି ମନ୍ଧାନାଙ୍କୁ ଉପ-ଅଧିନାୟିକା ଦାୟିତ୍ୱ ପ୍ରଦାନ କରାଯାଇଛି । ସେହିଭଳି ଦଳରେ ଉମା ଛେତ୍ରୀ ଓ ରିଚା ଘୋଷ ୱିକେଟ୍‌କିପର ଭାବେ ସ୍ଥାନ ପାଇଛନ୍ତି । ବ୍ୟାଟିଂ ଲାଇନଅପ୍‌ରେ ହରମନପ୍ରୀତ୍ ଓ ମନ୍ଧାନାଙ୍କ ସହ ପ୍ରତୀକା ରାୱଲ, ହର୍ଲିନ ଦେଓଲ, ଜେମିମା ରୋଡ୍ରିଗ୍ସେଜ ରହିଛନ୍ତି । ଦୀପ୍ତି ଶର୍ମା, ସ୍ନେହ ରାଣା ଓ ରାଧା ଯାଦବ ସ୍ପିନ ଭାର ସମ୍ଭାଳିବେ । ସେହିଭଳି ରେଣୁକା ସିଂ ଠାକୁର, ଅରୁନ୍ଧତୀ ରେଡ୍ଡୀ, ଅମନଜୋତ୍ କୌର ଓ ଶ୍ରୀ ଚରଣି ଦ୍ରୁତ ବୋଲର ଭାବେ ସ୍ଥାନ ପାଇଛନ୍ତି । ଭାରତୀୟ ଦଳର ଅଧିନାୟକ ହରମନପ୍ରୀତ୍‌ଙ୍କ ଏହା ୫ମ ଦିନିକିଆ ବିଶ୍ୱକପ୍ ।

**ଭାରତୀୟ ଦଳର କାର୍ଯ୍ୟସୂଚୀ**

୩୦ ।୯: ଭାରତ-ଶ୍ରୀଲଙ୍କା, ଗୌହାଟୀ
୫ ।୧୦: ଭାରତ-ପାକିସ୍ତାନ, କଲମ୍ବୋ
୯ ।୧୦: ଭାରତ-ଦକ୍ଷିଣ ଆଫ୍ରିକା, ବିଶାଖାପାଟଣା
୧୨ ।୧୦: ଭାରତ-ଅଷ୍ଟ୍ରେଲିଆ, ବିଶାଖାପାଟଣା
୧୯ ।୧୦: ଭାରତ-ଇଂଲଣ୍ଡ, ଇନ୍ଦୋର
୨୩ ।୧୦: ଭାରତ-ନ୍ୟୁଜିଲାଣ୍ଡ, ନଭି ମୁମ୍ବାଇ
୨୬ ।୧୦: ଭାରତ-ବାଂଲାଦେଶ, ନଭି ମୁମ୍ବାଇ

ବି.ଦ୍ର.: ଭାରତ ଏହାର ସମସ୍ତ ମ୍ୟାଚ୍ ଅପରାହ୍ଣ ୩ଟାରେ ଖେଳିବ ।
ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ

■ କଳିଙ୍ଗରେ ଏସୀୟ ଟିମ୍ ଟିଟି ଚାମ୍ପିଅନସିପ୍

## ଶରତ କମଲ ବ୍ରାଣ୍ଡ ଆମ୍ବାସାଡର

ଭୁବନେଶ୍ୱର,୨୯।୯ (ସମିସ): ଭାରତର କିମ୍ବଦନ୍ତୀ ଟେନିସ ଖେଳାଳି ଏସ୍ ଶରତ କମଲଙ୍କୁ କଳିଙ୍ଗ ଷ୍ଟାଡିୟମ୍‌ରେ ଅକ୍ଟୋବର ୧୧ରୁ ୧୫ ଯାଏ ଖେଳାଯିବାକୁ ଥିବା ଏସୀୟ ଟିଟି ଚାମ୍ପିଅନସିପ୍ ଲାଗି ବ୍ରାଣ୍ଡ ଆମ୍ବାସାଡର ଭାବେ ନିଯୁକ୍ତି ମିଳିଛି । ଏହି ଟୁର୍ଣ୍ଣାମେଣ୍ଟରେ ଏସିଆର ୨୨ଟି ଦେଶ ଅଂଶଗ୍ରହଣ କରୁଛନ୍ତି ଓ ଏଥିରୁ ଲଣ୍ଡନରେ ହେବାକୁ ଥିବା ୨୦୨୬ ୱାର୍ଲ୍ଡ ଟିମ୍ ଟେନିସ ଚାମ୍ପିଅନସିପ୍ ଲାଗି ଯୋଗ୍ୟତା ଅର୍ଜନ କରିବେ । ପ୍ରଥମଥର ଓଡ଼ିଶାରେ ଏହି ପ୍ରତିଯୋଗିତା ଆୟୋଜିତ ହେଉଥିବାରୁ ଏବଂ ଶରତ କମଲ ଏଥିରେ ଆମ୍ବାସାଡର ହୋଇଥିବାରୁ ଏହା ଖେଳାଳିଙ୍କ ଲାଗି ପ୍ରେରଣା ଯୋଗାଇବ । ଅକ୍ଟୋବର ୯ରେ ଶରତ କମଲ ଓଡ଼ିଶାରେ ପହଞ୍ଚିବେ ।



## ସୁଟିଂ ବିଶ୍ୱକପ୍:ଭାରତର କ୍ଲିନସୁଇପ୍

ନୂଆଦିଲ୍ଲୀ, ୨୯ ।୯ (ଏଜେନ୍ସି): ସ୍ଥାନୀୟ ଡ. କର୍ଣ୍ଣି ସିଂ ରେଞ୍ଜରେ ଚାଲିଥିବା ଜୁନିଅର ସୁଟିଂ ବିଶ୍ୱକପ୍‌ରେ ସୋମବାର ଅନୁଷ୍ଠିତ ମହିଳା ୧୦ ମିଟର ଏୟାର ରାଇଫଲ୍ ଇଭେଣ୍ଟରେ ଭାରତ ପଦକ କ୍ଲିନସୁଇପ୍ କରିନେଇଛି । ଏହି ଇଭେଣ୍ଟରେ ଭାରତର ୩ ସୁଟର୍ ଓଜସ୍ୱୀ ଠାକୁର, ହୃଦ୍ୟା ଶ୍ରୀ ଓ ସମ୍ଭାବୀ କ୍ଷୀରସାଗର ଯଥାକ୍ରମେ ପୋଡିୟମର ପ୍ରଥମ ୩ଟି ସ୍ଥାନରେ ରହି ସ୍ୱର୍ଣ୍ଣ, ରୌପ୍ୟ ଓ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି । ହୃଦ୍ୟା ଶ୍ରୀ'ଙ୍କଠାରୁ ମାତ୍ର ୨.୫ ପଏଣ୍ଟ ଅଧିକ ସ୍କୋର କରି ୧୬ ବର୍ଷୀୟା ଓଜସ୍ୱୀ ସ୍ୱର୍ଣ୍ଣପଦକ ବାଜିମାତ୍ କରିନେଇଥିଲେ । ଅପରପକ୍ଷରେ ୨୫ ମିଟର ଏୟାର ପିସ୍ତଲ ଇଭେଣ୍ଟରେ ଭାରତର ମୁକେଶ ନେଲାଭାଲ୍ଲି ରୌପ୍ୟ ପଦକ ସଫଳତା ପାଇଛନ୍ତି । ଏଥିସହ ବିଶ୍ୱକପ୍‌ର ୪ର୍ଥ ଦିବସ ଶେଷ ସୁଦ୍ଧା ଭାରତ ୬ ସ୍ୱର୍ଣ୍ଣ, ୮ ରୌପ୍ୟ ଓ ୬ କାଂସ୍ୟ ସହ ମୋଟ୍ ୨୦ ପଦକ ଜିତି ଟେବଲ୍‌ର ଶୀର୍ଷରେ ରହିଛି ।

## ଭାରତ ସିରିଜ୍‌ରୁ ଯୋଶେଫ୍ ଆଉଟ୍

ନୂଆଦିଲ୍ଲୀ,୨୯।୯ (ଏଜେନ୍ସି): ଭାରତ ଗସ୍ତରେ ଆସିବାକୁ ମନୋନୀତ ହୋଇଥିବା ୱେଷ୍ଟଇଣ୍ଡିଜ୍‌ର ଫାଷ୍ଟ ବୋଲର ଆଲଜରି ଯୋଶେଫ ଆହତ ହୋଇ ଦଳରୁ ବାଦ୍ ପଡ଼ିଛନ୍ତି । ତାଙ୍କ ପିଠିରେ ଆଘାତ ଲାଗିଥିବା କଥା ୱେଷ୍ଟଇଣ୍ଡିଜ୍ କ୍ରିକେଟ ବୋର୍ଡ ପକ୍ଷରୁ ଘୋଷଣା କରାଯାଇଛି । ତାଙ୍କ ସ୍ଥାନରେ ଜେଡିଆ ବ୍ଲେଡ୍‌ସଙ୍କୁ ସାମିଲ କରାଯାଇଛି । ଭାରତ ଓ ୱେଷ୍ଟଇଣ୍ଡିଜ୍ ମଧ୍ୟରେ ପ୍ରଥମ ଟେଷ୍ଟ ମ୍ୟାଚ୍ ଅହମ୍ମଦାବାଦ୍‌ରେ ଅକ୍ଟୋବର ୨ରୁ ଆରମ୍ଭ ହେବ ।

# ଟ୍ରଫି ନେଇ ପଳାଇଲେ ପିସିବି ଅଧ୍ୟକ୍ଷ ମୋହସିନ

ଏସିଆ କପ୍ କ୍ରିକେଟ



ବିନା ଟ୍ରଫିରେ ସେଲିବ୍ରେସନ କରୁଛନ୍ତି ଭାରତୀୟ ଖେଳାଳି

ଦୁବାଇ,୨୯।୯ (ଏଜେନ୍ସି): ଏଠାରେ ରବିବାର ଅନୁଷ୍ଠିତ ଏସିଆ କପ୍ ଟି-୨୦ ଫାଇନାଲରେ ନାଟକ, ରୋମାଞ୍ଚ, ବିବାଦ ଓ ଅସହିଷ୍ଣୁତାର ଝଲକ ଦେଖିବାକୁ ମିଳିଛି । ଭାରତ ଓ ପାକିସ୍ତାନ ପରସ୍ପର ସହ ଭଲ ସମ୍ପର୍କ ନ ଥିବାରୁ କରମର୍ଦ୍ଦନ ନ କରିବାକୁ ନେଇ ଆରମ୍ଭ ହୋଇଥିବା ବିବାଦ ଶେଷରେ ଭାରତୀୟ ଦଳକୁ ଟ୍ରଫି ହାତେଇବାରେ ଅସମର୍ଥ ହୋଇଛି । ଏଠାରେ ଅନୁଷ୍ଠିତ ରୋମାଞ୍ଚକ ଫାଇନାଲରେ ପାକିସ୍ତାନକୁ ୫ ୱିକେଟରେ ହରାଇ ଭାରତ ୯ମଥର ଏସିଆ କପ୍ ଚାମ୍ପିଅନ ହୋଇଥିଲା । ପଡ଼ିଆ ବାହାର ଓ ଭିତରର ବିବାଦକୁ ନେଇ ବେଶ ଖରାପ ସ୍ଥିତି ସୃଷ୍ଟି କରିଛି । ଏଭଳି ସ୍ଥିତିରେ କ୍ରିକେଟ ଯେ ତାହାର ସ୍ଥିତି ହରାଇଛି ଏହା ନିଃସନ୍ଦେହରେ କୁହାଯାଇପାରେ ।

ରୋମାଞ୍ଚରେ ଭରା ଫାଇନାଲରେ ଭାରତ ଚାମ୍ପିଅନ ହେବା ପରେ ପୁରସ୍କାର ବିତରଣ ଉତ୍ସବ ଆୟୋଜିତ ହେବାର କଥା । ଏହି ଉତ୍ସବରେ ଅତିଥିଭାବେ ଥିବା ପାକିସ୍ତାନର ଗୃହମନ୍ତ୍ରୀ, ଯିଏକି ଏସୀୟ କ୍ରିକେଟ ବୋର୍ଡର ସଦସ୍ୟ ଅଛନ୍ତି ଷ୍ଟେଜ୍‌କୁ ଆଗୁଆ ଆସିଥିଲେ । କିନ୍ତୁ ପାକିସ୍ତାନୀ ଖେଳାଳିମାନେ ବିଳମ୍ବରେ ଆସିଲେ । ମୋହସିନ ନକ୍‌ଭୀ ଟ୍ରଫି ପ୍ରଦାନ କରିବେ ବୋଲି କାର୍ଯ୍ୟକ୍ରମରେ ରହିଥିଲା । ଏ କଥା ଭାରତୀୟ ଖେଳାଳିମାନେ ଜାଣିବା ପରେ ତାଙ୍କ ହାତରୁ ଟ୍ରଫି ଗ୍ରହଣ କରିବେ ନାହିଁ ବୋଲି ସ୍ପଷ୍ଟ ମନା କରିଦେଇଥିଲେ । କିଛି ସମୟ ପଡ଼ିଆରେ ଅପେକ୍ଷା କରିବା ପରେ ୟୁଏଇ କ୍ରିକେଟ ବୋର୍ଡର ଉପାଧ୍ୟକ୍ଷ ଟ୍ରଫି ପ୍ରଦାନ କରିବେ ବୋଲି ସ୍ଥିର ହୋଇଥିଲା । କିନ୍ତୁ ଟ୍ରଫି ପ୍ରଦାନ କରିବାକୁ ଜିଦ୍ କରୁଥିବା ମୋହସିନ ନକ୍‌ଭୀ ଏହାକୁ ଅସ୍ୱୀକାର କରିବା ସହ ଟ୍ରଫି ଓ ଭାରତୀୟ ଖେଳାଳିଙ୍କୁ ଦିଆଯିବାକୁ ଥିବା ପଦକ ନେଇ ହୋଟେଲ ପଳାଇଥିଲେ । ଫଳରେ ଚାମ୍ପିଅନ ହୋଇଥିବା ଭାରତୀୟ ଦଳକୁ ଆଉ ଟ୍ରଫି ମିଳି ପାରି ନ ଥିଲା । ଏହା ପୂର୍ବରୁ ପାକିସ୍ତାନ ଖେଳାଳିମାନେ ରର୍ନ ଅପ୍ ପୁରସ୍କାର ଗ୍ରହଣ କରିଥିଲେ । କିନ୍ତୁ ଘଟଣାକ୍ରମରେ ପାକିସ୍ତାନୀ ଅଧିନାୟକ ଏତେ କ୍ଷୁବ୍ଧ ହୋଇଥିଲେ ଯେ ପୁରସ୍କାର ରାଶି ଦିଆଯାଇଥିବା ଚେକ୍‌କୁ ପଡ଼ିଆରେ ଫିଙ୍ଗି ଚାଲିଯାଇଥିଲେ । ଏଭଳି ଘଟଣା ଏସିଆ କପ୍ ଫାଇନାଲର ରୋମାଞ୍ଚକୁ କମାଇ ଦେଇଥିଲା ।

ଟ୍ରଫି ଦିଆ ନ ଯିବାକୁ ଘଟଣାକୁ ଭାରତୀୟ କ୍ରିକେଟ ବୋର୍ଡ, ଖେଳାଳି ଓ ସମର୍ଥକ ଦୃଢ଼ ବିରୋଧ କରିଛନ୍ତି । ଟ୍ରଫି ଦିଆଯାଇ ନ ଥିବାରୁ ଏହା ବିରୋଧରେ ଆଇସିସି ନିକଟରେ ଅଭିଯୋଗ କରିବ ବୋଲି ବିସିସିଆଇର ସମ୍ପାଦକ ଦେବଜିତ ସାଇକିଆ କହିଛନ୍ତି । ସେହିପରି ଲୋକଙ୍କ ହୃଦୟ ଓ ସମର୍ଥକଙ୍କ ଭରସା ଜିତିବା ଆମର ଅସଲ ଟ୍ରଫି ବୋଲି ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବ କହିଛନ୍ତି । ସମର୍ଥକ ମାନେ ପିସିବି ସଭାପତି ମୋହସିନ ନକ୍‌ଭୀଙ୍କୁ ତୀବ୍ର ସମାଲୋଚନା କରିଛନ୍ତି । ସେ ଯାହା ହେଉ କ୍ରିକେଟ ପଡ଼ିଆ ବାହାରର ଘଟଣାବଳୀକୁ ନେଇ ଏଭଳି ବିବାଦ ପୂର୍ବରୁ କେବେ ସୃଷ୍ଟି ହୋଇ ନ ଥିଲା । ଭଦ୍ରଲୋକଙ୍କ ଖେଳ ଭାବେ ବିବେଚିତ ଏହି ଘଟଣାକୁ ନେଇ କଳଙ୍କିତ ହୋଇଯାଇଛି ।

# ଆନ୍ତର୍ଜାତିକ କ୍ରିକେଟ୍‌ରୁ ୱକ୍ସଙ୍କ ଅବସର



ଲଣ୍ଡନ, ୨୯ ।୯ (ଏଜେନ୍ସି): ଅନ୍ତର୍ଜାତୀୟ କ୍ରିକେଟରୁ ଇଂଲଣ୍ଡର ବରିଷ୍ଠ ପେସ୍ ବୋଲିଂ ଅଲ୍‌ରାଉଣ୍ଡର କ୍ରିସ୍ ୱକ୍ସ ଆନ୍ତର୍ଜାତିକ କ୍ରିକେଟ୍‌ରୁ ଅବସର ନେଇଛନ୍ତି । ଏହା ଫଳରେ ତାଙ୍କ ୧୪ ବର୍ଷର ସଫଳ ଆନ୍ତର୍ଜାତିକ କ୍ରିକେଟ୍ ଜୀବନର ଅନ୍ତଃ ଘଟିଛି । ଗତ ସପ୍ତାହରେ ଆସେସ୍ ଶୃଙ୍ଖଳା ପାଇଁ ଇଂଲଣ୍ଡ ଦଳ ଘୋଷଣା କରା ଯାଇଥିବା ବେଳେ ସମ୍ପୂର୍ଣ୍ଣ ସୁସ୍ଥ ନ ଥିବାରୁ ୱକ୍ସଙ୍କୁ ଏଥିରେ ସ୍ଥାନ ମିଳିନଥିଲା । ତେଣୁ ନିରାଶ ହୋଇ ୩୬ ବର୍ଷ ବୟସ୍କ ୱକ୍ସ ଅବସର ନେଇଛନ୍ତି ବୋଲି ଅନୁମାନ କରାଯାଉଛି । ଭାରତ ବିପକ୍ଷ ୫ମ ଟେଷ୍ଟମ୍ୟାଚ୍‌ରେ ଫିଲ୍‌ଡିଂ ବେଳେ ୱକ୍ସଙ୍କ କାନ୍ଧ ହାଡ଼ ଖସି ଯାଇଥିଲା । ତାଙ୍କ ବାମ ହାତ ବନ୍ଧା ଯାଇଥିବା ବେଳେ ଗୋଟିଏ ହାତରେ ବ୍ୟାଟିଂ କରିବାକୁ ଆସିଥିଲେ । ଏହା ୱକ୍ସଙ୍କ ଅନ୍ତିମ ଆନ୍ତର୍ଜାତିକ ପଦାର୍ପଣ ଥିଲା । କ୍ରିସ୍ ୱକ୍ସ ୨ଟି ବିଶ୍ୱକପ୍ ଜିତିଥିବା ଇଂଲଣ୍ଡ ଦଳର ସଦସ୍ୟ ଥିଲେ । ୨୦୧୧ରେ ଦିନିକିଆ ଓ ଟ୍ୱେଣ୍ଟି୨୦ ପଦାର୍ପଣ କରିଥିବା ୱକ୍ସ ୨୦୧୩ ଆସେସ୍ ଗସ୍ତରେ ଓଭାଲ୍‌ରେ ଟେଷ୍ଟ ପଦାର୍ପଣ କରିଥିଲେ । ଏହା ପରଠାରୁ ସେ ୬୨ଟି ଟେଷ୍ଟମ୍ୟାଚ୍ ଖେଳି ୧୯୨ଟି ୱିକେଟ୍ ଏବଂ ଗୋଟିଏ ଶତକ ଓ ୭ଟି ଅର୍ଦ୍ଧଶତକ ସହ ୨୦୩୪ ରନ୍ କରିଛନ୍ତି । ବଲ୍‌କୁ ସ୍ୱିଙ୍ଗ୍ କରିବାରେ ସିଦ୍ଧହସ୍ତ କ୍ରିସ୍ ୱକ୍ସ ୧୨୨ଟି ଟେଷ୍ଟରୁ ୧୭୩ଟି ୱିକେଟ୍ ନେଇଛନ୍ତି । ଏହାସହ ସେ ୫ଟି ଅର୍ଦ୍ଧଶତକ ସହ ୧୫୨୬ ରନ୍ କରିଛନ୍ତି । ୩ଟି ଟ୍ୱେଣ୍ଟି୨୦ ମ୍ୟାଚ୍‌ରୁ ୱକ୍ସ ୩୧ଟି ୱିକେଟ୍ ନେଇଛନ୍ତି । ମୋଟ୍‌ଉପରେ ଇଂଲଣ୍ଡ ପାଇଁ ୱକ୍ସ ୩୯୬ଟି ଆନ୍ତର୍ଜାତିକ ୱିକେଟ୍ ନେଇଛନ୍ତି । ୨୦୧୬ରେ ଶ୍ରୀଲଙ୍କା ଓ ପାକିସ୍ତାନ ବିପକ୍ଷରେ ୬ଟି ଟେଷ୍ଟରୁ ମୋଟ ୩୪ଟି ୱିକେଟ୍ ନେଇଥିଲେ । ୨ ବର୍ଷ ପରେ ଭାରତ ବିପକ୍ଷ ଟେଷ୍ଟମ୍ୟାଚ୍‌ରେ ସେ ଏକମାତ୍ର ଶତକ ହାସଲ କରିଥିଲେ । ଜେମ୍‌ସ ଆଣ୍ଡରସନ୍ ଓ ଷ୍ଟୁଆର୍ଟ ବ୍ରଡ୍‌ଙ୍କ ଅବସର ପରେ ୱକ୍ସ ଇଂଲଣ୍ଡର ପେସ୍ ଆକ୍ରମଣର ନେତୃତ୍ୱ ନେଇଥିଲେ । ୨୦୨୩ ଆସେସ୍ ଗସ୍ତରେ ଇଂଲଣ୍ଡ ୦-୨ରେ ପଛୁଆ ଥିବା ବେଳେ ଅଧାରୁ ୱକ୍ସ ଦଳରେ ଯୋଗଦେଇ ଶୃଙ୍ଖଳା ଡ୍ର ରଖିବାରେ ଇଂଲଣ୍ଡକୁ ସହାୟତା କରିଥିଲେ ।

ଚାମ୍ପିଅନସିପ୍ ସିରିଜ୍-୩ ଟେନିସ

## ସୁତବ୍ୟ କର୍ମକାର ଚାମ୍ପିଅନ



ଭୁବନେଶ୍ୱର,୨୯।୯ (ସମିସ): ଓଡ଼ିଶାର ସୁତବ୍ୟ କର୍ମକାର ଏଆଇଟିଏ-ଓଟିଏ ୧୮ ବର୍ଷରୁ କମ୍ ଚାମ୍ପିଅନସିପ୍ ସିରିଜ୍ ଟେନିସ ଟୁର୍ଣ୍ଣାମେଣ୍ଟରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି । ମିସନ ଅଲିମ୍ପିକ୍ସ ସ୍ପୋର୍ଟ୍ସ ଫାଉଣ୍ଡେସନ ଆନୁକୂଲ୍ୟରେ ମେଣ୍ଢାଶାଳସ୍ଥିତ ଗୁରୁକୂଳ ଟେନିସ ଏକାଡେମୀ ପରିସରରେ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହୋଇଥିଲା । ଏହି ପ୍ରତିଯୋଗିତାର ଫାଇନାଲ ମୁକାବିଲାରେ ସୁତବ୍ୟ ୨-୦ ସେଟ୍‌ରେ ଝାଡଖଣ୍ଡର ସଫଲ ଆଗମନଙ୍କୁ ପରାସ୍ତ କରିଥିଲେ । ଏହା ସହ ଗୁରୁକୂଳ ଏକାଡେମୀରେ ଆଉଏକ ଟେନିସ ଟୁର୍ଣ୍ଣାମେଣ୍ଟ ସଫଳତାର ସହ ଆୟୋଜିତ ହୋଇଯାଇଛି ।

## ରାଜମାତା ଜିଜାବାଈ ଟ୍ରଫି

# ପ୍ୟାରୀଙ୍କୁ ରାଜ୍ୟ ମହିଳା ଫୁଟବଲ୍ ଦଳର ନେତୃତ୍ୱ



କଟକ,୨୯।୯ (ସମିସ): ଛତିଶଗଡର ନାରାୟଣପୁରରେ ଅକ୍ଟୋବର ପହିଲାରୁ ୩୦ତମ ବରିଷ୍ଠ ମହିଳା ଜାତୀୟ ଫୁଟବଲ ଚାମ୍ପିଅନସିପ୍ ରାଜମାତା ଜିଜାବାଈ ଟ୍ରଫି ଆରମ୍ଭ ହେବ । ଏଥି ନିମନ୍ତେ ଆଜି ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ପକ୍ଷରୁ ରାଜ୍ୟ ଦଳ ଘୋଷଣା କରାଯାଇଛି । ପ୍ୟାରୀ ଖାଖାଙ୍କ ନେତୃତ୍ୱରେ ଘୋଷିତ ରାଜ୍ୟ ଦଳରେ ସସ୍ମିତା ପରିଡା, ସୁସ୍ମିତା ପୁନ୍, ସାକ୍ରୋ ହେମ୍ବ୍ରମ, ଅମ୍ଲୃତା ନାୟକ, ଜୁଲି କିଶାନ, ଶିବାନୀ ମୁଣ୍ଡାରୀ, ପ୍ରତିମା ବଙ୍ଗଲ, ପ୍ରଜ୍ଞା କିଶାନ, ସୁଲେଖା କହଁର, ଶୀଲା ସିଂହ, ଇସ୍ପିତା ରାଉତ, ମୁନିକା ମିଞ୍ଜ, ଜାହ୍ନବୀ କିଶାନ, ସୁମିତ୍ରା ହେମ୍ବ୍ରମ, ନିବେଦିତା ନାୟକ, ମନୀଷା ନାୟକ, ମାଳତୀ ମୁଣ୍ଡା, ସତ୍ୟବତି ଖାଡିଆ, ଯଶୋଦା ମୁଣ୍ଡା ସ୍ଥାନ ପାଇଛନ୍ତି । ଗୀତାଞ୍ଜଳୀ ଖୁଣ୍ଟିଆ ମୁଖ୍ୟକୋଚ୍, ଗାୟତ୍ରୀ ମଲ୍ଲିକ ସହକାରୀ କୋଚ୍, ସରିତା ଜୟନ୍ତୀ ବେହେରା-ସହକାରୀ କୋଚ୍/ମ୍ୟାନେଜର, ରଞ୍ଜିତା ମହାନ୍ତି-ୱିକେଟ କିପର କୋଚ୍, ଲୋପାମୁଦ୍ରା ମହାରାଜ ଫିଜିଓ ଭାବେ ଦଳରେ ରହିଛନ୍ତି । ଗ୍ରୁପ-ଏରେ ସ୍ଥାନ ପାଇଥିବା ଆରକେଏମ୍ ଆଶ୍ରମ ଗ୍ରାଉଣ୍ଡରେ ଓଡ଼ିଶା ୩ ତାରିଖରେ ପଶ୍ଚିମବଙ୍ଗ ବିପକ୍ଷରେ ପ୍ରଥମ ମ୍ୟାଚ୍ ଖେଳିବ ।

ଜାତୀୟ ଓପନ୍ ଆଥଲେଟିକ୍ ଚାମ୍ପିଅନସିପ୍

# ଓଡ଼ିଶାକୁ ୧ ରୌପ୍ୟ, ୨ କାଂସ୍ୟ

କଟକ,୨୯।୯ (ସମିସ)



ଝାଡଖଣ୍ଡର ରାଞ୍ଚିରେ ୬୪ତମ ଓପନ୍ ଆଥଲେଟିକ ଚାମ୍ପିଅନସିପ୍ ଖେଳାଯାଉଛି । ପ୍ରତିଯୋଗିତାର ୩ୟ ଦିବସରେ ଓଡ଼ିଶା ତିନୋଟି ପଦକ ହାତେଇଛି । ପୁରୁଷ ୪ ଗୁଣା ୧୦୦ ମିଟର ରିଲେରେ ଓଡ଼ିଆ ଦଳ କାଂସ୍ୟ ଜିତିଥିଲା । ଡିଏମ ଜୟରାମ, ସରୁଣ ପାୟାସିଂହ, ଅବିନାଶ ସାହୁ ଓ ଅମୀୟ କୁମାର ମଲ୍ଲିକଙ୍କୁ ନେଇ ଗଠିତ ଓଡ଼ିଶା ରିଲେ ଦଳ ୩୯.୮୯ ସେକେଣ୍ଡରେ ହିଟ୍ ଶେଷ କରି ୩ୟ ସ୍ଥାନରେ ରହିଥିଲା । ଏହି ଇଭେଣ୍ଟରେ ଭାରତୀୟ ରେଳବାଇ ଦଳ (୩୯.୪୪) ଏବଂ ସର୍ଭିସେସ୍ (୩୯.୮୧ ସେକେଣ୍ଡ) ଯଥାକ୍ରମେ ସ୍ୱର୍ଣ୍ଣ ଏବଂ ରୌପ୍ୟ ବିଜୟୀ ହୋଇଛନ୍ତି । ହାଇଜମ୍ପରେ ଓଡ଼ିଶା ନିମନ୍ତେ ଦ୍ୱିତୀୟ କାଂସ୍ୟ ପଦକ ଜିତିଛନ୍ତି ସ୍ୱାଧୀନ କୁମାର ମାଝୀ । ଫାଇନାଲ ଇଭେଣ୍ଟରେ ୨.୧୪ ମିଟର ଉଚ୍ଚତା ଲମ୍ଫ ମାରି ୩ୟ ସ୍ଥାନରେ ରହି ସ୍ୱାଧୀନ କାଂସ୍ୟ ଜିତିଥିଲେ । ହାଇଜମ୍ପରେ ରେଳବାଇର ଦୁଇ ପ୍ରତିଯୋଗୀ ରୋହିତ ଓ ରାମ ଯଥାକ୍ରମେ ସ୍ୱର୍ଣ୍ଣ ଏବଂ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି । ପୁରୁଷ ଲଙ୍ଗଜମ୍ପରେ ଓଡ଼ିଶା ରୌପ୍ୟ ପଦକ ଜିତିଛି । ଫାଇନାଲ ରାଉଣ୍ଡରେ ୭.୭୭ ମିଟର ଲମ୍ଫ ମାରି ଓଡ଼ିଶାର ସରୁଣ ପାୟାସିଂହ ରାଜ୍ୟ ନିମନ୍ତେ ଏହି ସଫଳତା ଆଣିଛନ୍ତି । ହରିୟାଣାର ମହମ୍ମଦ ସାଜିଦ୍ ୭.୭୮ ମିଟର ଡେଇଁ ସ୍ୱର୍ଣ୍ଣ ଜିତିଥିବା ବେଳେ ରେଳବାଇର ଭୂପେନ୍ଦ୍ର ସିଂହ ୭.୫୮ ମିଟର ଡେଇଁ କାଂସ୍ୟ ପଦକ ପଦକ ବିଜୟୀ ହୋଇଥିଲେ । ଓଡ଼ିଶା ଆଥଲେଟିକ ସଂଘ ସମ୍ପାଦକ ଅଭିଜିତ ପାଲ, ସଭାପତି ଜିଏସ୍ ପଟ୍ଟନାୟକ, ଅଧ୍ୟକ୍ଷ ଆଶୀର୍ବାଦ ବେହେରା ପଦକ ବିଜୟୀ ପ୍ରତିଯୋଗୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ପ୍ରକାଶଯୋଗ୍ୟ, ୨୭ ତାରିଖରୁ ଆରମ୍ଭ ହୋଇଥିବା ଏହି ଚାମ୍ପିଅନସିପ୍ ମଙ୍ଗଳବାର ଉଦ୍‌ଯାପିତ ହେବ । ଓଡ଼ିଶାର ୧୩ଜଣ ପ୍ରତିଯୋଗୀ ଏଥିରେ ଭାଗ ନେଇଛନ୍ତି ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS